


ଆଜିର 'ସକାଳ' ସହ 'ସିନ୍ଦୂରା' ପଢ଼ନ୍ତୁ

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-47 ◆SUNDAY ◆10 AUGUST 2025 ◆PAGE-12 ◆₹ 6.00 | SAMBALPUR | ◆ବର୍ଷ-୪୩ ◆ସଂଖ୍ୟା-୪୭ ◆ରବିବାର ◆୧୦ ଅଗଷ୍ଟ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦ (ସିନ୍ଦୂରା ସହ)


## ଏକାସଙ୍ଗେ ଯା'ଆସ ଟିକଟ ବୁକିଂରେ ୨୦% ରିଆତି

■ **ନୂଆଦିଲ୍ଲୀ, ୯।୮ (ଏଜେନ୍ସି):** ଦୀପାବଳି ଏବଂ ଅନ୍ୟ ପାର୍ବଣ ଋତୁକୁ ଧ୍ୟାନରେ ରଖି ଭାରତୀୟ ରେଳବାଇ ଏକ ନୂଆ ଯୋଜନା ଆରମ୍ଭ କରିଛି। ଏକାସଙ୍ଗେ ଯିବା ଏବଂ ଆସିବା ଟିକଟ ବୁକିଂ କଲେ ୨୦ ପ୍ରତିଶତ ରିଆତି ମିଳିବ ବୋଲି ଘୋଷଣା କରାଯାଇଛି। ତେବେ ଏହି ରିଆତି କେବଳ ରିଟର୍ଣ୍ଣ ଟିକଟ ଉପରେ ଦିଆଯିବ। ଘରକୁ ଯାଇ ପୁଣି ଟ୍ରେନରେ ଫେରିବାକୁ ଚାହୁଁଥିବା ଲୋକେ ଏହି ଯୋଜନାରେ ବେଶ ଉପକୃତ ହେବେ। ପାର୍ବଣ ଋତୁରେ ଟିକଟ ପାଇଁ ଭିଡ଼ ଏବଂ ଲୋକଙ୍କ ସମସ୍ୟାକୁ ଦେଖି ପରୀକ୍ଷାମୂଳକ ଭାବେ ଏହି ନିଷ୍ପତ୍ତି ନିଆଯାଇଛି।




**ରେଳବାଇର ନୂଆ ଯୋଜନା**

ଯଦି କେହି ଅହମଦାବାଦ ଏକ୍ସପ୍ରେସରେ ପାଟନା ଯାଆନ୍ତି ଏବଂ ଏହି ଯୋଜନାର ଲାଭ ଉଠାଇବାକୁ ଚାହାନ୍ତି ତେବେ ସେଠାରୁ ଫେରୁଥିବା ଏହି ଟ୍ରେନରେ ଟିକଟ କାଟିବାକୁ ହେବ। ସେହିପରି ଟିକଟରେ ଦିଆଯାଇଥିବା ସବୁ ସୂଚନା ମଧ୍ୟ ସମାନ ହେବା ଉଚିତ। ଅର୍ଥାତ୍ କେଉଁଠାରୁ କେଉଁଠିକୁ ଯିବେ, ଯାତ୍ରୀଙ୍କ ନାମ, ବୟସ ଏବଂ କେଉଁ ଶ୍ରେଣୀ ଆଦି ଟିକଟରେ ସମାନ ହେବା ଉଚିତ। ରେଳବାଇ ପକ୍ଷରୁ ଦିଆଯାଇଥିବା ସୂଚନା ଅନୁଯାୟୀ ଅକ୍ଟୋବର ୧୩ରୁ ଅକ୍ଟୋବର ୨୬ ପର୍ଯ୍ୟନ୍ତ କରାଯାଉଥିବା ଟିକଟ ଏବଂ ଫେରିବା ପାଇଁ ନଭେମ୍ବର ୧୭ରୁ ଡିସେମ୍ବର ୧ ପର୍ଯ୍ୟନ୍ତ ଟିକଟ ବୁକିଂ କରିବାକୁ ହେବ। ଏଥିପାଇଁ ଅଗଷ୍ଟ ୧୪ରୁ ବୁକିଂ ଆରମ୍ଭ ହେବ।

## ପ୍ରଥମ ଥର କଶ୍ମୀରରେ ଗଡ଼ିଲା ମାଲବାହୀ ଟ୍ରେନ୍

■ **ନୂଆଦିଲ୍ଲୀ, ୯।୮ (ଏଜେନ୍ସି):** ଭାରତୀୟ ରେଳବାଇ ପୁଣି ଏକ ଉପଲବ୍ଧି ହାସଲ କରିଛି। ପ୍ରଥମ ଥର ପାଇଁ ଶନିବାର ଏକ ମାଲବାହୀ ଟ୍ରେନ କଶ୍ମୀର ଘାଟୀରେ ପହଞ୍ଚିଛି। ଏହା ସହିତ କଶ୍ମୀର ଘାଟୀରେ ଲଜିଷ୍ଟିକ ଏବଂ ଆର୍ଥିକ ବିକାଶର ନୂଆ ଅଧ୍ୟାୟ ଆରମ୍ଭ ହୋଇଯାଇଛି। ଏହି ମାଲବାହୀ ଟ୍ରେନ ପଞ୍ଜାବର ରୁପନଗରରୁ ସିମେଣ୍ଟ ନେଇ କଶ୍ମୀରର ଅନନ୍ତନାଗ ଗୁଡ୍ସ ସେଡ୍‌ରେ ପହଞ୍ଚିଛି। ଏହି ଐତିହାସିକ ପଦକ୍ଷେପ ଦ୍ୱାରା କଶ୍ମୀର କ୍ଷେତ୍ର ରାଷ୍ଟ୍ରୀୟ ମାଲ ପରିବହନ ନେଟୱର୍କ ସହ ସାମିଲ ହୋଇଛି। ରେଳମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ ଏହି ସୂଚନା ଦେଇଛନ୍ତି।



ସେ ଏହାର ଭିଡିଓକୁ ସାମାଜିକ ଗଣମାଧ୍ୟମରେ ସେୟାର କରିଛନ୍ତି। ଏହି ମୁହୂର୍ତ୍ତ ବହୁତ ଖାସ୍ ଥିଲା ବୋଲି କହିଛନ୍ତି। ଟ୍ରେନ୍‌ରେ ସାମଗ୍ରୀ ପଠାଇବା ଦ୍ୱାରା କଶ୍ମୀର ବାସିନ୍ଦାଙ୍କ ଖର୍ଚ୍ଚ କମ୍ ହେବ। ଏହାର ଲାଭ ଲୋକଙ୍କୁ ମିଳିବ। ରେଳ ନେଟୱର୍କ ଦ୍ୱାରା ପରିବହନ ଶସ୍ତା ହେବ।

୨୧ ବିସିଏନ ୱାଗନରେ ସିମେଣ୍ଟ ନେଇ ଯାଉଥିବା ଏହି ଟ୍ରେନ ୬୦୦ କିମି ଅତିକ୍ରମ କରିବା ପାଇଁ ୧୮ ଘଣ୍ଟା ସମୟ ନେଇଥିଲା। ଏହା ଅନନ୍ତନାଗରେ ପହଞ୍ଚି ଥିଲା। ଘାଟୀରେ ସଡ଼କ, ପୋଲ, ସାର୍ବଜନୀନ ଭିତ୍ତିଭୂମି ଏବଂ ଭବନ ନିର୍ମାଣ ଭଳି ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟରେ ଏହାକୁ ବ୍ୟବହାର କରାଯିବ। ଏହା ଦ୍ୱାରା ବିକାଶକୁ ଗତି ମିଳିବ। ଲୋକଙ୍କ ଜୀବନଧାରଣ ମାନ ଉନ୍ନତ ହେବ।

## ଦିଲ୍ଲୀରେ ବର୍ଷା ବିପ୍ୟାତ

# ଘର ଭୁଶୁଡ଼ି ୮ ମୃତ

### ୩୦୦ ବିମାନ ଉଡ଼ାଣ ବିଳମ୍ବିତ, ୧୦୦ ବାତିଲ

■ **ନୂଆଦିଲ୍ଲୀ, ୯।୮ (ଏଜେନ୍ସି):** ପ୍ରବଳ ବର୍ଷା ଯୋଗୁଁ ରାଜଧାନୀ ଦିଲ୍ଲୀ ଏବଂ ଏହାର ଆଖପାଖ ଅଞ୍ଚଳରେ ସ୍ଥିତି ବେହାଲ ହୋଇପଡ଼ିଛି। ଗତକାଲି ରାତିରୁ ଲଗାତାର ବର୍ଷା ଯୋଗୁଁ ଏକ ପାଚେରି ଘର ଉପରେ ଭୁଶୁଡ଼ି ପଡ଼ିବାରୁ ୮ ଜଣ ପ୍ରାଣ ହରାଇଛନ୍ତି। ଇନ୍ଦିରା ଗାନ୍ଧୀ ବିମାନ ବନ୍ଦରରେ ୩୦୦ରୁ ଅଧିକ ବିମାନ ଉଡ଼ାଣ ବିଳମ୍ବିତ ହୋଇଛି। ସେଥିମଧ୍ୟରୁ ୧୦୦ଟି ବିମାନ ସେବା ବାତିଲ ହୋଇଥିବା ଜଣାପଡ଼ିଛି। ବିଭିନ୍ନ ଅଞ୍ଚଳରେ ବର୍ଷା ପାଣି ଜମି ରହିଥିବାରୁ ସ୍ୱାଭାବିକ ଜୀବନଯାତ୍ରା ବ୍ୟାହତ ହୋଇଛି।

**ବିପଦ ସଙ୍କେତ ଛୁଇଁବ ଯମୁନା, ଦିଲ୍ଲୀକୁ ବିପଦ**

ଦିଲ୍ଲୀ-ଏନ୍‌ସିଆରରେ ଶୁକ୍ରବାର ରାତିରୁ ପ୍ରବଳ ବର୍ଷା ଜାରି ରହିଛି। ଦିଲ୍ଲୀର ଜୋତପୁର ଥାନା ଇଲାକାରେ ଆଜି ସକାଳେ ଏକ ପାଚେରି ଭୁଶୁଡ଼ି କୁଡ଼ିଆ ଘର ଉପରେ ପଡ଼ିଥିଲା। ଫଳରେ ଘର ଭିତରେ ଥିବା ୮ ଜଣଙ୍କ ମୃତ୍ୟୁ ହୋଇଥିଲା। ଏମାନଙ୍କ ମଧ୍ୟରେ ୪ଜଣ ପୁରୁଷ, ୨ଜଣ ମହିଳା ଓ ୨ ଜଣ ଛୋଟ ପିଲା ଥିବା ଜଣାପଡ଼ିଛି। ଏହାସହିତ ବିଭିନ୍ନ ▶ପୃଷ୍ଠା-୭



### ଆମେରିକାର ପୂର୍ବତନ ଏନ୍‌ଏସ୍‌ଏଙ୍କ ସମାଲୋଚନା

## ଦେଶକୁ ବର୍‌ବାଦ କରୁଛନ୍ତି ଟ୍ରମ୍ପ

■ **ୱାଶିଂଟନ, ୯।୮ (ଏଜେନ୍ସି):** ଜବାବୀ ଶୁଳ୍କ ଲଗାଇ ବିଶ୍ୱରେ ଅର୍ଥନୈତିକ ଭୂକମ୍ପ ସୃଷ୍ଟି କରିଥିବା ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ନିଜ ଦେଶରେ ଘୋର ବିରୋଧର ସମ୍ମୁଖୀନ ହୋଇଛନ୍ତି। ନାଗରିକଙ୍କଠାରୁ ପୂର୍ବତନ କୂଟନୈତିଜ୍ଞ ତଥା ବହୁ ବୁଦ୍ଧିଜୀବୀ ପର୍ଯ୍ୟନ୍ତ ଟ୍ରମ୍ପଙ୍କ 'ଟାରିଫ୍ ନୀତି'କୁ ତୀବ୍ର ସମାଲୋଚନା କରୁଛନ୍ତି।

ଆମେରିକା ରାଷ୍ଟ୍ରପତିଙ୍କ ମନମୁଖୀ କାର୍ଯ୍ୟ ପାଇଁ ନିଜର ଦେଶର ଜନତା ହନ୍ତସନ୍ତ ହେଉଛନ୍ତି। ମୁଦ୍ରାସ୍ଫୀତି ବଢ଼ିବା ସହିତ ନିଯୁକ୍ତି ସୁଯୋଗ ହ୍ରାସ ପାଇବାରେ ଲାଗିଛି। ନିଜ ଦେଶର ନାଗରିକଙ୍କ ଉପରେ ଟ୍ରମ୍ପ ଆର୍ଥିକ ବୋଝ ବଢ଼ାଇ ଚାଲିଛନ୍ତି। ଟ୍ରମ୍ପଙ୍କ ଏଭଳି ଏକଚାଟିଆ ଆଭିମୁଖ୍ୟକୁ ଆମେରିକାର ପୂର୍ବତନ ରାଷ୍ଟ୍ରୀୟ ସୁରକ୍ଷା ପରାମର୍ଶଦାତା (ଏନ୍‌ଏସ୍‌ଏ) ଜନ୍ ବୋଲ୍ଟନ ତୀବ୍ର ସମାଲୋଚନା କରିଛନ୍ତି।

ଏନ୍‌ଏସ୍‌ଏ ଜନ୍ ବୋଲ୍‌ଟନ୍ ଟ୍ରମ୍ପଙ୍କ ଟାରିଫ ନୀତିକୁ 'ବଡ଼ ଭୁଲ' ବୋଲି କହିଛନ୍ତି। ରାଷ୍ଟ୍ରପତିଙ୍କ ବୈଦେଶିକ ଟାରିଫ ନୀତି ଆମେରିକା ଉପରେ ବୀପରିତ ପ୍ରଭାବ ପକାଉଥିବା ସେ ଉଲ୍ଲେଖ କରିଛନ୍ତି। ରାଷ୍ଟ୍ରପତି ଦେଶକୁ ବର୍‌ବାଦ କରୁଥିବା ବୋଲ୍ଟନ ଅଭିଯୋଗ କରିଛନ୍ତି। ଟ୍ରମ୍ପଙ୍କ ନୀତି ଯୋଗୁଁ ଆମେରିକାଠାରୁ ଭାରତ ଦୂରେଇ ଯିବାରେ ଲାଗିଛି।

ଜାତୀୟ ଗଣମାଧ୍ୟମକୁ ଏକ ସାକ୍ଷାତକାରରେ ବୋଲ୍‌ଟନ୍ କହିଛନ୍ତି, ରୁଷ୍ ଏବଂ ଚୀନ୍‌ଠାରୁ ଭାରତକୁ ଦୂରେଇ ରଖିବା ପାଇଁ ଆମେରିକା ଦୀର୍ଘ ବର୍ଷ ହେଲା ପ୍ରୟାସ କରୁଥିଲା; ମାତ୍ର ଏବେ ଏହି ପ୍ରୟାସ ଦୁର୍ବଳ ହୋଇଯାଇଛି। ରୁଷ୍‌କୁ ଦୁର୍ବଳ କରିବା ପାଇଁ ଭାରତ ଉପରେ ଅତିରିକ୍ତ ଶୁଳ୍କ ଲଗାଯାଇଛି। ଏହାର ଓଲଟା ପ୍ରଭାବ ପଡ଼ିବାକୁ ଯାଉଛି। ଭାରତ ଆମେରିକାଠାରୁ ଦୂରେଇ ଯାଇ ରୁଷ୍ ଏବଂ ଚୀନ୍ ନିକଟତର ହେବାକୁ ଯାଉଥିବା ପରିଲକ୍ଷିତ ହୋଇଛି। ରୁଷ୍‌ର ଆର୍ଥିକ କ୍ଷତି ପାଇଁ ଏହି କଟକଣା ଲଗାଯାଇଥିଲା, ▶ପୃଷ୍ଠା-୭

- ଟ୍ରମ୍ପଙ୍କ ଶୁଳ୍କ ନୀତି 'ବଡ଼ ଭୁଲ୍': ବୋଲ୍‌ଟନ୍
- ଜବାବୀ ଶୁଳ୍କର ପଡୁଛି ବୀପରିତ ପ୍ରଭାବ
- ଚୀନ୍ ଓ ରୁଷ୍‌ର ନିକଟତର ହେଉଛି ଭାରତ

## ପୁଣି ଘୁଞ୍ଚିଲା ନିଗମ, ବୋର୍ଡ ନିଯୁକ୍ତି

### ୨୦ ତାରିଖ ପରେ ହୋଇପାରେ ନିଯୁକ୍ତି: ମନମୋହନ

■ **ଭୁବନେଶ୍ୱର, ୯।୮ (ସମିସ):** ରାଜ୍ୟରେ ବିଜେପି ସରକାରକୁ ୧୪ ମାସ ପୂରିବାକୁ ବସିଥିଲେ ହେଁ ଏଯାବତ୍ ନିଗମ, ବୋର୍ଡ ନିଯୁକ୍ତି ହୋଇପାରିଲା ନାହିଁ। ଗତ ୫ ତାରିଖରେ ରାଜ୍ୟ ସରକାର ମହିଳା କମିଶନ ଏବଂ ଶିଶୁ ସୁରକ୍ଷା କମିଶନରେ ଅଧ୍ୟକ୍ଷା ଏବଂ ସଦସ୍ୟାଙ୍କୁ ନିଯୁକ୍ତି ଦେବା ପରେ ନିଗମ ଅଙ୍କ ଛିଡ଼ିବା ନେଇ ସାଧାରଣରେ ଉତ୍କଣ୍ଠା ପ୍ରକାଶ ପାଇଥିଲା। ତେବେ ଦିଲ୍ଲୀ ଗସ୍ତ ସାରି ଭୁବନେଶ୍ୱର ଫେରିବା ପରେ ରାଜ୍ୟ ବିଜେପି ସଭାପତି ମନମୋହନ ସାମଲ ଏନେଇ ଗୁରୁତ୍ୱପୂର୍ଣ୍ଣ ମନ୍ତବ୍ୟ ରଖିଛନ୍ତି। ଆସନ୍ତା ୧୫ କିମ୍ବା ୨୦ ତାରିଖ ପରେ ଦଳୀୟ ନେତୃତ୍ୱଙ୍କ ସହ ଚର୍ଚ୍ଚା ଆଲୋଚନା କରାଯାଇ ନିଗମ, ବୋର୍ଡରେ ନିଯୁକ୍ତି ପ୍ରଦାନ କରାଯିବ ବୋଲି ସେ ଗଣମାଧ୍ୟମ ପ୍ରତିନିଧିଙ୍କୁ ସୂଚନା ଦେଇଛନ୍ତି। ଦଳ ପ୍ରତି ଆନୁଗତ୍ୟ, ଦକ୍ଷତା ଓ ବରିଷ୍ଠତା ଭିତ୍ତିରେ ବୋଡର୍ ଓ ନିଗମରେ ନିଯୁକ୍ତି ଦିଆଯିବ। କେଉଁମାନେ ଦଳୀୟ ସଂଗଠନ ସମ୍ଭାଳିବେ ଆଉ କେଉଁମାନେ ସରକାରରେ ରହିବେ, ତାହା ଏକପ୍ରକାର ସ୍ଥିର ହୋଇଥିବା କୁହାଯାଉଛି। ତେବେ ଓଡ଼ିଶା ଖଣି ନିଗମ, ଓସାକ୍, ଓଏସ୍‌ଆଇସି, ଓଟିଡିସି, ଓପିଜିସି, ଇଡ୍‌କଲ୍, ଯୋଗାଣ ନିଗମ, ମଦ ନିଗମ ଏବଂ ଓମ୍‌ଫେଡ୍ ଭଳି ଗୁରୁତ୍ୱପୂର୍ଣ୍ଣ ତଥା ଲାଭଦାୟକ ସଂସ୍ଥାର ଅଧ୍ୟକ୍ଷ ପଦ ଉପରେ ଆଶାୟୀ ଦଳୀୟ ନେତାଙ୍କ ଆଖି ରହିଥିବା ଚର୍ଚ୍ଚା ଜୋର୍ ଧରିଛି।

ସୂଚନାଯୋଗ୍ୟ ଯେ ବିଜେପି ନେତୃତ୍ୱ ସ୍ତରରେ ବ୍ୟାପକ କସରତ ସତ୍ତ୍ୱେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣକୁ ଚୂଡ଼ାନ୍ତ ରୂପ ଦିଆଯାଇ ପାରୁନାହିଁ। ସମାନ ଭାବେ ନିଗମ, ବୋର୍ଡ, ଏକାଡେମୀ ଏବଂ କେତେକ କମିଶନରେ ମଧ୍ୟ ନିଯୁକ୍ତି ପ୍ରକ୍ରିୟା ବିଳମ୍ବ ହେବାରେ ଲାଗିଛି। ଦିଲ୍ଲୀରେ ତାଲିକା ପ୍ରସ୍ତୁତିରେ ବିଳମ୍ବ ହେଉଛି କି ପ୍ରଶ୍ନରେ ଶ୍ରୀ ସାମଲ କହିଛନ୍ତି ଯେ ଦିଲ୍ଲୀରେ ନୁହେଁ; ସବୁ ତାଲିକା ଓଡ଼ିଶାରେ ପ୍ରସ୍ତୁତ ହେବ। ଦିଲ୍ଲୀରେ ଆମେ କେନ୍ଦ୍ରୀୟ ନେତୃତ୍ୱଙ୍କ ସହ ସ୍ୱାଭାବିକ ଭାବେ ଆଲୋଚନା କରିବାକୁ ଯାଇଥିଲୁ। ସେଠାରେ ଦଳୀୟ ସାଂସଦଙ୍କ ସହ ମୁଖ୍ୟମନ୍ତ୍ରୀ, ରାଜ୍ୟ ପ୍ରଭାରୀ ଏବଂ ମୁଁ ବିଭିନ୍ନ ପ୍ରସଙ୍ଗରେ ରୁଟିନ୍ ବୈଠକ ଅନୁଯାୟୀ ଏକାଠି ହୋଇଥିଲୁ ବୋଲି ଶ୍ରୀ ସାମଲ କହିଛନ୍ତି।

### ଡାକ୍ତର ଆସିଲେନି, ପ୍ରସବ କରାଇଲେ ନର୍ସ

## ନବଜାତକ ମୃତ୍ୟୁରୁ ତୀବ୍ର ଉତ୍ତେଜନା

■ **ବଲାଙ୍ଗିର, ୯।୮ (ସମିସ):** ବଲାଙ୍ଗିର ଜିଲ୍ଲା ଲୋଇସିଂହା ଗୋଷ୍ଠୀ ଡାକ୍ତରଖାନାରେ ଚିକିତ୍ସା ଅବହେଳାରୁ ଜଣେ ନବଜାତକର ମୃତ୍ୟୁ ହୋଇଥିବା ଅଭିଯୋଗ ହୋଇଛି। ବିନା ଡାକ୍ତରଙ୍କ ଉପସ୍ଥିତିରେ ଦୁଇଜଣ ନର୍ସ ଗର୍ଭବତୀଙ୍କ ପ୍ରସବ କରିଥିଲେ। କିନ୍ତୁ ଜନ୍ମ ପରେ ଶିଶୁଟି କୌଣସି ପ୍ରକାର ପ୍ରତିକ୍ରିୟା ଦେଇନଥିଲା। ଫଳରେ ନର୍ସମାନେ ତରବରିଆ ଭାବେ ଉଭୟ ଶିଶୁ ଓ ମହିଳାଙ୍କୁ ବଲାଙ୍ଗିରକୁ ସ୍ଥାନାନ୍ତର କରିଥିବା ବେଳେ ସେଠାରେ ଡାକ୍ତର ଶିଶୁକୁ ମୃତ ଘୋଷଣା କରିଥିଲେ। ବଲାଙ୍ଗିର ଜିଲ୍ଲା ମୁଖ୍ୟାଳୟରୁ ମାତ୍ର ୨୦କିମି ଦୂରରେ ଥିବା ଡାକ୍ତରଖାନାରେ ଏଭଳି ଅବସ୍ଥା ଦେଖିବାକୁ ମିଳିଛି।

**ଚିକିତ୍ସା ଅବହେଳାରୁ ମୃତ୍ୟୁ ଅଭିଯୋଗ**

ଡାକ୍ତରଖାନାରେ ଉଭୟ ସ୍ତ୍ରୀ ଓ ପ୍ରସୂତି, ଶିଶୁ ରୋଗ ବିଶେଷଜ୍ଞ ଡାକ୍ତର ରହିଥିବା ସତ୍ତ୍ୱେ ଏହିଭଳି ଘଟଣା ଡାକ୍ତରଖାନାରେ ରହିଥିବା ଦୋଷ ତ୍ରୁଟିକୁ ପଦାରେ ପକାଇଛି। କେବଳ ଏତିକି ନୁହେଁ, ସଂପୃକ୍ତ ମହିଳାଙ୍କୁ ଭର୍ତ୍ତି କରିବାଠାରୁ ଆରମ୍ଭ କରି ସ୍ଥାନାନ୍ତର କରିବା ପର୍ଯ୍ୟନ୍ତ ଜଣେ ବିଁ ଡାକ୍ତର ସ୍ୱାସ୍ଥ୍ୟବସ୍ଥା ଯାଞ୍ଚ କରି ନଥିବା ▶ପୃଷ୍ଠା-୭

## 'ଉତ୍କଳ'ରେ ଅଧ୍ୟାପକ ମରୁଡ଼ି

### ଆଇନ ବିଭାଗ ଖାଁ ଖାଁ

**୭୫ପ୍ରତିଶତ ଉପସ୍ଥାନ ନେଇ ବିଭାଗର ତାଗିଦ**

**ୱେବସାଇଟ୍‌ରେ ଅଛନ୍ତି ଅଧ୍ୟାପକ, ବାସ୍ତବରେ ଶୂନ**




■ **ଭୁବନେଶ୍ୱର, ୯।୮ (ସମିସ):** ଉତ୍କଳ ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷଙ୍କୁ ଘାରିଲାଣି ଉପସ୍ଥାନ ଚିନ୍ତା। ଶିକ୍ଷାବର୍ଷ ଆରମ୍ଭରୁ ଉପସ୍ଥାନ ପାଇଁ ଛାତ୍ରଛାତ୍ରୀଙ୍କୁ ତାଗିଦ୍ କଲେଣି। ହେଲେ ଛାତ୍ରଛାତ୍ରୀ ଆସିବାକୁ ଅମଙ୍ଗ। ପଢ଼ାଇବାକୁ କେହି ନାହାନ୍ତି, ଗଲେ କରିବୁ କ'ଣ ବୋଲି ରୋକଠୋକ୍ କହୁଛନ୍ତି। ବିଶ୍ୱବିଦ୍ୟାଳୟ ଆଇନ ବିଭାଗରେ କେହି ଅଧ୍ୟାପକ ନଥି ବାରୁ ଏପରି ସ୍ଥିତି ସୃଷ୍ଟି ହୋଇଛି।

ସୂଚନାନୁଯାୟୀ, ବିଶ୍ୱବିଦ୍ୟାଳୟ ଆଇନ ବିଭାଗର ଉଭୟ ପ୍ରଥମ ଓ ଦ୍ୱିତୀୟ ବର୍ଷରେ ମୋଟ୍ ୮୦ ଜଣ ଛାତ୍ରଛାତ୍ରୀ ନାମ ଲେଖାଇଛନ୍ତି। ତନ୍ମଧ୍ୟରୁ ପ୍ରଥମ ବର୍ଷର ୨୩ ଜଣ ପିଲା ଏବଂ ଦ୍ୱିତୀୟ ବର୍ଷର ୧୫ ଜଣ ପିଲା ନିୟମିତ ଭାବେ ଆସୁନାହାନ୍ତି। ସେମାନଙ୍କ ଉପସ୍ଥାନ ୭୫ପ୍ରତିଶତରୁ କମ୍ ରହିଛି। ଉପସ୍ଥାନ କମ୍ ଥିବା ପିଲାମାନଙ୍କ ତାଲିକା ଜାରି କରିବା ସହ ପରୀକ୍ଷା ଦେବାକୁ ଅତି କମରେ ୭୫ ପ୍ରତିଶତ ଉପସ୍ଥାନ ରଖିବାକୁ ବିଭାଗ ପକ୍ଷରୁ ତାଗିଦ କରାଯାଇଛି। ଅପରପକ୍ଷରେ, ବିଭାଗରେ ଶୈକ୍ଷିକ ସଙ୍କଟ ଦେଖାଦେଇଛି। ପାଠ ପଢ଼ାଇବାକୁ କେହି ଅଧ୍ୟାପକ ନାହାନ୍ତି। ବିଭାଗୀୟ ମୁଖ୍ୟ ମାସେ ତଳୁ ଅବସର ନେଇସାରିଛନ୍ତି। ଜଣେ ସଂଯୋଜକରେ ବିଭାଗ ଚାଲୁଛି। ନିୟମିତ ଭାବେ ପାଠପଢ଼ା ହେଉନାହିଁ। ତେଣୁ କାହିଁକି ନିୟମିତ ଯିବେ ବୋଲି ଛାତ୍ରଛାତ୍ରୀମାନେ ପ୍ରଶ୍ନ କରୁଛନ୍ତି।

ଜଣେ ପ୍ରଥମବର୍ଷ ଛାତ୍ରୀଙ୍କ କହିବା କଥା, ସେ ନାମ ଲେଖାଇବା ବେଳେ ଆବଶ୍ୟକ ଅଧ୍ୟାପକ ଥିବେ ବୋଲି ନିଶ୍ଚିତ ହୋଇଥିଲେ। କାରଣ ବିଶ୍ୱବିଦ୍ୟାଳୟ ୱେବସାଇଟ୍‌ରେ ବିଭାଗୀୟ ମୁଖ୍ୟଙ୍କ ସମେତ ପ୍ରାୟ ୩ଜଣ ଅଧ୍ୟାପକ କାର୍ଯ୍ୟରତ ଥିବା ଦର୍ଶାଯାଇଛି। ଯାହାକୁ ଦେଖି ସେ ବିଭାଗରେ ନାମ ଲେଖାଇଥିଲେ। ହେଲେ ବାସ୍ତବତା ପୂରା ଭିନ୍ନ। ▶ପୃଷ୍ଠା-୭

## ହସ୍ପିଟାଲରେ ନର୍ସଙ୍କ ସନ୍ଦେହଜନକ ମୃତ୍ୟୁ

### ଓଭରଡୋଜ୍ ନିଦ ଇଞ୍ଜେକସନ୍ ମୃତ୍ୟୁର କାରଣ

■ **ଭୁବନେଶ୍ୱର, ୯।୮ (ସମିସ):** ରାଜଧାନୀର ଏକ ଘରୋଇ ଡାକ୍ତରଖାନାର ଜଣେ ନର୍ସଙ୍କ ସନ୍ଦେହଜନକ ମୃତ୍ୟୁ ଘଟିଛି। ମୃତକ ହେଲେ, ସାନଖେମୁଣ୍ଡି ଥାନା ଅଞ୍ଚଳର ଶୁଭସ୍ମିତା ରାଉତ(୨୫)। ତାଙ୍କ ପାଖରୁ ଏକ ସୁଇସାଇଡ୍ ନୋଟ୍ ଜବତ ହୋଇଛି। ଓଭରଡୋଜ୍ ନିଦ ଇଞ୍ଜେକ୍ସନ୍ ନେଇ ମୃତ୍ୟୁ ହୋଇଥିବା ସେଥିରେ ଉଲ୍ଲେଖ ଥିବା ବେଳେ ଝିଅକୁ ହତ୍ୟା କରାଯାଇଥିବା ପରିବାରଲୋକେ ଅଭିଯୋଗ କରିଛନ୍ତି।

ମିଳିଥିବା ସୂଚନାନୁସାରେ, ସାନଖେମୁଣ୍ଡି ବ୍ଲକ ଡି ଆମ୍ବଠା ଗାଁର ଶିବଶଙ୍କର ରାଉତଙ୍କ ଝିଅ ଶୁଭଲକ୍ଷ୍ମୀ ଚନ୍ଦ୍ରଶେଖରପୁର ଥାନା ଅଞ୍ଚଳରେ ଥିବା ଏକ ଘରୋଇ ଡାକ୍ତରଖାନାରେ ନର୍ସ ଭାବେ କାମ କରୁଥିଲେ। ଆଜି ରାକ୍ଷୀ ପୂର୍ଣ୍ଣିମାରେ ଘରକୁ ଯିବା ପାଇଁ କର୍ତ୍ତୃପକ୍ଷଙ୍କୁ ଛୁଟି ମାଗିଥିଲେ। ଗତକାଲି ନାଇଟ୍ ଡ୍ୟୁଟି କରିବା ବେଳେ ରାତି ପ୍ରାୟ ୧୦ଟା ବେଳେ ଘର ଲୋକଙ୍କ ସହ ଫୋନରେ କଥାବାର୍ତ୍ତା ହୋଇଥିଲେ। ହେଲେ ରାତି ପ୍ରାୟ ୩ଟା ବେଳେ ଶୁଭସ୍ମିତା ଗାଧୁଆଘରେ ପଡ଼ିଯାଇଥିବା ଡାକ୍ତରଖାନା କର୍ତ୍ତୃପକ୍ଷ ଫୋନ କରି ପରିବାରଲୋକଙ୍କୁ ଜଣାଇଥିଲେ। ପରିବାରଲୋକ ଡାକ୍ତରଖାନାରେ ପହଞ୍ଚିବା ବେଳକୁ ଶୁଭସ୍ମିତାଙ୍କ ମୃତ୍ୟୁ ହୋଇସାରିଥିଲା। ଖବର ପାଇ ଚନ୍ଦ୍ରଶେଖରପୁର ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଥିଲା। ଶୁଭସ୍ମିତାଙ୍କ ମୃତଦେହ ନିକଟରୁ ସୁଇସାଇଡ୍ ନୋଟ୍ ଜବତ କରିଥିଲା। ରୋଗୀଙ୍କୁ ଭୁଲ ମେଡିସିନ ଦେବାକୁ ନେଇ ଡାକ୍ତର ରାଗିବାରୁ ସେ ନିଜକୁ ଦୋଷୀ ଭାବି ମାନସିକ ଚିନ୍ତାରେ ରହୁଥିବା ଚିଠିରେ ଲେଖିଛନ୍ତି। ଶୁଭସ୍ମିତା ନିଜ ଦେହରେ ▶ପୃଷ୍ଠା-୭

**ସୁଇସାଇଡ୍ ନୋଟ୍ ଜବତ**

## ରାଜ୍ୟବ୍ୟାପୀ ନକଲି ସାର ର୍ୟାକେଟ୍ ସକ୍ରିୟ

### ସରକାର ଉଦାସୀନ; ଫାଇଦା ଉଠାଉଛନ୍ତି ବ୍ୟବସାୟୀ

■ **ଭୁବନେଶ୍ୱର, ୯।୮ (ସମିସ):** ଚାଷୀର ଆବଶ୍ୟକତା ଅନୁସାରେ ସରକାରୀ ଭାବେ ସାର ମିଳୁନି। ବାଧ୍ୟହୋଇ ଚାଷୀମାନେ ବାହାର ଡିଲରଙ୍କଠାରୁ ସାର କିଣୁଛନ୍ତି। ଡିଲରମାନେ ଏହାର ଭରପୂର ଫାଇଦା ଉଠାଉଛନ୍ତି। ଚାଷୀଙ୍କଠାରୁ ମୋଟା ଅଙ୍କର ମୁନାଫା କମାଇବା ସହ ନକଲି ସାରକୁ ଅସଲି ବୋଲି କହି ବିକ୍ରି କରୁଥିବା ଅଭିଯୋଗ ହେଉଛି। ବର୍ତ୍ତମାନ ସମୟରେ କୃଷି ବିଭାଗ ଚାହିଦା ଥିବା କଂପ୍ଲେକ୍ସ ସାର ଯୋଗାଇପାରୁନି। ଯେଉଁଠି ୧୦ ଟନ୍ ଆବଶ୍ୟକ ସେଠିକୁ ୭ ଟନ୍ ଦେଉଛି। ଏହାର ଫାଇଦା ନେଇ ନକଲି ସାର କାରବାର କରୁଥିବା ର୍ୟାକେଟ୍ ସକ୍ରିୟ ହୋଇ ଉଠିଛନ୍ତି। ରାଜ୍ୟ ବାହାରୁ ବେପାରୀମାନେ ଆସି ଓଡ଼ିଶାର ବିଭିନ୍ନ ବଡ଼ ବଡ଼ ମାର୍କେଟ୍‌ରେ ଡେରା ପକାଇଛନ୍ତି। ଜିଲ୍ଲାଗୁଡ଼ିକୁ ଏମାନେ ଏବେ ଟାର୍ଗେଟ୍ କରିଥିବା ଜଣାପଡ଼ିଛି।

ରାଜ୍ୟ ବାହାର ବେପାରୀମାନେ ଡିଲରମାନଙ୍କୁ ବିଭିନ୍ନ ବ୍ରାଣ୍ଡର ନକଲି ସାର ଯୋଗାଉଛନ୍ତି

**କୃଷି ବିଭାଗର ଚଢ଼ଉ ନାହିଁ କି କାର୍ଯ୍ୟାନୁଷ୍ଠାନ ବି ନାହିଁ**

**ମାଟିରେ ମିଶିପାରୁନି ନକଲି ସାର; ବଢୁଛି ପ୍ରଦୂଷଣ ଭୟ**

ଯେଉଁଠି ଚାଷୀଙ୍କର ଅଧିକ ଆବଶ୍ୟକତା ଓ ସରକାରୀ ଉଦାସୀନତା ଦେଖୁଛନ୍ତି, ସେଠି ବ୍ୟାପକ ନକଲି ସାର ବିକ୍ରି କରାଯାଉଛି। ବିଶେଷକରି ଅନୁନ୍ନତ ବ୍ଲକ୍ ଓ ପଛୁଆ ସାର ଶସ୍ତାରେ ବିକ୍ରି କରୁଛନ୍ତି। ଏହି ସାର ର୍‌ୟାକେଟ୍ ବିଶେଷକରି ପଶ୍ଚିମ ଓଡ଼ିଶାକୁ ଟାର୍ଗେଟ୍ କରୁଛନ୍ତି। ନୂଆପଡ଼ା, ବରଗଡ଼, ବୌଦ୍ଧ ଆଦି ଜିଲ୍ଲାକୁ ଛତିଶଗଡ଼ ଅଞ୍ଚଳରୁ ସାର ଆସୁଛି। ସେଠିକାର ଏଜେଣ୍ଟ ପ୍ରଥମେ ଆସି ମାର୍କେଟ୍ ସର୍ଭେ କରୁଛନ୍ତି। ବ୍ୟବସାୟୀମାନଙ୍କୁ ମୋଟା ଅଙ୍କର ମୁନାଫା ସହ ଆକର୍ଷଣୀୟ ଅଫର୍‌ର ଲୋଭ ଦେଖାଉଛନ୍ତି। ଫଳରେ ବ୍ୟବସାୟୀମାନେ ପ୍ରଲୋଭନର ଶିକାର ହୋଇ ନକଲି ସାର ଚାଷୀଙ୍କୁ ବିକ୍ରି କରୁଛନ୍ତି। ସେହିଭଳି ଦକ୍ଷିଣ ଓ ଉତ୍ତର ଓଡ଼ିଶାର କିଛି ଜିଲ୍ଲାରେ ମଧ୍ୟ ସମାନ ସ୍ଥିତି ଦେଖାଯାଉଛି। ଜିଲ୍ଲା ମୁଖ୍ୟାଳୟରୁ ଦୂରରେ ଥିବା ବ୍ଲକ୍‌ଗୁଡ଼ିକର ଛୋଟ ଛୋଟ ମାର୍କେଟ୍‌ଗୁଡ଼ିକୁ ଟାର୍ଗେଟ୍ କରୁଛନ୍ତି। ଏହି ସ୍ଥାନରେ ବ୍ଲକ୍ କୃଷି ଅଧିକାରୀଙ୍କ ନିଷ୍କ୍ରିୟତା ଓ ଜିଲ୍ଲା କୃଷି ଅଧିକାରୀଙ୍କ ▶ପୃଷ୍ଠା-୭



ନୂଆଦିଲ୍ଲୀରେ ରକ୍ଷାବନ୍ଧନ ଉତ୍ସବ ଅବସରରେ ସ୍କୁଲ ପିଲାଙ୍କ ସହିତ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ

## କୁଲଗାମ ଏନକାଉଣ୍ଟର: ୨ ଯବାନ ସହିଦ

କୁଲଗାମ୍, ୯ ।୮ (ଏଜେନ୍ସି): ଜମ୍ମୁ-କଶ୍ମୀର କୁଲଗାମରେ ଅଖଲ ଜଙ୍ଗଲରେ ଆତଙ୍କବାଦୀମାନଙ୍କ ବିରୋଧରେ ଚାଲିଥିବା ଏନ୍‌କାଉଣ୍ଟରରେ ଶୁକ୍ରବାର ଭାରତର ଦୁଇଜଣ ଯବାନ ଶହୀଦ ହୋଇଛନ୍ତି । ଏଥିରେ ୪ ଜଣ ଯବାନ ଆହତ ହୋଇଛନ୍ତି । ଲାନ୍ସ ନାୟକ ପ୍ରିତପାଲ ସିଂହ ଓ ହରମିନ୍ଦର ସିଂହ ଚିକିତ୍ସାଧୀନ ଅବସ୍ଥା ।ରେ ପ୍ରାଣ ହରାଇଛନ୍ତି । ଶନିବାର ସକାଳେ ଏ ନେଇ ସୂଚନା ପ୍ରଦାନ କରାଯାଇଥିଲା । ଅଗଷ୍ଟ ୧ରୁ ଅପରେସନ ଅଖଲ ଜାରି ରହିଛି ଓ ଶନିବାର ଏହି ଅପରେସନ ୯ମ ଦିନରେ ପହଞ୍ଚିଛି । ଗତ ୨ ତାରିଖରେ ଦୁଇଜଣ ଆତଙ୍କବାଦୀ ନିହତ ହୋଇଥିଲେ । ଏପର୍ଯ୍ୟନ୍ତ ୯ ଜଣ ଜବାନ ଏହି ଏନ୍‌କାଉଣ୍ଟରେ ଆହତ ହୋଇଛନ୍ତି ଓ ଏମାନଙ୍କ ମଧ୍ୟରୁ ୨ ଜଣ ମୃତ୍ୟୁବରଣ କରିଛନ୍ତି । ଅଖଲ ଜଙ୍ଗଲ୍‌ରେ ଏବେ ମଧ୍ୟ କେତେକ ଆତଙ୍କବାଦୀ ଲୁଚି ରହିଥିବା ସନ୍ଦେହ କରାଯାଉଛି । ଏହି ଅପରେସନରେ ଜମ୍ମୁ-କଶ୍ମୀର ପୁଲିସ, ସେନା ଓ ସିଆରପିଏଫ୍ କାର୍ଯ୍ୟକାରୀ କରୁଛନ୍ତି । ଏବେ ଦୁଇପଟୁ ଗୁଳି ବିନିମୟ ଚାଲିଛି । ଅଗଷ୍ଟ ୨ରେ ନିହତ ହୋଇଥିବା ଆତଙ୍କବାଦୀ ହେଉଛି ପୁଲବାମାର ହାରିସ ନାଜିର ଦାର । ସେ ସି- ବର୍ଗର ଆତଙ୍କବାଦୀ ଥିଲା । ପହଲଗାମ ଆକ୍ରମଣ ପରେ ଏପ୍ରିଲ ୨୬ରେ ଜାରି କରାଯାଇଥିବା ୧୪ଜଣିଆ ସ୍ଥାନୀୟ ଆତଙ୍କବାଦୀଙ୍କ ତାଲିକା ଜାରି କରାଯାଇଥିଲା । ଏଥିରେ ନାଜିର ସାମିଲ ରହିଥିଲା । ତା ପାଖରେ ଏକେ-୪୭ ରାଇଫଲ, ମ୍ୟାଗାଜିନ ଓ ଗୋଳାବାରୁଦ ଜବତ କରାଯାଇଥିଲା । ଏହି ୧୪ ଜଣଙ୍କ ମଧ୍ୟରୁ ୭ ଜଣ ସେନା ଗୁଳିରେ ପ୍ରାଣ ହରାଇଥିବା ବେଳେ ୭ ଜଣଙ୍କ ତଲାସ ଜାରି ରହିଛି ।

## ଅମରନାଥ ଯାତ୍ରା ସମ୍ପନ୍ନ

ନୂଆଦିଲ୍ଲୀ, ୯ ।୮ (ଏଜେନ୍ସି): ଶନିବାର ରାକ୍ଷୀପୂର୍ଣ୍ଣିମା ଅବସରରେ ପବିତ୍ର ଅମରନାଥ ଯାତ୍ରା ସମାପନ ହୋଇଛି । ଛଡି ମୁବାରକ ପବିତ୍ର ଗୁମ୍ଫା ନିକଟରେ ପହଞ୍ଚିବା ପରେ ଏହି ଯାତ୍ରା ଆନୁଷ୍ଠାନିକ ଭାବେ ସମ୍ପର୍ଣ୍ଣ ହୋଇଛି । ଏଥିପାଇଁ ପାରମ୍ପରିକ ରୀତିନୀତିରେ ମହନ୍ତ ଦୀପେନ୍ଦ୍ର ଗିରିଙ୍କ ତତ୍ତ୍ୱାବଧାନରେ ଶହେରୁ ଅଧିକ ସାଧୁଙ୍କ ସହ ପୂଜା ଅର୍ଚ୍ଚନା କରାଯାଇଥିଲା । ଏହାପରେ ଭକ୍ତମାନଙ୍କୁ ବର୍ଷର ଅନ୍ତିମ ଦର୍ଶନ କରିବାରୁ ସୁଯୋଗ ମିଳିଥିଲା । ଜୁଲାଇ ୩ରୁ ଏହି ଯାତ୍ରା ଆରମ୍ଭ ହୋଇଥିଲା । କିନ୍ତୁ ପ୍ରବଳ ବର୍ଷା କାରଣରୁ ରାସ୍ତା ଖରାପ ହେବା ଯୋଗୁଁ ଅଗଷ୍ଟ ୩ରେ ଏହି ଯାତ୍ରାକୁ ବନ୍ଦ କରିବାକୁ ନିଷ୍ପତ୍ତି ନିଆଯାଇଥିଲା । ଏବର୍ଷ ମୋଟ୍ ୪ ଲକ୍ଷ ୧୦ ଶ୍ରଦ୍ଧାଳୁ ଅମରନାଥ ଦର୍ଶନ କରିଥିଲେ । କିନ୍ତୁ ଗତବର୍ଷ ୫ ଲକ୍ଷ ୧୦ ହଜାର ଭକ୍ତ ଅମରନାଥ ଦର୍ଶନ କରିଥିଲେ । ଏଥର ଯାତ୍ରା ଅବସରରେ ଏକାଧିକ ଅଘଟଣା ମଧ୍ୟ ଘଟିଥିଲା । ଜୁଲାଇ ୫ରେ କେତୋଟି ବସ ପରସ୍ପରକୁ ଧକ୍କା ଦେବା ଫଳରେ ୩୬ ଶ୍ରଦ୍ଧାଳୁ ଆହତ ହୋଇଥିଲେ ।

## ଆମେରିକାରେ ୫ଟି ମନ୍ଦିର ଉପରେ ଆକ୍ରମଣ ହୋଇଛି

ନୂଆଦିଲ୍ଲୀ, ୯ ।୮ (ଏଜେନ୍ସି): ବୈଦେଶିକ ରାଷ୍ଟ୍ରମନ୍ତ୍ରୀ କୀର୍ତ୍ତିବର୍ଦ୍ଧନ ସିଂ ରାଜ୍ୟସଭାରେ ଶନିବାର ଶିବସେନା (ୟୁବିଟି) ସାଂସଦ ଅନୀଲ ଦେଶାଇଙ୍କ ଏକ ପ୍ରଶ୍ନର ଉତ୍ତର ଦେଇ ହିନ୍ଦୁଙ୍କ ଉପରେ ହୋଇଥିବା ଅତ୍ୟାଚାର ତଥା ଆକ୍ରମଣ ନେଇ ତଥ୍ୟ ଉପସ୍ଥାପନା କରିଥିଲେ । ବାଂଲାଦେଶରେ ଗତ ୫ ବର୍ଷ ମଧ୍ୟରେ ହିନ୍ଦୁଙ୍କ ଉପରେ ୩, ୫୮୨ ଆକ୍ରମଣ ହୋଇଥିବା ସେ ସୂଚନା ଦେଇଛନ୍ତି । ରଙ୍ଗପୁର ଓ ଛଟଗ୍ରାମ ଭଳି ଜିଲ୍ଲାରେ ଅଳ୍ପସଂଖ୍ୟକଙ୍କ ଉପରେ ହିଂସା ଜାରି ରହିଛି ବୋଲି ସେ କହିଛନ୍ତି । ସେହିପରି ପାକିସ୍ତାନରେ ଅଳ୍ପସଂଖ୍ୟାକ ବିରୋଧରେ ୩୩୪ଟି ହିଂସାର ମାମଲା ହୋଇଛି ଓ ଏ ନେଇ ଭାରତ ପାକିସ୍ତାନ ସମ୍ମୁଖରେ ପ୍ରଶ୍ନ ଉଠାଇଛି । ସେହିପରି ଆମେରିକାର, କାନାଡା, ବ୍ରିଟେନ ଭଳି ପାଶ୍ଚାତ୍ୟ ତଥା ଉନ୍ନତ ଦେଶଗୁଡ଼ିକରେ ମଧ୍ୟ ହିନ୍ଦୁଙ୍କ ଉପରେ ବର୍ଣ୍ଣବୈଷମ୍ୟ ଆକ୍ଷେପ ହୋଇଛି । ଏହି ଦେଶଗୁଡିକରେ ହିନ୍ଦୁ ମନ୍ଦିର ଉପରେ ଏକାଧିକ ଆକ୍ରମଣ ହୋଇଛି । ଆମେରିକାରେ ୫ ଓ କାନାଡାରେ ୪ଟି ହିନ୍ଦୁ ମନ୍ଦିରରେ ଭଙ୍ଗାରୁଜା କରାଯାଥିଲା ବୋଲି ସେ କହିଛନ୍ତି ।

## କର୍ଣ୍ଣାଟକରେ ମହିଳାଙ୍କ କଟାମୁଣ୍ଡ

ବେଙ୍ଗାଲୁରୁ, ୯ ।୮ (ଏଜେନ୍ସି): କର୍ଣ୍ଣାଟକର ଟୁମକୁର ଜିଲ୍ଲାରେ ଜଣେ ୪୨ ବର୍ଷୀୟ ମହିଳାଙ୍କ ଶରୀରର ୧୦ଟି ଅଲଗା ଅଲଗା ଅଂଶ ଭିନ୍ନ ଭିନ୍ନ ସ୍ଥାନରୁ ମିଳିଛି । ଶୁକ୍ରବାର ସିଦ୍ଧାରବେତ୍ତାରେ ତାଙ୍କ କଟା ମୁଣ୍ଡ ମିଳିଥିଲା । ଶନିବାର ଗୋଟିଏ କୁକୁର ମହିଳାଙ୍କ କଟା ହାତ ଟାଣୁଥିବାର ଦେଖି ଲିଙ୍ଗପୂରା ଗ୍ରାମର ଲୋକେ ପୁଲିସକୁ ସୂଚନା ଦେଇଥିଲେ । ପୁଲିସ ଏହାର ଆଖପାଖ ଅଞ୍ଚଳରେ ଆଉ ଏକ ହାତକୁ ଖୋଜି ପାଇଥିଲା । ଏହାପରେ ପୁଲିସ ସର୍ଚ୍ଚ ଅପରେସନ ଆରମ୍ଭ କରି ଶରୀର ଅନ୍ୟ ଅଂଶ ଖୋଜି ପାଇଥିଲା । ଏହି ମହିଳା ଜଣକ ଗତ ୪ ତାରିଖରୁ ନିଖୋଜ ଥିଲେ । ହାତର ଟାଟୁ ଓ ମୁହଁର ଆକୃତିକୁ ନେଇ ପୁଲିସ ତଦନ୍ତ କରିଥିଲା ଓ ଏହା ଲକ୍ଷ୍ମୀଦେବମ୍ମାଙ୍କ ମୃତଦେହ ବୋଲି ଜାଣିବାକୁ ପାଇଥିଲା । ଟୁମକୁରୁ ତାଲୁକସ୍ଥିତ ବେଲ୍ଲାଭି ଗାଁ ମହିଳା ଜଣକ ରହୁଥିଲେ । ମହିଳାଙ୍କ ସ୍ୱାମୀ ବାସଭାରାଜୁ ପତ୍ନୀ ନିଖୋଜ ହେବା ନେଇ ପୁଲିସରେ ଅଭିଯୋଗ କରିଥିଲେ । ସେ ତାଙ୍କ ଝିଅଙ୍କୁ ଭେଟିବାକୁ ଯିବା ପରେ ଫେରି ନଥିଲେ ।

# ପାକିସ୍ତାନର ୬ଟି ଯୁଦ୍ଧ ବିମାନକୁ ଖସାଇଥିଲା ଭାରତ



## ଆକ୍ରମଣରେ ଆମେରିକା ନିର୍ମିତ ଏଫ୍-୧୬ ବି କ୍ଷତିଗ୍ରସ୍ତ

ନୂଆଦିଲ୍ଲୀ, ୯।୮ (ଏଜେନ୍ସି): ପହଲଗାମର ଆକ୍ରମଣର ପ୍ରତିଶୋଧ ପାଇଁ ଭାରତ ଆରମ୍ଭ କରିଥଇବା 'ଅପରେସନ ସିନ୍ଦୂର'କୁ ନେଇ ଭାରତୀୟ ବାୟୁସେନା ମୁଖ୍ୟ ତଥା ଏୟାର ଚିଫ୍ ମାର୍ଶାଲ ଏପି ସିଂହ ବଡ଼ ସୂଚନା ଦେଇଛନ୍ତି । ଆମେରିକାର କିଛି ଏଫ-୧୬ ସହିତ ପାକିସ୍ତାନର ୬ଟି ଲଢୁଆ ବିମାନକୁ ଭାରତ ଧ୍ୱଂସ କରିଦେଇଛି ବୋଲି ସେ କହିଛନ୍ତି । ଏଗୁଡିକ ମଧ୍ୟରେ ୫ଟି ଲଢୁଆ ବିମାନ ଏବଂ ଗୋଟିଏ ବଡ଼ ବିମାନ ଏଇଡବ୍ଲ୍ୟୁଆଣ୍ଡସି (ଏୟାରବର୍ଣ୍ଣ ଆର୍ଲି ୱାର୍ଣ୍ଣି ଆଣ୍ଡ କଣ୍ଟ୍ରୋଲ ସିଷ୍ଟମ ) ସାମିଲ ରହିଛି । ଏହା ପାକିସ୍ତାନ ପାଇଁ ବଡ଼ ଝଟ୍‌କା ସାବ୍ୟସ୍ତ ହୋଇଥିଲା । ସବୁ ଲଢୁଆ ବିମାନକୁ ମଝି ଆକାଶରୁ ଖସାଇ ଦିଆଯାଇଥିଲା । ଗୋଟିଏ ବଡ଼ ବିମାନକୁ ତିନି ଶହ କିମି ଦୂରରୁ ଖସା ଯାଇଥିଲା । ଏହା ଇଏଲଆଇଏନ୍‌ଟି କିମ୍ବା ଏଇଡବ୍ଲ୍ୟୁଆଣ୍ଡିସି ହୋଇ ଥାଇପାରେ । ପ୍ରଥମ ଥର ପାଇଁ ତିନି ଶହ କିମି ଦୂରରୁ କୌଣସି ବିମାନକୁ ଖସା ଯାଇଛି । ଏହା ବିଶ୍ୱ ରେକର୍ଡ ସୃଷ୍ଟି କରିଛି । ପାକିସ୍ତାନର ଭୋଲାରି ଏବଂ ଜାକୋବାଦ ସ୍ଥିତ ହ୍ୟାଙ୍ଗରରେ ଭାରତୀୟ ବାୟୁସେନା ଆକ୍ରମଣ କରିଥିଲା । ରକ୍ଷଣାବେକ୍ଷଣ ଲାଗି ସେଠାରେ କିଛି ଏଫ-୧୬ ଲଢୁଆ ବିମାନ ଥିଲା । ଏ ସବୁକୁ ଧ୍ୱଂସ କରିଦିଆଯାଇଥିଲା । ବେଙ୍ଗାଲୁରୁରେ ଅନୁଷ୍ଠିତ '୧୬ତମ ଏୟାର ଚିଫ୍ ମାର୍ଶାଲ ଏଲଏମ କାଟରେ ଲେକ୍ଚର'ରେ ସାମିଲ ହୋଇ ବାୟୁସେନା ମୁଖ୍ୟ ଏହି ସୂଚନା ଦେଇଛନ୍ତି ।

**'ଅପରେସନ ସିନ୍ଦୂର'କୁ ନେଇ ବାୟୁସେନା ମୁଖ୍ୟଙ୍କ ଘୋଷଣା**

**ଧ୍ୱଂସ କରିଛୁ ପାକିସ୍ତାନର ୬ ଲଢୁଆ ବିମାନ**

**ବାଲାକୋଟ ଭୂତ ଛାଡ଼ିଗଲା**

**ଗେମ୍ ଚେଞ୍ଜର ସାବ୍ୟସ୍ତ ହୋଇଥିଲା ଏସ୍-୪୦୦**



ଏୟାର ଚିଫ୍ ମାର୍ଶାଲ କହିଛନ୍ତି ଯେ ଚଳିତ ଥର ବାଲାକୋଟ ଭୂତକୁ ଛଡ଼ାଇ ଦେଇଛୁ । ୨୦୧୯ ର ବାଲାକୋଟ ଷ୍ଟ୍ରାଇକ ସମୟରେ ଆମେ ପ୍ରମାଣ ସଂଗ୍ରହ କରିପାରି ନ ଥିଲୁ । ସେତେବେଳେ କିଛି ଲୋକ ପ୍ରମାଣ ମାଗିଥିଲେ, କିନ୍ତୁ ଅପରେସନ ସିନ୍ଦୂରକୁ ନେଇ କେହି ଭାରତକୁ ପ୍ରମାଣ ମାଗିନାହାନ୍ତି । ଭାରତର ଜବାବୀ ଆକ୍ରମଣରେ ପାକିସ୍ତାନର ହୋଇଥିବା ବିପୁଳ କ୍ଷୟକ୍ଷତି ସମ୍ପର୍କରେ ପାକିସ୍ତାନୀ ଗଣମାଧ୍ୟମ ହିଁ ଦେଖାଇଛି । ପୂର୍ବରୁ ଏବଂ ଭାରତ ଆକ୍ରମଣ ପରର ପାକିସ୍ତାନ ସାମରିକ ଘାଟିର ଦୃଶ୍ୟ ସବୁଠି ଉପଲବ୍ଧ ରହିଛି । ଭାରତ କ'ଣ ହାସଲ କରିଛି ତାହା ବିଶ୍ୱ ଦେଖିଛି । ବାହାବଲପୁର ସ୍ଥିତ ଆତଙ୍କବାଦୀ ଠିକଣା ବି ଧ୍ୱସ୍ତସ୍ତୁପରେ ପରିଣତ ହୋଇଯାଇଛି ।

ବାୟୁସେନା ମୁଖ୍ୟଙ୍କ ଅନୁଯାୟୀ 'ଅପରେସନ ସିନ୍ଦୂର'ରେ 'ଏୟାର ଡିଫେନ୍ସ ସିଷ୍ଟମ' ବହୁତ ଭଲ କାମ କରିଥିଲା । ପାକିସ୍ତାନ ଭାରତର ଏୟାର ଡିଫେନ୍ସକୁ ଭେଦ କରିପାରି ନ ଥିଲା । ଏଥିରେ ଏସ-୪୦୦ ଗେମ୍ ଚେଞ୍ଜର ସାବ୍ୟସ୍ତ ହୋଇଥିଲା । ଦୀର୍ଘ ଦୂରଗାମୀ ଗ୍ଲାଇଡେଡ ବୋମା ଥିଲେ ବି ପାକିସ୍ତାନ ଏହାକୁ ବ୍ୟବହାର କରିପାରି ନ ଥିଲା । ରାଜନୈତିକ ଇଚ୍ଛାଶକ୍ତି ଯୋଗୁଁ ଏହି ସଫଳତା ମିଳିଥିଲା । ସେନା ଉପରେ କୌଣସି କଟକଣା ନ ଥିଲା । ଭାବିଚିନ୍ତି ଆକ୍ରମଣ କରାଯାଇଥିଲା । ଯୋଜନା କରି ତାହାକୁ କାର୍ଯ୍ୟକାରୀ କରିବାକୁ ପୂର୍ଣ୍ଣ ସ୍ୱାଧୀନତା ମିଳିଥିଲା । ସେନାର ସବୁ ଶାଖାକୁ ଏକାଠି କରିବାରେ ସିଡିଏସ୍ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥିଲେ । ଏହା ଏକ ହାଇଟେକ୍ ଯୁଦ୍ଧ ଥିଲା । ୮୦ରୁ ୯୦ ଘଣ୍ଟିଆ ଏହି ଯୁଦ୍ଧ ଏତେ କ୍ଷତି ହୋଇଥିଲା ଯେ ଜାରି ରହିଲେ ବହୁମୂଲ୍ୟ ଦେବାକୁ ପଡ଼ିବ ଭାବି ପାକିସ୍ତାନ ଡିଜିଏମଓ ଅସ୍ତ୍ରବିରତି ପାଇଁ ଅନୁରୋଧ କରିଥିଲେ । ଭାରତ ମଧ୍ୟ ଏହାକୁ ସ୍ୱୀକାର କରିଥିଲେ । ଏହି ଯୁଦ୍ଧକୁ ନେଇ ଲୋକେ ଅହଙ୍କାରୀ ହୋଇ ଯାଇଥିଲେ । ଲକ୍ଷ୍ୟ ହାସଲ ପରେ ଏହାକୁ ବନ୍ଦ କରିବା ପାଇଁ ସୁଯୋଗ ଖୋଜିବା ଉଚିତ । କିନ୍ତୁ ମୋର କିଛି ଘନିଷ୍ଠ ଆହୁରି ଅଧିକ ମାରିବା ପାଇଁ କହୁଥିଲେ । କିନ୍ତୁ ଯୁଦ୍ଧ ଜାରି ରଖିବା ଠିକ୍ ନ ଥିଲା । ଭାରତ ଏକ ଭଲ ନିଷ୍ପତ୍ତି ନେଇଥିଲା ବୋଲି ବାୟୁସେନା ମୁଖ୍ୟ କହିଛନ୍ତି । ଅବସର ପୂର୍ବରୁ ପାକିସ୍ତାନ ଯିବାକୁ ସମସ୍ତେ ସୁଯୋଗ ଖୋଜିଥାନ୍ତି । ଏହି ଲକ୍ଷ୍ୟ ରଖି ଆମେ ବାୟୁସେନାରେ ବଡ଼ ହୋଇଛୁ । ସଂଯୋଗବଶତଃ ଅବସର ପୂର୍ବରୁ ମୋତେ ଏହି ସୁଯୋଗ ମିଳିଗଲା ବୋଲି ବାୟୁସେନା ମୁଖ୍ୟ ଉଲ୍ଲେଖ କରିଛନ୍ତି । ସେ ଏହି ଟିପ୍ପଣୀ ଦେବା ସମୟରେ ପାକିସ୍ତାନର ସରଗୋଧା ଘାଟୀକୁ ବାୟୁସେନା ନିଶାଣ କରିଥିଲା ବୋଲି କହିଛନ୍ତି ।

**ଆରଜି କର ହସ୍ପିଟାଲ ଦୁଷ୍କର୍ମ ମାମଲାକୁ ବର୍ଷେ**

# ପୁଲିସ-ବିକ୍ଷୋଭକାରୀ ମୁହାଁମୁହିଁ

କୋଲକାତା, ୯ ।୮ (ଏଜେନ୍ସି): କୋଲକାତାର ଆରଜି କର ମେଡିକାଲ କଲେଜ ଆଣ୍ଡ ହସ୍ପିଟାଲରେ ମହିଳା ଡାକ୍ତରଙ୍କ ଦୁଷ୍କର୍ମ ଓ ହତ୍ୟା ମାମଲାକୁ ଏକ ବର୍ଷ ପୂରଣ ହୋଇଛି । ଏଥିପାଇଁ ପୀଡିତାଙ୍କ ପରିବାର ଶନିବାର ପଶ୍ଚିମବଙ୍ଗ ସଚିବାଳୟ (ନବନ୍ନା) ଚଲୋ ଅଭିଯାନର ଆହ୍ୱାନ ଦେଇଥିଲେ । ଏଥିପାଇଁ ଏହି ରାଲିରେ ପୀଡିତାଙ୍କ ପରିବାର ସଦସ୍ୟଙ୍କ ସହିତ ବିଜେପିର କେତେଜଣ ବରିଷ୍ଠ ନେତା ଯୋଗ ଦେଇଥିଲେ । କିନ୍ତୁ ଏମାନଙ୍କ ଉପରେ ଶନିବାର କୋଲକାତା ପୁଲିସ ଲାଠି ଚାର୍ଜ କରିଥିଲା । ପୁଲିସର ଲାଠିମାଡରେ ପୀଡିତାଙ୍କ ମାତାପିତା ଆହତ ହୋଇଛନ୍ତି । ଏହି ଘଟଣାକୁ ଗୋଟିଏ ବର୍ଷ ପୁରଣ ହୋଇଥିବାରୁ ବିଜେପି ବିଧାୟକ ତଥା ବିଧାନସଭା ବିରୋଧୀ ଦଳ ନେତା ଶୁଭେନ୍ଦୁ ଅଧିକାରୀ ମାର୍ଚ୍ଚରେ ସାମିଲ ହୋଇଥିଲେ । ପୁଲିସର ଏହି ବର୍ବରାତାକୁ ବିରୋଧ କରି ଶୁଭେନ୍ଦୁ କୋଲକାତା ପାର୍କ ଷ୍ଟ୍ରିଟ୍‌ରେ ଧାରଣାରେ ବସିଥିଲେ ।

ମୃତ ମହିଳା ଡାକ୍ତରଙ୍କ ମାତାପିତା ଏହି ମାର୍ଚ୍ଚର ଆହ୍ୱାନ ଦେଇଥିଲେ । କିନ୍ତୁ ନବନ୍ନା ପରିସରରେ ପ୍ରଥମରୁ ଧାରା ୧୬୩ ଲାଗୁ କରାଯାଇଥିଲା । ଫଳରେ ସେଠାରେ କୌଣସି ପ୍ରକାର ଆନ୍ଦୋଳନକୁ ବାରଣ କରାଯାଇଥିଲା । କୋଲକାତା ପୁଲିସ ପ୍ରଥମରୁ ଚେତାବନୀ ଜାରି କରିଥିଲା । ଏହା ସତ୍ତ୍ୱେ ବ୍ୟାରିକେଡ ଭାଙ୍ଗି ଆନ୍ଦୋଳନକାରୀ ଭିତରେ ପ୍ରବେଶ କରିବାକୁ ଚେଷ୍ଟା କରିଥିଲେ । ଏହି ମାର୍ଚ୍ଚ ଆଗକୁ ଯାଉଥିବା ବେଳେ କୋଲକାତାର ପାର୍କ ଷ୍ଟ୍ରିଟ୍‌ରୁ ଡୋରିନା କ୍ରସିଂ ଏବଂ ହାଉଡା ମେଇଦାନରୁ ସନ୍ତରାଗାଛି ପର୍ଯ୍ୟନ୍ତ ଉତ୍ତେଜନା ସୃଷ୍ଟି ହୋଇଥିଲା । ଆନ୍ଦୋଳନକାରୀମାନେ ବ୍ୟାରିକେଡ ଭାଙ୍ଗି ଆଗକୁ ବଢ଼ିବା ବେଳେ ପୁଲିସ ଲାଠି ଚାର୍ଜ କରିଥିଲା । ଶୁଭେନ୍ଦୁଙ୍କୁ ରୋକିବା ଫଳରେ ପାର୍କ ଷ୍ଟ୍ରିଟ୍‌ରେ ହଙ୍ଗାମା ହୋଇଥିଲା । ଫଳରେ ସେ ଧାରଣାରେ ବସିଥିଲେ । ପୁଲିସ ଲାଠିମାଡରେ ମୁଣ୍ଡରେ ଆଘାତ ଲାଗିଛି ଓ ହାତର ଶଙ୍ଖା ଭାଙ୍ଗିଯାଇଛି ବୋଲି ମୃତକଙ୍କ ମା ଅଭିଯୋଗ କରିଛନ୍ତି ।

**ପୁଲିସର ଲାଠିମାଡ଼: ପୀଡିତାଙ୍କ ମାତାପିତା ମଧ୍ୟ ଆହତ**



## ନିର୍ବାଚନ ପୂର୍ବରୁ ୧୬୦ ସିଟ୍ ଅଫର ମିଳିଥିଲା: ପାୱାର

ନାଗପୁର, ୯ ।୮ (ଏଜେନ୍ସି): ଏନ୍‌ସିପି (ଏସ୍‌ପି) ସୁପ୍ରିମୋ ଶରଦ ପାୱାର ୨୦୨୪ ମହାରାଷ୍ଟ୍ର ବିଧାନସଭା ନିର୍ବାଚନ ନେଇ ଏକ ବଡ଼ ଖୁଲାସା କରିଛନ୍ତି । ସେ କହିଛନ୍ତି ଯେ ନିର୍ବାଚନ ପୂର୍ବରୁ ଦିଲ୍ଲୀରେ ଦୁଇଜଣ ବ୍ୟକ୍ତି ତାଙ୍କ ପାଖକୁ ଆସିଥିଲେ ଓ ମହା ବିକାଶ ଅଘାଡି (ଏମ୍‌ଭିଏ) ୨୮୮ରୁ ୧୬୦ ସିଟ୍ ଜିତିବା ନେଇ ଗ୍ୟାରେଣ୍ଟି ଦେଇଥିଲେ । ସେ ଏହି ଦୁଇ ଲୋକଙ୍କୁ ରାହୁଲ ଗାନ୍ଧୀଙ୍କ ପାଖକୁ ପଠାଇଥିଲେ । ସେମାନେ ରାହୁଲଙ୍କୁ ମଧ୍ୟ ଏହି ପ୍ରସ୍ତାବ ଦେଇଥିଲେ । ତେବେ ଆମେ ଏହି ପ୍ରସ୍ତାବକୁ ଗ୍ରହଣ କରି ନଥିଲୁ । ଆମେ ଲୋକଙ୍କ ପାଖକୁ ଯାଇ ନିର୍ବାଚନ ଲଢିବାକୁ ନିଷ୍ପତ୍ତି ନେଇଥିଲୁ । ପାୱାର କିନ୍ତୁ ଏହି ଦୁଇ ଲୋକଙ୍କ ପରିଚୟ ପ୍ରକାଶ କରି ନାହାନ୍ତି । ତେବେ ସେ କହିଛନ୍ତି ଯେ ଏଥିରୁ ଜଣାପଡୁଛି ଯେ ନିର୍ବାଚନରେ ଜାଲିଆତି ହୋଇଛି । ପାୱାର କହିଲେ ଯେ ରାହୁଲ ଗାନ୍ଧୀ ଯେଉଁ ପ୍ରଶ୍ନ ଉଠାଉଛନ୍ତି, ନିର୍ବାଚନ କମିସନ ତାର ଜବାବ ଦିଅନ୍ତୁ । କମିସନ ବଦଳରେ ବିଜେପି କାହିଁକି ପ୍ରତିକ୍ରିୟା ଦେଉଛି ବୋଲି ପାୱାର ପ୍ରଶ୍ନ କରିଛନ୍ତି ।

ଅନ୍ୟପକ୍ଷରେ ମୁଖ୍ୟମନ୍ତ୍ରୀ ଦେବେନ୍ଦ୍ର ଫଡନଭୀସ କହିଛନ୍ତି ଯେ ପାୱାର ପୂର୍ବରୁ ଏହା କହିନଥିଲେ । ବୋଧେ ସେ ରାହୁଲ ଗାନ୍ଧୀଙ୍କ ପ୍ରଭାବରୁ ଏପରି କହୁଛନ୍ତି । ନିର୍ବାଚନର ଏତେ ଦିନ ପରେ ପାୱାରଙ୍କୁ ଏହି କଥା କିଭଳି ମନେ ପଡ଼ିଲା ବୋଲି ସେ ପ୍ରଶ୍ନ କରିଛନ୍ତି । ରାହୁଲ ପ୍ରତିଦିନ ମନଗଢ଼ା କାହାଣୀ କହୁଛନ୍ତି । ରାହୁଲଙ୍କ ଭଳି ପାୱାର ମଧ୍ୟ ଏଭଳି କହିବା ଆରମ୍ଭ କଲେଣି । ଏହାପୂର୍ବରୁ ରାହୁଲ ଦିଲ୍ଲୀରେ ଏକ ସାମ୍ବାଦିକ ସମ୍ମିଳନୀରେ ଭୋଟର ତାଲିକାରେ ଜାଲିଆତି ହେବା ଓ ମହାରାଷ୍ଟ୍ର, କର୍ଣ୍ଣାଟକ ଓ ହରିୟାଣା ବିଧାନସଭା ନିର୍ବାଚନରେ ଭୋଟଚୋରି ହେବା ନେଇ ଅଭିଯୋଗ କରିଥିଲେ ।



## ଝାଡ଼ଖଣ୍ଡରେ ଦୁଇ ମାଲ୍‌ଗାଡି ଧକ୍କା, ରେଳ ଚଳାଚଳ ବାଧାପ୍ରାପ୍ତ

ରାଞ୍ଚି, ୯ ।୮ (ଏଜେନ୍ସି): ଝାଡଖଣ୍ଡର ଜାମସେଦପୁର ନିକଟସ୍ଥ ଚାନ୍ଦିଲ୍‌ରେ ଶନିବାର ସକାଳ ୪.୧୫ରେ ଦୁଇଟି ମାଲଗାଡି ପରସ୍ପରକୁ ଧକ୍କା ଦେଇଥିଲେ । ଗାଡିର ଏକାଧିକ ଡବା ରେଳ ଲାଇନ ବାହାରକୁ ଚାଲିଯାଇଥିଲା । ଫଳରେ ଏହି ରୁଟ୍‌ରେ ସବୁ ରେଳ ଚଳାଚଳକୁ ବନ୍ଦ କରିଦିଆଯାଇଛି । ଦୁର୍ଘଟଣା ପରେ ରେଳ ଲାଇନ ଉପରେ ଆବର୍ଜନା ବିଛାଡି ହୋଇ ପଡ଼ିଥିଲା । ମିଳିଥିବା ସୂଚନା ମୁତାବିକ ଗୋଟିଏ ମାଲଗାଡି ଟାଟାନଗରରୁ ବୋକାରୋ ଯାଉଥିଲା । ଅନ୍ୟ ଗାଡିଟି ବୋକାରୋରୁ ଟାଟାନଗର ଆସିଥିଲା । ସିଗ୍‌ନାଲ ସିଷ୍ଟମ୍‌ରେ ବୈଷୟିକ ତ୍ରୁଟି କାରଣରୁ ଦୁର୍ଘଟଣା ଘଟିଥିବା ଆଶଙ୍କା କରାଯାଉଛି । ପ୍ରତ୍ୟକ୍ଷଦର୍ଶୀଙ୍କ ସୂଚନା ଅନୁଯାୟୀ ଏକ ମାଲଗାଡି ଟାଟା ନଗରରୁ ପୁରୁଲିଆକୁ ଯାଉଥିଲା । ଚାନ୍ଦିଲ ଷ୍ଟେସନ ପାର କରିବା ପରେ ଏହି ଗାଡି ଲାଇନଚ୍ୟୁତ ହୋଇଥିଲା ଓ ଏହି ଗାଡିର ଏକାଧିକ ବଗି ସାମ୍ନା ପଟୁ ଆସିଥିବା ଟ୍ରାକ୍ ଉପରେ ପଡ଼ିଥିଲା । ସାମ୍ନା ପଟୁ ଆସୁଥିବା ଗାଡି ଏହି ବଗିଗୁଡିକୁ ଧକ୍କା ଦେଇଥିଲା । ଫଳରେ ଦ୍ୱିତୀୟ ମାଲଗାଡିର ବଗିଗୁଡିକ ମଧ୍ୟ ଲାଇନଚ୍ୟୁତ ହୋଇଥିଲା । ଏହି ଦୁର୍ଘଟଣା ପିତକୀ ଗେଟ୍ ଓ ଚାଣ୍ଡିଲ ଷ୍ଟେସନ ମଧ୍ୟରେ ହୋଇଛି ।

## ୧୫ରେ ଆଲାସ୍କାରେ ପୁତିନଙ୍କୁ ଭେଟିବେ ଟ୍ରମ୍ପ

ୱାସିଂଟନ, ୯ ।୮ (ଏଜେନ୍ସି): ଆଲାସ୍କାରେ ଅଗଷ୍ଟ ୧୫ରେ ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଓ ରୁଷିଆର ରାଷ୍ଟ୍ରପତି ଭ୍ଲାଦିମିର ପୁତିନଙ୍କ ମଧ୍ୟରେ ଶିଖର ବୈଠକ ହେବ । ଟ୍ରମ୍ପ ଶୁକ୍ରବାର ରାତିରେ ଏ ନେଇ ସୋସିଆଲ ମିଡିଆରେ ସୂଚନା ଦେଇଛନ୍ତି । ଖୁବଶୀଘ୍ର ଏହି ବୈଠକ ସହିତ ଜଡିତ ବିଭିନ୍ନ ସୂଚନା ସାର୍ବଜନୀନ କରାଯିବ ବୋଲି ସେ କହିଛନ୍ତି । ରୁଷିଆ ଓ ୟୁକ୍ରେନ୍ ମଧ୍ୟରେ ଚାଲିଥିବା ଯୁଦ୍ଧ ରୋକିବା ନେଇ ଏହି ବୈଠକରେ ଆଲୋଚନା ହେବ ବୋଲି ଆଶା କରାଯାଉଛି । ଅନ୍ୟପଟେ ରୁଷିଆ ଆମ ଅଞ୍ଚଳ ଉପରେ କବ୍‌ଜା କରିଛି ଓ ଏହାକୁ ଆମେ କେବେବି ଦେବୁନାହୁଁ ବୋଲି ୟୁକ୍ରେନ ରାଷ୍ଟ୍ରପତି ଭୋଲୋଡିମିର ଜେଲେନସ୍କି କହିଛନ୍ତି । ଶାନ୍ତି ପାଇଁ ଯୁଦ୍ଧ ରୋକିବାକୁ ଆମେ ପ୍ରସ୍ତୁତ ବୋଲି ଜେଲେନସ୍କି କହିଛନ୍ତି ।

# 'ଫ୍ୟାଟ୍‌ମ୍ୟାନ୍' ପ୍ରଳୟକୁ ପୂରିଲା ୮୦: ପ୍ରିୟଜନଙ୍କୁ ଶ୍ରଦ୍ଧାଞ୍ଜଳି ଦେଲେ 'ହିବାକୁଶା'

ଟୋକିଓ, ୯ ।୮ (ଏଜେନ୍ସି): ଜାପାନର ନାଗାସାକିରେ ୧୯୪୫ରେ ହୋଇଥିବା ପରମାଣୁ ବୋମା ଆକ୍ରମଣକୁ ଶନିବାର ୮୦ ବର୍ଷ ପୂରିଛି । ଆମେରିକା ଅଗଷ୍ଟ ୯ରେ ସକାଳ ୧୧ଟାରେ ହିଁ ଜାପାନର ଏହି ସହରରେ ପରମାଣୁ ବୋମା ମାଡ କରିଥିଲା ଓ ଏହାପରେ ଦ୍ୱିତୀୟ ବିଶ୍ୱଯୁଦ୍ଧ ଶେଷ ହୋଇଥିଲା । ବିଶ୍ୱରେ ଶେଷଥର ପାଇଁ ନାଗାସାକିରେ ପରମାଣୁ ବୋମା ପଡ଼ିଥିଲା । ଏହି ବୋମାର ନାମ ଥିଲା 'ଫ୍ୟାଟମ୍ୟାନ' । ଏହି ଆକ୍ରମଣରେ ୭୦ ହଜାର ଲୋକ ପ୍ରାଣ ହରାଇଥିଲେ । ଏହାର ୩ ଦିନ ପୂର୍ବରୁ ଅର୍ଥାତ ଅଗଷ୍ଟ ୬ରେ ହିରୋସିମାରେ ଆମେରିକା ପ୍ରଥମ ପରମାଣୁ ବୋମା ମାଡ କରିଥିଲା ଓ ଏହାର ନାମ 'ଲିଟିଲ ବଏ' ଥିଲା । ଏହି ଆକ୍ରମଣରେ ୧ ଲକ୍ଷ ୪୦ ହଜାର ଲୋକ ମୃତ୍ୟୁବରଣ କରିଥିଲେ । ଏହି ଦୁଇଟି ପରମାଣୁ ବୋମା ମାଡ଼ ପରେ ଜାପାନ ୧୯୪୫ ଅଗଷ୍ଟ ୧୫ରେ ଆତ୍ମ ସମର୍ପଣ କରିଥିଲା ଓ ଏଥିସହ ଦ୍ୱିତୀୟ ବିଶ୍ୱଯୁଦ୍ଧ ଶେଷ ହୋଇଥିଲା । ଏହି ଦୁଇଟି ପରମାଣୁ ବୋମା ବିଭୀଷିକାରୁ ବର୍ତ୍ତିଯାଇଥିବା ୯୯ ହଜାର ୧୩୦ ଜଣ ଲୋକ ଏବେ ଜୀବିତ ଅଛନ୍ତି । ଏହି ଲୋକମାନଙ୍କୁ ହିବାକୁଶା କୁହାଯାଉଛି । ଏମାନଙ୍କ ହାରିହାରି ବୟସ ହେଉଛି ୮୬ ବର୍ଷ । ପରମାଣୁ ବୋମା ଆକ୍ରମଣରେ ମୃତାହତ ଲୋକଙ୍କୁ ଶ୍ରଦ୍ଧାଞ୍ଜଳି ଦିଆଯାଇଛି । ଏହି ଶ୍ରଦ୍ଧାଞ୍ଜଳି ସମାରୋହରେ ଯୋଗ ଦେବାକୁ ନାକାସାକି ପ୍ରଶାସନ ସବୁଦେଶକୁ ନିମନ୍ତ୍ରଣ କରିଥିଲା । କିନ୍ତୁ ଚୀନ୍ ଏହି ନିମନ୍ତ୍ରଣକୁ ଗ୍ରହଣ କରିନାହିଁ । ନାଗାସାକିର ପିସ୍ ପାର୍କରେ ଆୟୋଜିତ ଏହି ଶ୍ରଦ୍ଧାଞ୍ଜଳି ସମାରୋହରେ ୯୫ଟି ଦେଶର ପ୍ରତିନିଧି ଯୋଗ ଦେଇଥିଲେ । ଏଥିରେ ଜାପାନ ପ୍ରଧାନମନ୍ତ୍ରୀ ଶିଗେରୁ ଇଶିବା ଓ ନାଗାସାକି ମେୟର ଶିରୋ ସୁଜୁକି ଯୋଗ ଦେଇଥିଲେ ।



୧୯୪୫ରେ ଦ୍ୱିତୀୟ ବିଶ୍ୱଯୁଦ୍ଧ ଶେଷ ହେବାକୁ ଯାଉଥିବା ବେଳେ ଆମେରିକା ଓ ଜାପାନ ମଧ୍ୟରେ ସମ୍ପର୍କ ଖରାପ ହେବାରେ ଲାଗିଥିଲା । ଜାପାନ ଇଷ୍ଟ- ଇଣ୍ଡିଜ କ୍ଷେତ୍ରକୁ ଅକ୍ତିଆର କରିବାକୁ ନିଜ ସେନାକୁ ଆଗକୁ ବଢ଼ାଇଥିଲା । ଜାପାନକୁ ଆତ୍ମସମର୍ପଣ କରାଇବା ପାଇଁ ଆମେରିକାର ରାଷ୍ଟ୍ରପତି ହ୍ୟାରୀ ଟ୍ରୁମ୍ୟାନ ଏହି ପରମାଣୁ ବୋମା ଆକ୍ରମଣ କରିବାକୁ ନିର୍ଦ୍ଦେଶ ଦେଇଥିଲେ । ଜାପାନ ଆତ୍ମସମର୍ପଣ କରୁ କିମ୍ବା ସମ୍ପୂର୍ଣ୍ଣ ଭାବେ ବିନାଶ ହେବାକୁ ପ୍ରସ୍ତୁତ ରହୁ ବୋଲି ଟ୍ରୁମ୍ୟାନ ସେତେବେଳେ ଚେତାବନୀ ଦେଇଥିଲେ ।

# ‘ସୁଭଦ୍ରା’ର ତୃତୀୟ କିସ୍ତି ପ୍ରଦାନ କଲେ ମୁଖ୍ୟମନ୍ତ୍ରୀ




ଜୟପୁର, ୯ ।୮ (ସମିସ): ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଜୟପୁରଠାରେ ‘ସୁଭଦ୍ରା’ ଯୋଜନାର ତୃତୀୟ କିସ୍ତି ତଥା ନୂତନ ହିତାଧିକାରୀଙ୍କୁ ପ୍ରଥମ କିସ୍ତି ବଣ୍ଟନ କରିଛନ୍ତି। ବାଙ୍କବିଜସ୍ଥିତ ରେଳଷ୍ଟେସନ୍ ନିକଟସ୍ଥ ପଡ଼ିଆରେ ଏନେଇ ଆୟୋଜିତ ଏକ ସ୍ୱତନ୍ତ୍ର ସଭାରେ

- ଜୟପୁର-ଭୁବନେଶ୍ୱର ମଧ୍ୟରେ ଖୁବ୍‌ଶୀଘ୍ର ‘ବନ୍ଦେ ଭାରତ’
- ୭୬୨ କୋଟି ମୂଲ୍ୟର ବିଭିନ୍ନ ପ୍ରକଳ୍ପର ଶିଳାନ୍ୟାସ

ମୁଖ୍ୟମନ୍ତ୍ରୀ ଏହାର ଶୁଭାରମ୍ଭ କରିଛନ୍ତି। ଏହି ଅର୍ଥ ସିଧାସଳଖ ହିତାଧିକାରୀମାନଙ୍କ ଆକାଉଣ୍ଟକୁ ଯାଇଛି। ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ମହିଳାମାନଙ୍କୁ ଆର୍ଥିକ ସ୍ୱାବଲମ୍ବୀ କରିବା ପାଇଁ ‘ସୁଭଦ୍ରା’ ସହାୟତା ପ୍ରଦାନ କରାଯାଇଛି। ଏହାଦ୍ୱାରା ମହିଳାମାନଙ୍କ ଜୀବନରେ ପ୍ରଗତି ଓ ପରିବର୍ତ୍ତନର ନୂଆ ଅଧ୍ୟାୟ ସୃଷ୍ଟି ହେବ। ପରିବାରର ଆର୍ଥିକ ଶକ୍ତି ବୃଦ୍ଧିରେ ମଧ୍ୟ ଏହା ସହାୟକ ହେବ।

ଆଜି ପୂର୍ବାହ୍ନରେ ଏକ ସ୍ୱତନ୍ତ୍ର ବିମାନରେ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ଜୟପୁର ବିମାନବନ୍ଦରରେ ପହଞ୍ଚିବା ପରେ ଅରବିନ୍ଦନଗର ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ରକ୍ଷାବନ୍ଧନ ପୂଜାର୍ଚ୍ଚନା ଏବଂ ଗୋ-ପୂଜନ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ। ସେଠାରେ ବିଦ୍ୟାଳୟର ଛାତ୍ରୀମାନେ ମୁଖ୍ୟମନ୍ତ୍ରୀଙ୍କୁ ରାକ୍ଷୀ ବାନ୍ଧିଥିଲେ। ପରେ ଶ୍ରୀରାମନଗର ପାର୍କଠାରେ ପୂର୍ବତନ ମନ୍ତ୍ରୀ ସ୍ୱର୍ଗତ ହରିଶ୍ଚନ୍ଦ୍ର ବକ୍ସିପାତ୍ରଙ୍କ ନୂତନ ପ୍ରତିମୂର୍ତ୍ତିକୁ ମୁଖ୍ୟମନ୍ତ୍ରୀ ଉନ୍ମୋଚନ କରିଥିଲେ। ଏହାପରେ ବାଙ୍କବିଜସ୍ଥିତ ରେଳ ଷ୍ଟେସନ୍ ନିକଟ ପଡ଼ିଆରେ ଆୟୋଜିତ ସଭାରେ ଉଦ୍‌ବୋଧନ ଦେବା ସହ ସୁଭଦ୍ରା ସହାୟତା ପ୍ରଦାନ କରିଥିଲେ। ଏଥିରେ ଜିଲ୍ଲାର ବିବାଦୀୟ କୋଟିଆ ପଞ୍ଚାୟତରେ ବସବାସ କରୁଥିବା ୧୭୯୭ ମହିଳା ପ୍ରଥମ କିସ୍ତି ଓ ୧୭୯୫ଜଣ ଦ୍ୱିତୀୟ କିସ୍ତି ଅର୍ଥ ପାଇଛନ୍ତି।

ଏହି ଅବସରରେ ମୁଖ୍ୟମନ୍ତ୍ରୀ କୋରାପୁଟ ଜିଲ୍ଲାରେ ୭୬୨ କୋଟିରୁ ଊର୍ଦ୍ଧ୍ୱ ଟଙ୍କା ମୂଲ୍ୟର ବିଭିନ୍ନ ଉନ୍ନୟନମୂଳକ ପ୍ରକଳ୍ପର ଶୁଭାରମ୍ଭ କରିଛନ୍ତି। ଏଥିରେ ଶିକ୍ଷା, ସ୍ୱାସ୍ଥ୍ୟ, ପୋଲ, ସଡ଼କ, ପର୍ଯ୍ୟଟନ ଭଳି ଗୁରୁତ୍ୱପୂର୍ଣ୍ଣ ଭିତ୍ତିଭୂମି ଉନ୍ନୟନମୂଳକ ପ୍ରକଳ୍ପ ରହିଛି। ସେହିପରି, ଜିଲ୍ଲାରେ ୪୫୨କୋଟି ଟଙ୍କାରୁ ଊର୍ଦ୍ଧ୍ୱ ୪୩୬ଟି ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି। ଜୟପୁର-ଭୁବନେଶ୍ୱର ମଧ୍ୟରେ ଖୁବ୍‌ଶୀଘ୍ର ‘ବନ୍ଦେ ଭାରତ’ ଟ୍ରେନ୍ ଚଳାଚଳ ବ୍ୟବସ୍ଥା କରାଯିବ ଏବଂ ଏଥିପାଇଁ କେନ୍ଦ୍ର ସରକାରଙ୍କୁ ଅନୁରୋଧ କରାଯିବ ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ। ସେହିପରି ସ୍ଥାନୀୟ ସେବା ପେପର୍ ମିଲ ପୁନର୍ବାର ଚାଲୁ ଏବଂ ଜୟପୁରଠାରେ ଏକ ନୂତନ ମହାବିଦ୍ୟାଳୟ ସ୍ଥାପନ ହେବ ବୋଲି ଘୋଷଣା କରିଥିଲେ।

କାର୍ଯ୍ୟକ୍ରମରେ ଉପମୁଖ୍ୟମନ୍ତ୍ରୀ କନକବର୍ଦ୍ଧନ ସିଂହଦେଓ କହିଥିଲେ, ‘ସୁଭଦ୍ରା’ ସହାୟତା ବ୍ୟବହାର କରି ଆଜି ରାଜ୍ୟର ଲକ୍ଷ ଲକ୍ଷ ମା’-ଭଉଣୀମାନେ ଛୋଟବଡ଼ ବ୍ୟବସାୟ ଆରମ୍ଭ କରି ପରିବାରର ଆର୍ଥିକ ସ୍ଥିତିକୁ ବଦଳାଇ ପାରିଛନ୍ତି। ସେହିପରି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା କହିଥିଲେ, ‘ସୁଭଦ୍ରା’ ମାଧ୍ୟମରେ ସରକାର ମହିଳାମାନଙ୍କ ଜୀବନର ଏକାଧିକ ଦିଗରୁ ଉନ୍ନତ କରିବାର ଲକ୍ଷ୍ୟ ରଖିଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ, ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ, ମନ୍ତ୍ରୀ ବିଭୂତି ଭୂଷଣ ନାୟକ, ନବରଙ୍ଗପୁର ସାଂସଦ ବଳଭଦ୍ର ମାଝି, ବିଧାୟକ ତାରାପ୍ରସାଦ ବାହିନୀପତି, ବିଧାୟକ ରଘୁରାମ ମାଛ, ବିଧାୟକ ରୂପୁ ଭତ୍ରା, ବିଧାୟକ ନରସିଂହ ମାଡକାମି, ବିଧାୟକ ଗୌରୀଶଙ୍କର ମାଝୀ ପ୍ରମୁଖ ଉପସ୍ଥିତ ଥିଲେ।

# ଓଡ଼ିଶାରେ ବି ଭୋଟ୍ ଚୋରି

## ନିର୍ବାଚନ କମିଶନଙ୍କ ଉପରେ ବର୍ଷିଲେ ଭକ୍ତ

ଭୁବନେଶ୍ୱର, ୯।୮ (ସମିସ): କର୍ଣ୍ଣାଟକରେ ଭୋଟ ଚୋରି ନେଇ ସଂସଦରେ ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ ଗୁରୁତର ଅଭିଯୋଗ ଆଣିବା ପରେ ଏହାକୁ ନେଇ ରାଜ୍ୟ ରାଜନୀତି ଉଷ୍ମ ହୋଇଛି। ଗତ ସାଧାରଣ ନିର୍ବାଚନରେ ଓଡ଼ିଶାରେ ମଧ୍ୟ ଭୋଟ ଚୋରି ହୋଇଥିବା ନେଇ ଅଭିଯୋଗ କରିଛନ୍ତି କଂଗ୍ରେସ ଓ ବିଜେଡି। ପୂର୍ବରୁ ବିଜେଡି ଏନେଇ ଭାରତୀୟ ନିର୍ବାଚନ ଆୟୋଗଙ୍କ ନିକଟରେ ବିଧିବଦ୍ଧ ଅଭିଯୋଗ କରିଥିବା ବେଳେ ଶନିବାର ପିସିସି ସଭାପତି ଭକ୍ତଚରଣ ଦାସ କେନ୍ଦ୍ର ସରକାର ଏବଂ ନିର୍ବାଚନ ଆୟୋଗଙ୍କୁ ଏନେଇ ନିଶାଣ କରିଛନ୍ତି। ରାଜ୍ୟରେ ୨୧ ଲୋକସଭା ଆସନରେ ୪୨ ଲକ୍ଷ ଅଧିକ ଭୋଟ ପଡ଼ିଛି।

- ରାଜ୍ୟରେ ପଡ଼ିଛି ଅଧିକ ୪୨ ଲକ୍ଷ ଭୋଟ
- ଭୋଟଚୋରି ପାଇଁ ବିଜେପିରୁ ୨୦ ସାଂସଦ
- ବିଜେଡି ଦୋହରାଇଲା ସମାନ ଅଭିଯୋଗ; ୧୯ରେ ନିର୍ବାଚନ ଆୟୋଗଙ୍କ ଦ୍ୱାରସ୍ଥ ହେବ

ଅପରପକ୍ଷେ ୫୧ ବିଧାନସଭା ଆସନରେ ବିଜେଡି ଜିତିଥିବା ବେଳେ ଗୋଟେ ହେଲେ ବି ଲୋକସଭା ଆସନ ଜିଣିପାରିଲା ନାହିଁ। ସେହିପରି କଳାହାଣ୍ଡି ଓ କେନ୍ଦ୍ରାପଡ଼ା ଲୋକସଭା ଆସନରେ ମାତ୍ର ଗୋଟିଏ ଲେଖାଁଏ ବିଧାନସଭା ଆସନ ଜିତି ବିଜେପି ଲୋକସଭା ଆସନ କିଭଳି ଜିତିଲା ବୋଲି ଶ୍ରୀ ଦାସ ପ୍ରଶ୍ନ କରିଛନ୍ତି।

ଶନିବାର କଂଗ୍ରେସ ଭବନରେ ଶ୍ରୀ ଦାସ ଗଣମାଧ୍ୟମକୁ ସମ୍ବୋଧନ କରି କହିଛନ୍ତି ଯେ ନିର୍ବାଚନ କମିଶନ ଓ ଶାସକ ଦଳ ହାତ ମିଶାଇ ଭୋଟ ଚୋରି କରିଛନ୍ତି। ସେଥିପାଇଁ ରାହୁଲ ଗାନ୍ଧୀ ବାରମ୍ବାର ମାଗିବା ସତ୍ତ୍ୱେ ନିର୍ବାଚନ କମିଶନ ଭୋଟରଙ୍କ ତଥ୍ୟ କିମ୍ବା ମତଦାନ ବେଳର ତଥ୍ୟ ଦେଲେନାହିଁ। ଗତ ନିର୍ବାଚନ ନିରପେକ୍ଷ ଭାବେ ହୋଇଥିଲେ ରାଜ୍ୟରେ କଂଗ୍ରେସ ୩୫-୪୦ ବିଧାନସଭା ଆସନ ହାସଲ କରିପାରିଥାନ୍ତା। ମହାରାଷ୍ଟ୍ର ଓ ଅନ୍ୟ ରାଜ୍ୟ ପରି ଓଡ଼ିଶାରେ ମଧ୍ୟ ଭୋଟ ଚୋରି ହେବାରୁ ବିଜେପିର ୨୦ ସାଂସଦ ଜିତିବାରେ ସକ୍ଷମ ହେଲେ। ଆସନ୍ତା ସୋମବାରରୁ ଏ ନେଇ ଲୋକଙ୍କୁ ସଚେତନ କରାଯିବ ବୋଲି ଶ୍ରୀ ଦାସ ସୂଚନା ଦେଇଛନ୍ତି। କଂଗ୍ରେସର ଭୋଟଚୋରି ପ୍ରସଙ୍ଗକୁ ବିଜେଡି ମଧ୍ୟ ବଳ ଯୋଗାଇଛି। ଅନୁରୂପ ଅଭିଯୋଗ ଆଣି ଦଳର ମୁଖପାତ୍ର ଡ. ଲେନିନ ମହାନ୍ତି କହିଛନ୍ତି ଯେ ଦଳର ବରିଷ୍ଠ ନେତା ଅମର ପଟ୍ଟନାୟକ ରାଜ୍ୟରେ ଭୋଟ ଜାଲିଆତି ନେଇ ପୂର୍ବରୁ କହିଥିଲେ। ଫର୍ମ -୧୭ ସି ଏଯାଏଁ ବିଜେଡିକୁ ଦିଆଗଲା ନାହିଁ। ଆସନ୍ତା ୧୯ ତାରିଖରେ ପୁଣି ବିଜେଡି ଭାରତୀୟ ନିର୍ବାଚନ ଆୟୋଗଙ୍କ ନିକଟକୁ ଯିବ ବୋଲି ସେ ସୂଚନା ଦେଇଛନ୍ତି।

**ଅସହ୍ୟ ହେଲା ପ୍ରଧାନ ଶିକ୍ଷୟିତ୍ରୀଙ୍କ ନିର୍ଯାତନା**

# ୩ ମହଲା କୋଠାରୁ ଡେଇଁ ପଡ଼ିଲେ ଛାତ୍ରୀ

ବେତନଟୀ, ୯ ।୮ (ସମିସ): ପ୍ରଧାନଶିକ୍ଷୟିତ୍ରୀଙ୍କ ନିର୍ଯାତନା ଅସହ୍ୟ ହେବାରୁ ୩ ମହଲା ହଷ୍ଟେଲ ଛାତରୁ ଡେଇଁ ଛାତ୍ରୀଙ୍କ ଆତ୍ମହତ୍ୟା ଉଦ୍ୟମ। ମୟୂରଭଞ୍ଜ ଜିଲ୍ଲା ବେତନଟୀ ବ୍ଲକ୍ ଏସ୍. ଏସ୍ ନହଣ୍ଡାଶୋଳ କସ୍ତୁରବା ଗାନ୍ଧୀ ବାଳିକା ବିଦ୍ୟାଳୟ (କେଜିବିଭି)ରେ ଏପରି ଏକ ଘଟଣା ଘଟିଛି। ୪ ଦିନ ତଳେ ଏହି ଘଟଣା ଘଟିଥିଲେ ହେଁ ଛାତ୍ରୀଙ୍କ ବାପା ଆଜି ଅଭିଯୋଗ କରିବା ପରେ ଘଟଣା ପଦାକୁ ଆସିଛି। ଗୁରୁତର ଛାତ୍ରୀଜଣଙ୍କ ହେଲେ, ବେତନଟୀ ବ୍ଲକ୍ ଅଧୀନ କଳମା ପଞ୍ଚାୟତ ଗୋବିନ୍ଦରାୟପୁର ଗ୍ରାମର ସାଇନା ଖାତୁନ। ତାଙ୍କୁ ସଂକଟାପନ୍ନ ଅବସ୍ଥାରେ ପ୍ରଥମେ ବେତନଟୀ ଡାକ୍ତରଖାନା ଓ ପରେ ବାଲେଶ୍ୱରସ୍ଥିତ ଏକ ଘରୋଇ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ତାଙ୍କର ମେରୁଦଣ୍ଡ ହାଡ଼ ଭାଙ୍ଗି ଯାଇଥିବା ବେଳେ ଶରୀରର ବିଭିନ୍ନ ସ୍ଥାନରେ ଆଘାତ ଲାଗିଛି। ଅପରପକ୍ଷେ, ଛାତ୍ରୀଙ୍କ ବାପା ସେକ ମେଜବୁଲଙ୍କ ଅଭିଯୋଗ ଆଧାରରେ ପୁଲିସ୍ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ



କରିଛି। ସେହିପରି ପ୍ରଧାନଶିକ୍ଷୟିତ୍ରୀ କାଞ୍ଚନବାଳା କରଙ୍କୁ ଚାକିରିରୁ ନିଲମ୍ବିତ କରାଯାଇଛି।

ସୂଚନାନୁଯାୟୀ, ସାଇନା ଅଷ୍ଟମ ବାର୍ଷିକ ପରୀକ୍ଷାରେ ସର୍ବୋଚ୍ଚ ନମ୍ବର ରଖି ପ୍ରଥମ ସ୍ଥାନ ପାଇବା ପାଇଁ ଯୋଗ୍ୟଥିବା ବେଳେ ପ୍ରଧାନଶିକ୍ଷୟିତ୍ରୀ କାଞ୍ଚନବାଳା ତାଙ୍କୁ କମ ନମ୍ବର ଦେଇଥିଲେ। ଏହାର ସେ ପ୍ରତିବାଦ କରିଥିଲେ। ଏନେଇ ସେ ବାରମ୍ବାର ପ୍ରଶ୍ନ କରିବାରୁ ଗତ ମାର୍ଚ୍ଚରୁ ଜୁଲାଇ ମଧ୍ୟରେ

- ଭାଙ୍ଗିଛି ମେରୁଦଣ୍ଡ ହାଡ଼; ଗୁରୁତର ଅବସ୍ଥାରେ ଚିକିତ୍ସାଧୀନ
- ପ୍ରଧାନ ଶିକ୍ଷୟିତ୍ରୀ ନିଲମ୍ବିତ

ବିଭିନ୍ନ ସମୟରେ ପ୍ରଧାନଶିକ୍ଷୟିତ୍ରୀ ରାଗ ରଖି ଛାତ୍ରୀଙ୍କୁ ଶାରୀରିକ ଓ ମାନସିକ ନିର୍ଯାତନା ଦେଇଆସୁଥିଲେ। ଏପରିକି, ବିନା କାରଣରେ ଗାଳିଗୁଲଜ କରି ପ୍ରବଳ ମାଡ଼ ମାରୁଥିଲେ। ଏ ସଂପର୍କରେ ଛାତ୍ରୀଙ୍କ ବାପା ଜାଣିବା ପରେ ପ୍ରଧାନ ଶିକ୍ଷୟିତ୍ରୀଙ୍କୁ ମଧ୍ୟ ବହୁବାର ଅଭିଯୋଗ କରିଛନ୍ତି।

ଗତ ରବିବାର ସାଇନା ସଜ ହେଉଥିବା ବେଳେ ପ୍ରଧାନ ଶିକ୍ଷୟିତ୍ରୀ ତାଙ୍କୁ କଟୁ ମନ୍ତବ୍ୟ ଦେଇ ଅପମାନିତ କରିଥିଲେ। ଏହା ସହି ନପାରି ସାଇନା ଏକ ସୁଇସାଇଡ ନୋଟ୍ ଲେଖି ୩ ମହଲା ଛାତରୁ ଡେଇଁ ଆତ୍ମହତ୍ୟା ଉଦ୍ୟମ କରିଥିଲେ। ଗୁରୁବାର ଥାନାରେ ଅଭିଯୋଗ ପରେ ଶୁକ୍ରବାର ବେତନଟୀ ବ୍ଲକ ଶିକ୍ଷା ଅଧିକାରୀ ବିପ୍ଳବ କର ଓ ଆଇଆଇସି ସସ୍ମିତା ମହାନ୍ତ, ବିଡିଓ ସୁଶାନ୍ତ ସୂତାର ଛାତ୍ରୀନିବାସ ଓ ବିଦ୍ୟାଳୟରେ ପହଞ୍ଚି ଘଟଣା ସମ୍ପର୍କରେ ତଦନ୍ତ କରିଛନ୍ତି। ବ୍ଲକ୍ ଶିକ୍ଷା ଅଧିକାରୀ ଶ୍ରୀ କର ସ୍କୁଲର ଶିକ୍ଷକ ଶିକ୍ଷୟିତ୍ରୀ ଏବଂ ଛାତ୍ରୀଙ୍କ ବୟାନ ନେବା ପରେ ପ୍ରଧାନ ଶିକ୍ଷୟିତ୍ରୀ ଶ୍ରୀମତୀ କରଙ୍କୁ ଚାକିରିରୁ ନିଲମ୍ବିତ କରିଛନ୍ତି।



ପବିତ୍ର ରକ୍ଷା ବନ୍ଧନ ଅବସରରେ ଛାତ୍ରୀମାନେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ରାକ୍ଷୀ ବାନ୍ଧୁଛନ୍ତି

**ଆଇଜର୍‌ର ସମାବର୍ତ୍ତନ ଉତ୍ସବ**

# ଶିକ୍ଷାକୁ ପରିବେଶ ଓ ସମାଜ ପରିବର୍ତ୍ତନରେ ବିନିଯୋଗ କର: ରାଜ୍ୟପାଳ

ବ୍ରହ୍ମପୁର/ରଙ୍ଗେଇଲୁଣ୍ଡା, ୯ ।୮ (ସମିସ): ଭାରତୀୟ ବିଜ୍ଞାନ ଶିକ୍ଷା ଏବଂ ଅନୁସନ୍ଧାନ ସଂସ୍ଥାନ ବ୍ରହ୍ମପୁର (ଆଇଜର)ର ୫ମ ସମାବର୍ତ୍ତନ ଉତ୍ସବ ନିର୍ଦ୍ଦେଶକ ପ୍ରଫେସର ଅଶୋକ କୁମାର ଗାଙ୍ଗୁଲିଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ରାଜ୍ୟପାଳ ଡ. ହରିବାବୁ କମ୍ଭମପାଟି ଯୋଗଦେଇ ଶିକ୍ଷାକୁ କେବଳ ଡିଗ୍ରୀରେ ସୀମିତ ନ ରଖି ସମାଜ ପରିବର୍ତ୍ତନରେ ଲଗାଇବା ସହ ପରିବେଶ ଓ ସମାଜ କଲ୍ୟାଣରେ ବିନିଯୋଗ କରିବାକୁ ବିଦ୍ୟାର୍ଥୀଙ୍କୁ ପରାମର୍ଶ ଦେଇଥିଲେ। ଏହି ଅବସରରେ ସେ ଜାତୀୟ ଶିକ୍ଷାନୀତିକୁ ପ୍ରଶଂସା କରିଥିଲେ।




କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ସମ୍ମାନିତ ଅତିଥି ଭାବେ ଯୋଗଦେଇ କହିଥିଲେ, ୨୦୧୬ରେ ଭାରତ ସରକାରଙ୍କ ପକ୍ଷରୁ ଆରମ୍ଭ ହୋଇଥିବା ଏହି ଅନୁଷ୍ଠାନ ପୂର୍ଣ୍ଣାଙ୍ଗ ଜ୍ଞାନମନ୍ଦିର ଭାବେ ପରିଗଣିତ ହୋଇଛି। ଏହା ଦେଶ ପାଇଁ ଗୌରବର ବିଷୟ। ଆଗାମୀ ଦିନରେ ଏଠାକାର ଅନୁସନ୍ଧାନ ବିକଶିତ ଭାରତର କାମରେ ଆସିବ। ଏହି ଅନୁଷ୍ଠାନ ରାଷ୍ଟ୍ରୀୟ ଆବଶ୍ୟକତା ପୂରଣ କରିବ। ନବଅନୁସନ୍ଧାନରେ ଏଠାକାର ପିଲାମାନେ ମଞ୍ଜି ପୋତିବେ। ଏଣୁ ଚାକିରି ପଛରେ ନ ପଡ଼ି ରୋଜଗାର ତିଆରି କରିବାକୁ ସେ ଛାତ୍ରଛାତ୍ରୀଙ୍କୁ ସେ ଆହ୍ୱାନ ଦେଇଥିଲେ।

ଅନ୍ୟତମ ଅତିଥିଭାବେ ରାଜ୍ୟ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ଆସିକା ସାଂସଦ ଅନୀତା ଶୁଭଦର୍ଶିନୀ, ବିଧାୟକ କୃଷ୍ଣଚନ୍ଦ୍ର ନାୟକ, ବିଧାୟକ ପ୍ରତାପ ନାୟକ, ଆଇଜର ଗଭର୍ଣ୍ଣିଙ୍ଗ ବଡ଼ି ଚେୟାରପର୍ସନ ଅରବିନ୍ଦ ଅନନ୍ତ ନାଟୁ, ଡିନ୍ ପ୍ରଫେସର୍ ପ୍ରସନଜିତ ମଣ୍ଡଳ, ରେଜିଷ୍ଟ୍ରାର୍ ପ୍ରଦୀପ କୁମାର ରାୟଙ୍କ ସମେତ ବୋଡର୍‌ର ଅନ୍ୟ ସଦସ୍ୟମାନେ ମଞ୍ଚାସୀନ ଥିଲେ। ଏହି ଅବସରରେ ବିଏସ-ଏମଏସ ବର୍ଗରେ ୧୩୬ ଛାତ୍ରଛାତ୍ରୀଙ୍କୁ ଡିଗ୍ରୀ ପ୍ରଦାନ କରାଯାଇଥିବା ବେଳେ ଜଣଙ୍କୁ ଏମଏଏସ୍ ଡିଗ୍ରୀ ଓ ୨୨ଜଣଙ୍କୁ ପିଏଚ୍‌ଡି ପ୍ରଦାନ କରାଯାଇଥିଲା। ଏହି ଅବସରରେ ଅତିଥିଙ୍କ ଦ୍ୱାରା ଆଇଜର ପରିସରରେ ଚାରାରୋପଣ କରାଯାଇଥିବା ବେଳେ ୭୮୦ କୋଟି ଟଙ୍କାର ବିଭିନ୍ନ ପ୍ରକଳ୍ପର ଉଦ୍‌ଘାଟନ ହୋଇଛି। ଅନ୍ୟମାନଙ୍କ ମଧ୍ୟରେ ଦକ୍ଷିଣାଞ୍ଚଳ ଆଇଜି ନୀତିଶେଖର, ଗଞ୍ଜାମ ଜିଲ୍ଲାପାଳ ଭି. କୀର୍ତ୍ତିଭାସନ, ବ୍ରହ୍ମପୁର ଏସ୍‌ପି ଡ଼ା ସର୍ବଣା ବିବେକ ଏମ, ବ୍ରହ୍ମପୁର ଉପଜିଲ୍ଲାପାଳ ଅବିନାଶ କୁମାରଙ୍କ ସମେତ ବିଭିନ୍ନ ବିଭାଗର ଅଧିକାରୀମାନେ ଉପସ୍ଥିତ ଥିଲେ।

# ସୁବର୍ଣ୍ଣରେଖାରେ ଭାସିଗଲେ ୨ ଭଉଣୀ

## ଶୈବପୀଠରେ ଜଳଲାଗି ପାଇଁ ପାଣି ଉଠାଉଥିଲେ

ଜଳେଶ୍ୱର, ୯।୮ (ସମିସ): ମହାଦେବଙ୍କୁ ଜଳଲାଗି ପାଇଁ ପାଣି ଉଠାଇବାକୁ ଆସିଥିବା ଦୁଇ ଭଉଣୀ ସୁବର୍ଣ୍ଣରେଖା ନଦୀରେ ଭାସି ନିଖୋଜ ହୋଇଯାଇଛନ୍ତି। ସେମାନେ ହେଲେ, ଜଳେଶ୍ୱର ବ୍ଲକ ଶିଖରପୁର ଗାଁର କାହ୍ନୁ ଦାସଙ୍କ ଦୁଇ ଝିଅ ନନ୍ଦିତା (୧୪) ଓ ନନ୍ଦିନୀ (୧୨)। ସାଙ୍ଗମାନଙ୍କ ସହ ଦୁହେଁ ପାଣି ଉଠାଇବାକୁ ଶିଖରପୁର ପୋଲ ନିକଟ ଘାଟକୁ ଯାଇଥିଲେ। ନଦୀର ପ୍ରଖର ସ୍ରୋତରେ ନିୟନ୍ତ୍ରଣ ହରାଇ ୪ଜଣ ଭାସି ଯାଇଥିଲେ। ପାଖରେ ଥିବା କାଉଡ଼ିଆମାନେ ଜ୍ୟୋତିପ୍ରକାଶ ଦାସ, ଚାନ୍ଦିନୀ ଦାସକୁ ଉଦ୍ଧାର କରିଥିଲେ। ହେଲେ ନନ୍ଦିତା ଓ ନନ୍ଦିନୀ ଦୂରକୁ ଭାସିଯିବାରୁ ସେମାନଙ୍କୁ ଉଦ୍ଧାର ସମ୍ଭବ ହୋଇପାରିନଥିଲା। ଖବର ପ୍ରଘଟ ହେବା ପରେ ଗ୍ରାମବାସୀ ଓ ପରିବାରଲୋକେ ନଦୀକୂଳରେ ଖୋଜାଖୋଜି କରିଥିଲେ। ଖବର ପାଇ ଜଳେଶ୍ୱର ଓ ବାଲିଆପାଳରୁ ୨ଟି ଓଡ୍ରାଫ୍ ଟିମ୍, ଦମକଳବାହିନୀ ଖୋଜାଖୋଜି କରିଥିଲେ ମଧ୍ୟ ଖବର ଲେଖା ହେବା ପର୍ଯ୍ୟନ୍ତ ସେମାନଙ୍କୁ ଉଦ୍ଧାର କରାଯାଇପାରିନାହିଁ। ପରିସ୍ଥିତି ସଂପର୍କରେ ଏସ୍‌ଡିପିଓ ସୁବ୍ରତ ବେହେରାଙ୍କ ସହ ଜଳେଶ୍ୱର ପୁଲିସ ନଜର ରଖିଥିବା ଜଣାଯାଇଛି।

**ଡକାୟତି ଯୋଜନା ପଣ୍ଡ**

# ପୁଲିସ୍ ପଞ୍ଝାରେ ଡକାୟତ ଗ୍ୟାଙ୍ଗ

ଅନୁଗୋଳ, ୯ ।୮ (ସମିସ): ଅନୁଗୋଳ ପୁଲିସ୍ ଏକ ବଡ଼ଧରଣର ଡକାୟତି ଯୋଜନା ପଣ୍ଡ କରିବା ସହ ୮ ଡାକୟତଙ୍କୁ ଗିରଫ କରିଛି। ସେମାନେ ହେଲେ, ଅନୁଗୋଳ ସଦର ଥାନା ଅନ୍ତର୍ଗତ ଅଙ୍ଗାରବନ୍ଧ ଗାଁର ପାର୍ଥସାରଥି ପ୍ରଧାନ(୨୫), ବବୁଲୁ ପ୍ରଧାନ (୧୮), ଦିଲୀପ ସାହୁ (୨୨), ଅନୁଗୋଳ ଟାଉନ ଥାନା ଅନ୍ତର୍ଗତ ହୁଲସୁରିଙ୍ଗା ଘାସିସାହିର ସୁଜାଲ ଓରଫ ବୁଦ୍ଧ ମୁଖୀ (୧୯), ଘୁଞ୍ଚାପାଳ ଗାଁର ସୌମ୍ୟ ଓରଫ ସମୟ ନାଏକ (୨୨), ବନ୍ତଳା ଥାନା

- ୮ ଡକାୟତ ଗିରଫ
- ଦୁଇ କାର୍, ୪ ପିସ୍ତଲ ଜବତ

କଲେଇପଦା ଗାଁର ତନ୍ମୟ ନାଏକ ଓରଫ ମଣ୍ଟୁ (୨୧), ମାଣପୁରର ସିଲୁ ଓରଫ ଜଗନ ନାଏକ (୧୯), ଢେଙ୍କାନାଳ ଜିଲ୍ଲା ମୋଟଙ୍ଗା ଥାନା ପୋଡ଼ାପଡ଼ାର ମିଲନ୍ ଓରଫ ରୁଦ୍ରନାରାୟଣ ଭୁଟିଆ (୨୫)। ଏନେଇ ଅନୁଗୋଳ ପୁଲିସ୍ ଏକ ମାମଲା ରୁଜୁ କରାଯାଇ ତଦନ୍ତ ଜାରି ରହିଥିବା ଅପରାହ୍ଣରେ ଏକ ସାମ୍ବାଦିକ ସମ୍ମିଳନୀରେ ଏସ୍‌ଡିପିଓ ମହାଳିକ ସୂଚନା ଦେଇଛନ୍ତି। ପୁଲିସ ସେମାନଙ୍କ ନିକଟରୁ ଦୁଇଟି କାର୍, ୪ଟି ଦେଶୀ ପିସ୍ତଲ, ୭ଟି ମୋବାଇଲ ଓ ୭ ହଜାର ଟଙ୍କା ଓ ଅନ୍ୟାନ୍ୟ ସାମଗ୍ରୀ ଜବତ କରିଛି।

ଏମାନେ ଜାତୀୟ ରାଜପଥରେ ଡକାୟତି ଉଦ୍ଦେଶ୍ୟରେ ଏକ ଧଳା ରଙ୍ଗର ସ୍କର୍ପିଓ ଓ ଥାର୍‌ରେ ବୁଲୁଥିବା ଖବର ପାଇ




ପୁଲିସ୍‌ର ଏକ ପାଟ୍ରୋଲିଂ ଟିମ୍ ଅନୁଗୋଳ ଟାଉନ୍ ଅଞ୍ଚଳରେ ସେମାନଙ୍କୁ ଖୋଜାଖୋଜି କରି ହେମସୁରପଡ଼ା ଛକରେ ଠାବ କରିଥିଲା। ପୁଲିସକୁ ଦେଖି ଦୁର୍ବୃତ୍ତମାନେ ରାଜ୍ ହୋଟେଲ ଛକ ଦେଇ ଖସିଯିବାକୁ ଉଦ୍ୟମ କରିଥିଲେ। କିନ୍ତୁ ପୁଲିସ ସେମାନଙ୍କୁ ପିଛା କରି ଶନିବାର ଭୋର୍ ୪ଟାରେ ହାଟଛକ ନିକଟ ଅନୁଗୋଳର ପୁରୁଣା ଗୋରୁ ହାଟ ଭିତରୁ ଧରିବାରେ ସଫଳ ହୋଇଥିଲା। ଯାଞ୍ଚ ସମୟରେ ଅଭିଯୁକ୍ତମାନେ ଅନେକ ମାମଲାରେ ଜଡ଼ିତ ଏବଂ ସଂଗଠିତ ଭାବେ ଅସାମାଜିକ କାର୍ଯ୍ୟକଳାପ କରୁଥିବା ଜଣାପଡ଼ିଥିଲା। ଏହି ଡକାୟତ ଗ୍ୟାଙ୍ଗକୁ ଧରିବାରେ ଆଇଆଇସି ଧୀରେଶ ଦାସ, ଏସଆଇ ଆଶିଷ କୁମାର ସ୍ୱାଇଁ, ଗୋବିନ୍ଦ ଚନ୍ଦ୍ର ସାହୁ, ଆଦିତ୍ୟ କୁମାର ପଟ୍ଟନାୟକ, ଏଏସଆଇ ଚିତ୍ରସେନ ବିଶୋଇଙ୍କ ସମେତ କର୍ମଚାରୀ ମହେଶ ନାୟକ, ଲିଙ୍ଗରାଜ ବେହେରା, ନୀଳାମ୍ବର ଦଳବେହେରା, ସଂଗ୍ରାମ କେଶରୀ ମହାପାତ୍ର, ସୁଶୀଲ ସୁହୁଲା, ସାଗର ବୋଇତା, ବଳରାମ ପ୍ରଧାନ ପ୍ରମୁଖ ସାମିଲ ହୋଇଥିଲେ।

**ବିଶ୍ୱ ଆଦିବାସୀ ଦିବସରେ ବର୍ଷିଲା ବିଜେଡି**

# ଆଦିବାସୀଙ୍କ ସ୍ୱାର୍ଥକୁ ଭୁଲି ସରକାର ଗପ ଶୁଣାଉଛନ୍ତି

ଭୁବନେଶ୍ୱର, ୯।୮ (ସମିସ): ରାଜ୍ୟ ସରକାର ଗତ ୧୩ ମାସର ଶାସନରେ ଆଦିବାସୀମାନଙ୍କ ସ୍ୱାର୍ଥକୁ ଅଣଦେଖା କରିଛନ୍ତି। ଯେଉଁଥିପାଇଁ ଆଦିବାସୀ ଭାଇଭଉଣୀମାନେ ବିଭିନ୍ନ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଆଦିବାସୀମାନେ ଚରମ ଅବହେଳାର ସମ୍ମୁଖୀନ ହେଉଥିବା ବେଳେ ସରକାର କେବଳ ଗପ ଶୁଣାଇବାରେ ବ୍ୟସ୍ତ ରହୁଛନ୍ତି ବୋଲି ଅଭିଯୋଗ କରିଛି ବିଜେଡି। ଶନିବାର ଶଙ୍ଖ ଭବନରେ ବିଜେଡି ଆଦିବାସୀ ସେଲର ଆବାହକତ୍ୱରେ ରାଜ୍ୟସ୍ତରୀୟ ବିଶ୍ୱ ଆଦିବାସୀ ଦିବସ ପାଳନ ଅବସରରେ ଆଦିବାସୀଙ୍କ ମନ୍ଥର ବିକାଶକୁ ନେଇ କ୍ଷୋଭ ପ୍ରକାଶ ପାଇଛି।



ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଆଦିବାସୀ ସେଲର ଆବାହକ ମଙ୍ଗଳା କିଷାନ, ପୂର୍ବତନ ମନ୍ତ୍ରୀ ସୁଦାମ ମାର୍ଣ୍ଡି ଓ ମିଡିଆ ସଂଯୋଜକ ଡ. ପ୍ରିୟବ୍ରତ ମାଝୀ ସରକାରଙ୍କ ଆଦିବାସୀ ମାରଣା ନୀତି ବିରୋଧରେ ବର୍ଷିଥିଲେ। ଶ୍ରୀ କିଷାନ କହିଥିଲେ ଯେ ଜଣେ ଆଦିବାସୀ ମୁଖ୍ୟମନ୍ତ୍ରୀଙ୍କ ସମୟରେ ରାଜ୍ୟରେ ଆଦିବାସୀମାନେ ଚରମ ଅବହେଳାର ସମ୍ମୁଖୀନ ହେଉଛନ୍ତି। ମାତ୍ର ସରକାର କେବଳ ଗପ ଶୁଣାଇବାରେ ବ୍ୟସ୍ତ ରହୁଛନ୍ତି। ସରକାର ଆଦିବାସୀଙ୍କ ଆର୍ଥିକ ଓ ସାମାଜିକ ଉନ୍ନତି ନିମନ୍ତେ ଦେଇଥିବା ପ୍ରତିଶ୍ରୁତିକୁ

- ଆଦିବାସୀ ଛାତ୍ରଛାତ୍ରୀଙ୍କ ବର୍ଦ୍ଧିତ ବୃତ୍ତିରାଶି କାଟି ଦିଆଯାଉଛି
- ଆଭିମୁଖ୍ୟରେ ପରିବର୍ତ୍ତନ ନ ହେଲେ ଆନ୍ଦୋଳନ ଚେତାବନୀ
- ହୋ, ମୁଣ୍ଡାରି, ଭୂମିଜ, କୁଇ ଓ ସଉରା ଭାଷାକୁ ସମ୍ବିଧାନର ଅଷ୍ଟମ ଅନୁଚ୍ଛେଦରେ ସାମିଲ କରନ୍ତୁ ଡବଲ ଇଞ୍ଜିନ ସରକାର

ଭୁଲିଯାଇ ଆଦିବାସୀ କଲ୍ୟାଣ ବିଭାଗର ବଜେଟ୍ କାଟ୍, ଆଦିବାସୀ ଛାତ୍ରଛାତ୍ରୀଙ୍କ ଷ୍ଟାଇପେଣ୍ଡ ବନ୍ଦ ଭଳି ଆଦିବାସୀ ବିରୋଧୀ ନିଷ୍ପତ୍ତି ଗ୍ରହଣ କରିଛନ୍ତି। ସରକାର ଏହି ଆଭିମୁଖ୍ୟରେ ପରିବର୍ତ୍ତନ ନଆଣିଲେ ଆଗାମୀ ଦିନରେ ଭୟଙ୍କର ଆନ୍ଦୋଳନ ହେବ। ଶ୍ରୀ ମାର୍ଣ୍ଡି କହିଥିଲେ ଯେ ଆଦିବାସୀଙ୍କ ସଂସ୍କୃତି ଓ ପରମ୍ପରାକୁ ଆଗକୁ ନେବା ସହ ଆଦିବାସୀମାନଙ୍କୁ ସମାଜର ମୁଖ୍ୟସ୍ରୋତରେ ସାମିଲ କରିବା ପାଇଁ ପ୍ରତିବର୍ଷ ଆଜିର ଦିନରେ ବିଶ୍ୱ ଆଦିବାସୀ ଦିବସ ପାଳନ କରାଯାଉଥିବା ବେଳେ ରାଜ୍ୟ ସରକାର ଏହି ଦିବସକୁ ଭୁଲିଗଲେଣି। ଜଣେ ଆଦିବାସୀ ଭାଇ ମୁଖ୍ୟମନ୍ତ୍ରୀ ଆସନରେ ବସିଥିଲେ ମଧ୍ୟ ଆଜିର ଦିନରେ ଆଦିବାସୀ ସମାଜ ପାଇଁ ଗୋଟିଏ ବାର୍ତ୍ତା ନ ଦେବା ଦୁର୍ଭାଗ୍ୟର ବିଷୟ। ରାଜ୍ୟରେ ପ୍ରତିଦିନ ଆଦିବାସୀ ମହିଳା ଓ ଛାତ୍ରୀମାନେ ଦୁଷ୍କର୍ମର ଶିକାର ହେଉଥିବା ବେଳେ ସରକାରୀ ଛାତ୍ରାବାସରେ ଆଦିବାସୀ ଛାତ୍ରୀମାନେ ଗର୍ଭବତୀ ହେବା ଖବର ରାଜ୍ୟବାସୀଙ୍କୁ ବ୍ୟଥିତ କରିଛି। ଡ. ମାଝୀ କହିଥିଲେ ଯେ ଆଦିବାସୀ ଛାତ୍ରଛାତ୍ରୀମାନଙ୍କୁ ବୈଷୟିକ ଶିକ୍ଷାରେ ୩୮.୫ ପ୍ରତିଶତ ସଂରକ୍ଷଣ ମିଳୁ। ହୋ, ମୁଣ୍ଡାରୀ, ଭୂମିଜ, କୁଇ ଓ ସଉରା ଭାଷାକୁ ସମ୍ବିଧାନର ଅଷ୍ଟମ ଅନୁଚ୍ଛେଦରେ ସାମିଲ କରିବା ସହିତ ୧୩୫ ଆଦିବାସୀ ସମ୍ପ୍ରଦାୟକୁ ଆଦିବାସୀ ଜନଜାତିରେ ସାମିଲ କରିବା ପାଇଁ ଡବଲ ଇଞ୍ଜିନ ସରକାର ପଦକ୍ଷେପ ନିଅନ୍ତୁ। ଭୁବନେଶ୍ୱର ମହାନଗର ନିଗମର କର୍ପୋରେଟର ଭାରତୀ ସିଂ ଧନ୍ୟବାଦ ଅର୍ପଣ କରିଥିଲେ।

## ଜଗନ୍ନାଥ ଧାମ ଗଲେ କୀର୍ତ୍ତନ ମଣ୍ଡଳୀ



ସମ୍ବଲପୁର, ୯।୮ (ସମିସ) : ସମ୍ବଲପୁର ଜିଲ୍ଲା ସିନ୍ଦୁରପଙ୍କସ୍ଥିତ ତକବା ଗ୍ରାମର ୪୦ଜଣ ଗ୍ରାମବାସୀ ଜଗନ୍ନାଥ ଦର୍ଶନ ପାଇଁ ପୁରୀ ଯାତ୍ରା କରିଛନ୍ତି। ତକବା ଗ୍ରାମ କୀର୍ତ୍ତନ ମଣ୍ଡଳୀର ସଦସ୍ୟମାନେ ଆଜି ପୁରୀ -ରାଉରକେଲା ଟ୍ରେନରେ ଯାତ୍ରା କରିଛନ୍ତି। ସ୍ୱେଚ୍ଛାସେବୀ ସଂସ୍ଥା ସାଥୀ ଚାରିଟେବୁଲ ଟ୍ରଷ୍ଟ ପକ୍ଷରୁ ଏମାନଙ୍କ ପାଇଁ ଯିବା ଆସିବା, ଖାଇବା ଓ ବିଶ୍ରାମ ନେବାର ସମସ୍ତ ବ୍ୟବସ୍ଥା କରାଯାଇଛି। ଏକ ଆଧାତ୍ମିକ ପରିବେଶରେ ସ୍ଥାନୀୟ ସିଟି ଷ୍ଟେସନରୁ ସେମାନେ ଯାତ୍ରା ଆରମ୍ଭ କରିଛନ୍ତି। ଏହି କୀର୍ତ୍ତନ ମଣ୍ଡଳୀର ସଦସ୍ୟମାନେ ଦିନ ମଜୁରିଆ ଓ କ୍ଷୁଦ୍ର ଚାଷୀ ଶ୍ରେଣୀର ଅଟନ୍ତି। କୀର୍ତ୍ତନ ମଣ୍ଡଳୀ ର କିଛି ସଦସ୍ୟ ସାଥୀ ଚାରିଟେବୁଲ ଟ୍ରଷ୍ଟର କାର୍ଯ୍ୟକାରୀ ସଭାପତି ସିଦ୍ଧାର୍ଥ ସାହାଙ୍କୁ ସାକ୍ଷାତ କରି ସମସ୍ତେ ଏକାଠି ଯାଇ ଦର୍ଶନ କରିବା ଇଚ୍ଛା ବିଷୟରେ ଜଣାଇଥିଲେ। ଶ୍ରୀ ସାହାଙ୍କ ନିର୍ଦ୍ଦେଶକ୍ରମେ ଟ୍ରଷ୍ଟର ସମସ୍ତ ସଦସ୍ୟ ତକବା କୀର୍ତ୍ତନ ମଣ୍ଡଳୀର ପୁରୀ ଦର୍ଶନ କାର୍ଯ୍ୟକ୍ରମ ପ୍ରସ୍ତୁତ କରିଥିଲେ। ସାଥୀ ଚାରିଟେବୁଲ ଟ୍ରଷ୍ଟ ର ସଦସ୍ୟ ଅଜୟ କୁମାର (ଭଗତ), କମଲ ଅଗ୍ରୱାଲ ପ୍ରମୁଖ ସିଟି ଷ୍ଟେସନ ପ୍ଲାଟଫର୍ମରେ ସମସ୍ତ ଯାତ୍ରୀଙ୍କୁ ସ୍ୱାଗତ କରିଥିଲେ। ତୀର୍ଥଯାତ୍ରୀମାନେ ମହୋଦଧିରେ ସ୍ନାନକରି ମହାପ୍ରଭୁଙ୍କ ଦର୍ଶନ କରିବାସହ ବଡ଼ଦାଣ୍ଡରେ ନଗର କୀର୍ତ୍ତନ କରି ଫେରିବେ।

## ଭିସୁଟ୍‌ରେ ରକ୍ତଦାନ ଶିବିର



ସମ୍ବଲପୁର, ୯।୮ (ସମିସ): ବୀର ସୁରେନ୍ଦ୍ର ସାଏ ବୈଷୟିକ ବିଶ୍ୱବିଦ୍ୟାଳୟ (ଭିସୁଟ୍)ର ଏନ୍‌ଏସ୍‌ଏସ୍ ୟୁନିଟ୍ ଓ ଶିକ୍ଷା ଏନ୍‌ଜିଓଙ୍କ ସହଯୋଗରେ ବିଶ୍ୱବିଦ୍ୟାଳୟ ପରିସରରେ ଥିବା ବିଜୁ ପଟ୍ଟନାୟକ ଇ-ଲର୍ଣ୍ଣିଂ ସେଣ୍ଟରରେ ଏକ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ଏହାକୁ କୁଳପତି ପ୍ରଫେସର ଦୀପକ କୁମାର ସାହୁ ଉଦ୍‌ଘାଟନ କରିଥିଲେ। କୁଳସଚିବ ପ୍ରଦୀପ ଡାଙ୍ଗ, ଛାତ୍ର କଲ୍ୟାଣ ବିଭାଗର ସହାୟକ ଡିନ୍ ଡଃ ପୁଣ୍ୟପ୍ରୀୟା ମିଶ୍ର, ଏନଏସଏସ ସଂଯୋଜକ କାର୍ଯ୍ୟକ୍ରମ ଅଧିକାରୀ ଡଃ ନିବେଦିତା ପଟେଲ ଏବଂ ଏନଜିଓ ମଧ୍ୟରୁ ବୋର୍ଡ ସଦସ୍ୟ ମଳୟ ଦାସ, ସଭାପତି ଅବିନାଶ ମିଶ୍ର, ସମ୍ପାଦକ ସୋମନାଥ ବାଗ, କ୍ୟାସିଅର ସୁମିତ ସ୍ୱାଇଁ, ସଦସ୍ୟ ଚୈତନ୍ୟ ନାୟକ ଓ ରୀତା ଭୋଇ ପ୍ରମୁଖ ଶିବିର ଆୟୋଜନରେ ସହଯୋଗ କରିଥିଲେ। ଏନଏସଏସ ଛାତ୍ର ସଂଯୋଜକ ପୁରବ ପଟ୍ଟନାୟକ ଓ ବୋନାଲି ପ୍ରଧାନ ସାହୁ ଏହି କାର୍ଯ୍ୟକ୍ରମର ନେତୃତ୍ୱ ନେଇଥିଲେ। ଏନ୍‌ଏସ୍‌ଏସ୍ ସଦସ୍ୟ, ଶିକ୍ଷା ଏନ୍‌ଜିଓ ଓ ବିଶ୍ୱବିଦ୍ୟାଳୟର ଛାତ୍ରଛାତ୍ରୀମାନଙ୍କ ସହଯୋଗରେ ଶିବିରରେ ୧୦୦ରୁ ଊର୍ଦ୍ଧ୍ୱ ୟୁନିଟ୍ ରକ୍ତ ସଂଗୃହୀତ ହୋଇଥିଲା। ବୁର୍ଲା ଭିମସାର ରକ୍ତଭଣ୍ଡାରର ଡାକ୍ତର, ନର୍ସ ଓ ଟେକ୍‌ନିସିଆନ ମାନେ ଏହି ଶିବିର ପରିଚାଳନା କରିଥିଲେ।

## ଆଦିବାସୀ ସାଂସ୍କୃତିକ ସଂସଦ ପକ୍ଷରୁ ବିଶ୍ୱ ଆଦିବାସୀ ଦିବସ

ସମ୍ବଲପୁର, ୯।୮(ସମିସ): ବୁଢ଼ାରଜା ନିଖିଳ ଓଡ଼ିଶା ଆଦିବାସୀ ସାଂସ୍କୃତିକ ସଂସଦ ପକ୍ଷରୁ ବିଶ୍ୱ ଆଦିବାସୀ ଦିବସ ପାଳିତ ହୋଇଯାଇଛି। କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ପୂର୍ବତନ ଜିଲ୍ଲା ପରିଷଦ ସଭାପତି ଶୋଭାରାମ ପଧାନ ଯୋଗ ଦେଇଥିବାବେଳେ ଅର୍ଜୁନ କିସାନ, ପରଦେଶୀ କିସାନ, ଡାକ୍ତର ମହେନ୍ଦ୍ର ଏକ୍କା, ଅଶୋକ ପିଙ୍ଗ, ଇଂ. କୁମରମଣି କିସାନ, ପ୍ରଭାକର କିସାନ ପ୍ରମୁଖ ସମ୍ମାନିତ ଅତିଥି ଥିଲେ। ଆଦିବାସୀ ମାନଙ୍କ ଭାଷା, ସଂସ୍କୃତି ଓ ପରମ୍ପରା ନୃତ୍ୟ ପର୍ବପର୍ବାଣୀ କିପରି ବଞ୍ଚି ପାରିବ ତଥା ଆଦିବାସୀ ମାନଙ୍କ ଶିକ୍ଷା ପ୍ରତି ଅଧିକ ଆକୃଷ୍ଟ କରାଯାଇ ପାରିବ ଏବଂ ଜଙ୍ଗଲ ଜମି ପରିବେଶର ସୁରକ୍ଷା ହୋଇପାରିବ ସେନେଇ ଅତିଥି ମାନେ ବିସ୍ତୃତ ଭାବେ ଆଲୋଚନା କରିଥିଲେ। ବିଶ୍ୱ ଆଦିବାସୀ ଦିବସ କାର୍ଯ୍ୟକ୍ରମରେ ଧ୍ରୁବ କୁମାର ବାଗ, ରାତ୍ର ମିର୍ଦ୍ଧା, ବିଜୟ କିସାନ, ତିଳକ ଦଣ୍ଡସେନା, ବିକ୍ରମ କିସାନ, ରମେଶ ପଧାନ, ବିଶେଶ୍ୱର କିସାନ, ଭରତ ପିଙ୍ଗ, ସୁବାସ ମିର୍ଦ୍ଧା ପ୍ରମୁଖ ଯୋଗ ଦେଇଥିଲେ। ଶେଷରେ ଚନ୍ଦ୍ରମଣି ମିର୍ଦ୍ଧା ଧନ୍ୟବାଦ ଅର୍ପଣ କରିଥିଲେ।




### ସମ୍ବଲପୁରରେ ଅବକାରୀ ବିଭାଗର ଚଢ଼ଉ ଜାରି

# ୧୭୮୦ବୋତଲ କଫସିରପ୍ ଜବତ, ୭ ଗିରଫ





ସମ୍ବଲପୁର, ୯।୮ (ସମିସ):

ବିଭିନ୍ନ ସ୍ଥାନରେ ଅବକାରୀ ବିଭାଗର ଚଢ଼ଉ ଜାରି ରହିଛି। ଶୁକ୍ରବାର ଅବକାରୀ ବିଭାଗ ଓ ପୁଲିସ ଦ୍ୱାରା ତିନୋଟି ପୃଥକ୍ ମାମଲାରେ ୯୮୦ ବୋତଲ ନିଶା କଫସିରପ୍ ଜବତ ସହ ୬ ଜଣ ଗିରଫ ହୋଇଥିବାବେଳେ ଆଜି ପୁଣି ୧୦୮୦ ବୋତଲ ନିଶା କଫସିରପ୍ ଜବତ କରାଯାଇ ୪ ଜଣଙ୍କୁ ଗିରଫ କରାଯାଇଛି। ନିଶା କଫସିରପ୍ ଏନର୍ଜି ଡ୍ରିଙ୍କରେ ମିଶାଇ ପିଇବାସହ ଆଜିକାଲି ବିବାହ ଓ ଉତ୍ସବ ମାନଙ୍କରେ ମଧ କଫସିରପ୍ ନିଶା ଭାବେ ବ୍ୟବହାର କରାଯାଉଥିବା ଦେଖାଯାଉଛି। ଯୁବପିଢ଼ି ବିପଥଗାମୀ ହେଉଥିବାବେଳେ ଅବକାରୀ ବିଭାଗ ଓ ପୁଲିସ ସମସ୍ତ ଉଦ୍ୟମ ସତ୍ତ୍ୱେ ଏହା ଉପରେ ଅଙ୍କୁଶ ଲଗାଇ ପାରୁନାହିଁ।


ଶନିବାର ପୁଣି ସମ୍ବଲପୁରରେ ଅବକାରୀ ବିଭାଗ ଦ୍ୱାରା ଦୁଇଟି ପୃଥକ୍ ପୃଥକ୍ ମାମଲାରେ ବ୍ୟାପକ ପରିମାଣର ନିଶା କଫ୍ ସିରପ୍ ଜବତ କରାଯାଇଥିବା ସୂଚନା ମିଳିଛି। ବିଶ୍ୱସ୍ତ ସୂତ୍ରରୁ ଖବରପାଇ ଅବକାରୀ ବିଭାଗ କର୍ମଚାରୀମାନେ ଶନିବାର ସକାଳେ ସମ୍ବଲପୁର-ସୋନପୁର ରାଜ୍ୟ ରାଜପଥରେ ଧନୁପାଲି ନିକଟସ୍ଥ ଦିପ୍ତି ହୋଟେଲ ସମ୍ମୁଖରେ ଏକ କାର ଉପରେ ଚଢ଼ଉ କରି ତିନୋଟି ଧଳା ବସ୍ତାରେ ଥିବା ୨୪୦ ବୋତଲ ଲେଖାଏ ୭୨୦ ବୋତଲ ୧୦୦ ମିଲିଲିଟର ବିଶିଷ୍ଟ ୱିନସିରେକ୍ସ କଫସିରପ୍ ଜବତ କରିବାସହ ୭୨ ଲିଟର ଅପମିଶ୍ରିତ କଫସିରପ୍ ଜବତ କରିଥିଲେ। ଏନେଇ ଯୁଯୋମୁରା ଥାନା ଅନ୍ତର୍ଗତ ହିରୋଗ୍ରାମର ଦେବାଶିଷ ଥାପ୍ପା (୨୩) ଓ ହୀରାକୁଦ ଥାନା ଅନ୍ତର୍ଗତ ନୂଆଗୁଜାତଲର ତୁଷାର ଭୋଇ (୧୯)କୁ ଗିରଫ କରାଯାଇଛି।

ସେହିପରି ଅବକାରୀ ବିଭାଗ ପକ୍ଷରୁ ଶନିବାର ସକାଳେ ଅଇଁଠାପାଲିସ୍ଥିତ ନୂତନ ବସ୍ ଟର୍ମିନସ ମଧ୍ୟରେ ଥିବା ଏକ ନିରୋଳା ସ୍ଥାନରେ ଚଢ଼ଉ କରି ଦୁଇଟି ବସ୍ତାରେ ୩୬୦ ବୋତଲ ନିଶା କଫ୍‌ସିରପ ସହିତ ୩୬ ଲିଟର ଅପମିଶ୍ରିତ ନିଶା କଫ୍‌ସିରିପ ଜବତ ଏବଂ ୨ ଜଣଙ୍କୁ ଗିରଫ କରିଛି। ସେମାନେ ହେଲେ ସମ୍ବଲପୁର ଟାଉନ ଥାନା ଅନ୍ତର୍ଗତ ସାହୁ କଲୋନୀର ତନ୍ମୟ ନାଏକ (୨୨) ଓ ମୁଦିପଡ଼ା ଦେଉଳବନ୍ଧର କୋଶଲ ମଲ୍ଲିକ (୨୨)। ସମସ୍ତ ଚାରିଜଣ ଗିରଫ ଅଭିଯୁକ୍ତଙ୍କୁ କୋର୍ଟଚାଲାଣ କରାଯାଇଛି।

ସେହିପରି ଅଇଁଠାପାଲି ଥାନା ପୁଲିସ ବେଆଇନ କଫ ସିରପ୍ ଚାଲାଣ ହେଉଥିବା ଖବରପାଇ ଆଜି ଅଇଁଠାପାଲି ଉପର ଛକରେ ଚଢ଼ଉ କରି ବିପୁଳ ପରିମାଣରେ କଫସିରପ୍ ଜବତ କରିବାସହ ୩ ଜଣଙ୍କୁ ଗିରଫ କରିଛି। ଚଢ଼ଉ କରି ପୁଲିସ ସେମାନଙ୍କଠାରୁ ୫ଟି ବସ୍ତାରେ ୭୦୦ ବୋତଲ ୱିନସିରେକ୍ସ କଫସିରପ, ଗୋଟିଏ ମୋବାଇଲ ଫୋନ ଜବତ କରିଛି। ଅଭିଯୁକ୍ତ ମାନେ ହେଲେ ସମ୍ବଲପୁର ସଦର ଥାନା ଅନ୍ତର୍ଗତ ମାନେଶ୍ୱର କଣ୍ଟେଇପାଲିର ସୋମନାଥ ପ୍ରଧାନ (୩୪), ମହମ୍ମଦ ସୋନୁ (୩୧) ଓ ଚନ୍ଦ୍ରଶେଖର କୁମ୍ଭାର (୨୪)। ସେମାନଙ୍କୁ ଅଇଁଠାପାଲି ପୁଲିସ ଗିରଫ କରି କୋର୍ଟଚାଲାଣ କରିଛି।

## ପାୱାର ଚେନାଲରୁ ଗଳିତ ଶବ ଉଦ୍ଧାର

ସମ୍ବଲପୁର, ୯।୮ (ସମିସ):ବୁର୍ଲା ଥାନା ଅଧିନସ୍ଥ ବସନ୍ତପୁର ପାପଡ଼େରା ନିକଟ ପାୱାର ଚେନାଲରୁ ଜଣେ ଯୁବକଙ୍କ ଗଳିତ ଶବ ଉଦ୍ଧାର କରାଯାଇଛି। ମୃତକଙ୍କ ପରିଚୟ ମିଳିପାରିନାହିଁ। ତାଙ୍କ ବୟସ ୪୦ ରୁ ୫୦ ବର୍ଷ ମଧ୍ୟରେ ହୋଇଥିବା ଅନୁମାନ କରାଯାଉଥିବାବେଳେ ଯୁବକଙ୍କ ହାତରେ ବିଭିନ୍ନ ଟାଟୁ ଚିତ୍ରିତ ହୋଇଛି ଏବଂ ଗୋଟିଏ ହାତରେ ଏକ ବଳା ପିନ୍ଧିଛନ୍ତି। ସେ ଏକ କଳା ରଙ୍ଗର ପେଣ୍ଟ ଏବଂ ଧୂସର ରଙ୍ଗର ସାର୍ଟ ପିନ୍ଧିଛନ୍ତି। ମିଳିଥିବା ସୂଚନା ଅନୁଯାୟୀ, ଆଜି ପୂର୍ବାହ୍ଣ ପ୍ରାୟ ୧୧ଟା ସମୟରେ ପାଣିରେ ଏକ ଶବ ଭାସୁଥିବା ଦେଖି କିଛିଲୋକ ବୁର୍ଲା ପୁଲିସକୁ ଖବର ଦେଇଥିଲେ। ଅଗ୍ନିଶମ ବିଭାଗ କର୍ମଚାରୀଙ୍କ ସହଯୋଗରେ ପୁଲିସ ଶବକୁ ପାଣିରୁ ବାହାରକରି ଅପମୃତ୍ୟୁ ମାମଲା ରୁଜୁ କରି ବ୍ୟବଚ୍ଛେଦ କରିବାସହ ଶବଗୃହରେ ରଖାଯାଇଥିବା ପୁଲିସ ପକ୍ଷରୁ ସୂଚନା ଦିଆଯାଇଛି।



## ଜିଲ୍ଲାରେ 'ସୁଭଦ୍ରା'ରେ ପାଇଲେ ୧୨୧ କୋଟି ଟଙ୍କା

ସମ୍ବଲପୁର,୯।୮ (ସମିସ): ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଶନିବାର ଜୟପୁରଠାରେ ମହିଳାଙ୍କୁ ସୁଭଦ୍ରା ଯୋଜନାର ତୃତୀୟ କିସ୍ତି ପ୍ରଦାନ କରିଛନ୍ତି। ଏହି ଅବସରରେ ସମ୍ବଲପୁର ଜିଲ୍ଲା ପ୍ରଶାସନ ଓ ସମ୍ବଲପୁର ମହାନଗର ନିଗମ ମିଳିତ ଆନୁକୂଲ୍ୟରେ ଚନ୍ଦ୍ରଶେଖର ବେହେରା ଜିଲ୍ଲା ସ୍କୁଲ ଠାରେ ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଗ୍ରାମ୍ୟ ଉନ୍ନୟନ, ପଞ୍ଚାୟତିରାଜ ଓ ପାନୀୟଜଳ ଯୋଗାଣ ମନ୍ତ୍ରୀ ରବିନାରାୟଣ ନାଏକ ମୁଖ୍ୟଅତିଥି, କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ପ୍ରତିନିଧି ନାଉରୀ ନାଏକ, ସମ୍ବଲପୁର ବିଧାୟକଙ୍କ ପ୍ରତିନିଧି ଅନିଲ ବେହେରା ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଜିଲ୍ଲା ପ୍ରଶାସନ ପକ୍ଷରୁ ସମ୍ବଲପୁର ଜିଲ୍ଲାପାଳ ସିଦ୍ଧେଶ୍ୱର ବଳିରାମ ବୋନ୍ଦର, ସମ୍ବଲପୁର ମହାନଗର ନିଗମ ଆୟୁକ୍ତ ରେହାନ ଖତ୍ରୀ, ଭାରତୀୟ ପ୍ରଶାସନିକ ସେବା ଶିକ୍ଷାନବିସ ଶୁଭ୍ରା ପଣ୍ଡା, ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ସୁଧାଂଶୁ ଭୋଇ, ଜିଲ୍ଲା ମୁଖ୍ୟ ଉନ୍ନୟନ ଓ କାର୍ଯ୍ୟନିର୍ବାହୀ ଅଧିକାରୀ ପ୍ରସନ୍ନ ପାତ୍ର ମଞ୍ଚାସୀନ ଥିଲେ। ସୁଭଦ୍ରା ହିତାଧିକାରୀ, ଅଙ୍ଗନବାଡ଼ି କର୍ମୀ, ମହିଳା ସ୍ୱେଚ୍ଛାସେବୀ, ଆଶା କର୍ମୀ ପ୍ରମୁଖ ସମାରୋହରେ ଯୋଗ ଦେଇଥିଲେ। ମୁଖ୍ୟମନ୍ତ୍ରୀଙ୍କ ଜୟପୁର କାର୍ଯ୍ୟକ୍ରମର ସିଧାପ୍ରସାରଣ କରାଯାଇଥିଲା।



ମନ୍ତ୍ରୀ ଶ୍ରୀ ନାଏକ ବକ୍ତବ୍ୟରେ ମହିଳାମାନଙ୍କର ଅଭିବୃଦ୍ଧି ପାଇଁ ସରକାର ସଦାସର୍ବଦା କାର୍ଯ୍ୟରତ ଅଛନ୍ତି, ଆଗାମୀ ଦିନରେ ବଞ୍ଚିତ ଥିବା ମହିଳାଙ୍କୁ ସୁଭଦ୍ରା ଯୋଜନାରେ ଅନ୍ତର୍ଭୁକ୍ତ କରାଇବାକୁ ଚେଷ୍ଟା କରୁଛୁ ବୋଲି ପ୍ରକାଶ କରିଥିଲେ। ସମ୍ବଲପୁର ଜିଲ୍ଲାପାଳ ଶ୍ରୀ ବୋନ୍ଦର ମହିଳାଙ୍କୁ ସ୍ୱାବଲମ୍ବୀ ହେବାକୁ ଓ ସୁଭଦ୍ରା ଅର୍ଥ ରାଶିକୁ ଉପଯୁକ୍ତ ବିନିଯୋଗ କରିବାକୁ ପରାମର୍ଶ ଦେଇଥିଲେ। ସମ୍ବଲପୁର ଜିଲ୍ଲାରୁ ୨,୪୨,୦୭୪ ଜଣ ସୁଭଦ୍ରା ହିତାଧିକାରୀ ଅଛନ୍ତି। ସର୍ବମୋଟ ୨,୬୪,୦୦୦ ଜଣ ଆବେଦନ କରିଥିଲେ, ସେଥିମଧ୍ୟରୁ ପ୍ରାୟ ୨୨ ହଜାର ଆବେଦନ ପତ୍ର ଉପରେ କାର୍ଯ୍ୟ ଚାଲିଛି। ଆଜି ସୁଭଦ୍ରା ଯୋଜନା ମାଧ୍ୟମରେ ପ୍ରାୟ ୧୨୧ କୋଟି ଟଙ୍କା ପ୍ରଦାନ କରାଯାଇଛି ବୋଲି ଜିଲ୍ଲାପାଳ ସୂଚନା ଦେଇଥିଲେ। ଶେଷରେ ଅତିରିକ୍ତ ଜିଲ୍ଲାପାଳ ସୁଧାଂଶୁ ଭୋଇ ଧନ୍ୟବାଦ ଅର୍ପଣ କରିଥିଲେ।

## ହିଣ୍ଡାଲକୋ ପାୱାର ଶ୍ରମିକ ସଂଗଠନର ନୂତନ କର୍ମକର୍ତ୍ତା



ସମ୍ବଲପୁର, ୯।୮ (ସମିସ): ହୀରାକୁଦ ହିଣ୍ଡାଲକୋ ପାୱାର ଶ୍ରମିକ ସଂଗଠନ ନିର୍ବାଚନରେ ହିନ୍ଦ୍ ମଜଦୂର ସଭା ବିଜୟୀ ହୋଇଥିବାବେଳେ ଆଜି ସଂଗଠନର କର୍ମକର୍ତ୍ତା ନିର୍ବାଚନ କରାଯାଇଛି। ଏଥିରେ ସଂଜିତ ମହାନ୍ତି ଉପଦେଷ୍ଟା ଓ ମହମ୍ମଦ ମୃତୁଜାଙ୍କୁ ସଭାପତି ଭାବରେ ହିନ୍ଦ ମଜଦୂର ସଭା ଅନୁମୋଦନ କ୍ରମେ ରାଜ୍ୟ ଶାଖା କାର୍ଯ୍ୟକାରୀ ସଭାପତି ବିଜୟ ମହାନ୍ତି ପୁନଃନିଯୁକ୍ତ କରିଛନ୍ତି। ଆଜି ହିଣ୍ଡାଲକୋସ୍ଥିତ ୟୁନିଅନ କାର୍ଯ୍ୟାଳୟରେ ସ୍ୱାଗତ କାର୍ଯ୍ୟକ୍ରମ ସହ ଆଗାମୀ ଦିନରେ ହେବାକୁ ଥିବା କାର୍ଯ୍ୟକ୍ରମ ବିଷୟରେ ଆଲୋଚନା କରାଯାଇଥିଲା। ବିଶେଷ ଭାବରେ ହିଣ୍ଡାଲକୋରେ କାର୍ଯ୍ୟରତ କର୍ମଚାରୀଙ୍କ ଅବସର ବୟସ ସୀମାକୁ ୫୮ ରୁ ୬୦ କରିବା, ସିବିଏସ୍‌ସି ସ୍କୁଲ ନିର୍ମାଣ, ନୂତନ ଷ୍ଟାଫ୍ କ୍ୱାଟର ନିର୍ମାଣ, ସ୍ଥାନୀୟ ଯୁବକଙ୍କୁ ନିଯୁକ୍ତି, ଠିକା ଶ୍ରମିକ ସ୍ଥାନରେ ସ୍ଥାୟୀ ନିଯୁକ୍ତି, ଖାଲି ପଦବୀ ପୂରଣ ଏବଂ ଶ୍ରମିକ ମାନଙ୍କ ଅଧିକାର ପାଇଁ ଆଲୋଚନା ଓ ସଂଗ୍ରାମ ପାଇଁ ସଂଗଠିତ ହେବାପାଇଁ ଆହ୍ୱାନ ଦିଆଯାଇଥିଲା। ଆଜିର ସଭାରେ ଏଚ୍‌ଏମ୍‌ଏସ୍ ରାଜ୍ୟ ପରିଷଦ ସଦସ୍ୟ ଦୁର୍ଯ୍ୟ ମହାନ୍ତି, କାର୍ଯ୍ୟକାରୀ ସଭାପତି ରୋଶନ ସିଂ, ସାଧାରଣ ସମ୍ପାଦକ ଯୋଗେନ୍ଦ୍ର ବେହେରା, ଉପସଭାପତି ପୂର୍ଣ୍ଣଚନ୍ଦ୍ର ବିଶୋଇ, ପାଘୁଲାଲ ବିଶ୍ୱାଳ, ମିଲୁ ଚରଣ ସାହୁ, ଦୁଷ୍ମନ୍ତ ପରିଡ଼ା, ଯୁଗ୍ମ ସମ୍ପାଦକ ତୁଷାର ନାଥ, ମନୋଜ ବିଶ୍ୱାଳ, ବିଭୂତି ଭୂଷଣ ଦାସ, ବିରେନ୍ଦ୍ର କୁମ୍ଭାର, କୋଷାଧ୍ୟକ୍ଷ ହୃଦାନନ୍ଦ ପରିଜା, ସହସମ୍ପାଦକ ସଞ୍ଜୀବ ବାରିକ, ନାରାୟଣ ବାତ୍ୟାଙ୍କ ସହ ୯ ଜଣଙ୍କୁ କାର୍ଯ୍ୟକାରୀ କମିଟି ସଦସ୍ୟ ନିଯୁକ୍ତ କରାଯାଇଛି।

## ବୁର୍ଲା ଡିଏଭି ବିଦ୍ୟାଳୟରେ ଗଙ୍ଗାଧର ଜୟନ୍ତୀ



ସମ୍ବଲପୁର, ୯।୮ (ସମିସ):ବୁର୍ଲାସ୍ଥିତ ଡିଏଭି ବିଦ୍ୟାଳୟରେ ସ୍ୱଭାବ କବି ଗଙ୍ଗାଧର ମେହେରଙ୍କ ଜୟନ୍ତୀ ଅଧ୍ୟକ୍ଷ ରାଜେନ୍ଦ୍ର କୁମାର ବେଦବାକ୍‌ଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଯାଇଛି। ବେଦମନ୍ତ୍ର ଉଚ୍ଚାରଣ ଓ ଦୀପ ପ୍ରଜ୍ୱଳନ ସହ କାର୍ଯ୍ୟକ୍ରମ ଆରମ୍ଭ ହୋଇଥିଲା। ପ୍ରାରମ୍ଭରେ ଗଙ୍ଗାଧରଙ୍କ କାଳଜୟୀ କବିତା 'ବିଶ୍ୱ ଦେଖ ମଧୁମୟରେ ଜୀବନ' ଗାନ କରାଯାଇଥିଲା। ବିଦ୍ୟାଳୟର ଓଡ଼ିଆ ଶିକ୍ଷକ ମେହେର ସାହିତ୍ୟରେ ଆତ୍ମିକ ଭାବଧାରା ଉପରେ ବକ୍ତବ୍ୟ ରଖିଥିଲେ। ଶିକ୍ଷକ ବୀରେନ୍ଦ୍ର ବିଶ୍ୱାଳ ମେହେର ସାହିତ୍ୟର ଉତ୍କର୍ଷତା ବିଷୟରେ ଆଲୋଚନା କରିଥିଲେ। ଶିକ୍ଷୟିତ୍ରୀ ଜୟନ୍ତୀ ଆଚାର୍ଯ୍ୟ ସ୍ୱଭାବ କବିଙ୍କ ଏକ କବିତା ପାଠ କରିଥିଲେ। ଶିକ୍ଷୟିତ୍ରୀ ଗୀତାରାଣୀ ପଣ୍ଡା ସାହିତ୍ୟ କୃତୀ ତପସ୍ୱିନୀର ଚତୁର୍ଥ ସର୍ଗ ଆବୃତି କରିଥିଲେ। କାର୍ଯ୍ୟକ୍ରମକୁ ଓଡ଼ିଆ ଶିକ୍ଷକ ମୀନକେତନ ଭୋଇ ପରିଚାଳନା କରିଥିବାବେଳେ ଶେଷରେ ଶିକ୍ଷକ ସୁଶାନ୍ତ କୁମାର ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

## ହୀରାକୁଦ ଜଳସ୍ତର ୬୧୩.୬୭ ଫୁଟ୍

ସମ୍ବଲପୁର, ୯।୮ (ସମିସ):ଶନିବାର ସନ୍ଧ୍ୟା ୬ଟା ସମୟରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୧୩.୬୭ ଫୁଟ୍ ରହିଛି। ନଦୀବନ୍ଧର ସମସ୍ତ ଗେଟ୍ ବନ୍ଦ ରହିଛି। ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୪୪,୦୨୩ ଘନଫୁଟ ଜଳ ପ୍ରବେଶ କରୁଥିବା ବେଳେ ପାୱାର ଚେନାଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ୩୬,୦୦୧ କ୍ୟୁସେକ୍ ଜଳ ନିଷ୍କାସିତ ହେଉଛି। ସ୍ପିଲୱେ ଦେଇ କୌଣସି ଜଳ ନିଷ୍କାସନ ହେଉନାହିଁ। ପାୱାର ଚେନାଲ ଦେଇ ୩୧,୪୩୧ ଘନଫୁଟ, ଶିଳ୍ପାନୁଷ୍ଠାନ ସକାଶେ ୨୧୪ ଘନଫୁଟ, କେନାଲ ପାଇଁ ୪,୩୫୬ ଘନଫୁଟ ଜଳ ନିଷ୍କାସିତ ହେଉଛି। ହୀରାକୁଦ ନଦୀବନ୍ଧର ଉପରମୁଣ୍ଡରେ ୧.୯୯ ମିମି ବର୍ଷା ହୋଇଥିବାବେଳେ ତଳମୁଣ୍ଡରେ ୧.୨୦ ମିମି ବର୍ଷା ହୋଇଥିବା ସୂଚନା ମିଳିଛି। ଗତବର୍ଷ ଆଜିର ଦିନରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୧୨.୪୫ ଫୁଟ୍ ରହିଥିଲା।

### ହସ୍ତତନ୍ତ ମାନଚିତ୍ରରେ ସମ୍ବଲପୁରୀ ଶାଢ଼ୀକୁ ସ୍ଥାନ ନଦେବା ପ୍ରସଙ୍ଗ

# ରାଜ୍ୟ ସରକାରଙ୍କ ସମ୍ବଲପୁରୀ ସଂସ୍କୃତି ପ୍ରତି ଅସମ୍ମାନର ଜ୍ୱଳନ୍ତ ଉଦାହରଣ : ରୋହିତ


ସମ୍ବଲପୁର, ୯।୮ (ସମିସ) :

ଜାତୀୟ ହସ୍ତତନ୍ତ ଦିବସ ଅବସରରେ ଗତ ୬ ତାରିଖରୁ ରାଜ୍ୟ ସରକାରଙ୍କ ପକ୍ଷରୁ ଜନତା ମଇଦାନରେ ହସ୍ତତନ୍ତ "ଏକତା' ମେଳା ଆୟୋଜିତ ହେଉଛି। ଏଥିରେ ସମ୍ବଲପୁରୀ ଶାଢ଼ୀକୁ ସମ୍ପୂର୍ଣ୍ଣ ଅଣଦେଖା କରାଯାଇଛି। ରାଜ୍ୟସ୍ତରୀୟ ହସ୍ତତନ୍ତ ମେଳା ମାନଚିତ୍ରରେ ବିଭିନ୍ନ ଅଞ୍ଚଳର ପ୍ରସିଦ୍ଧ ଶାଢ଼ିର ନାମ ଓ ଚିତ୍ର ଉଲ୍ଲେଖ ରହିଛି। ଟସର, ପଶାପାଲି, ହାବାସପୁରୀ, ସୋନପୁରୀ ଶାଢ଼ୀ, ମାଣିଆବନ୍ଧ, ବମକାଇ, କଟକୀ ଶାଢ଼ୀ, ଖଣ୍ଡୁଆପାଟ, ଲୁଙ୍ଗି, ଗାମୁଛା, ଡଙ୍ଗରିଆ ଶାଢ଼ୀ, ପିତଳ ସୂତା ଶାଢ଼ୀ, ଧଳାପଥର ପରଦା, କୋଟପାଡ଼ ଆଦି ବିଭିନ୍ନ ହସ୍ତତନ୍ତ ବିଷୟରେ ସୂଚନା ଦିଆ ଯାଇଥିବାବେଳେ ସମ୍ବଲପୁରୀ ଶାଢ଼ୀକୁ ସ୍ଥାନ ମିଳିନାହିଁ। ଦେଶ ବିଦେଶରେ ଓଡ଼ିଶାର ହସ୍ତତନ୍ତ କହିଲେ ପ୍ରଥମେ 'ସମ୍ବଲପୁରୀ ଶାଢ଼ୀ'ର ନାମ ଆସିଥାଏ। ଦେଶବିଦେଶରେ ସମ୍ବଲପୁରୀ ଶାଢ଼ୀର ସୁନାମ ରହିଛି ଓ ଭାରତ ବାହାରେ ଅନେକ ରାଷ୍ଟ୍ରରେ ସମ୍ବଲପୁରୀ ଶାଢ଼ୀର ଚାହିଦା ବହୁତ ଅଧିକ ରହିଛି। ଏହାକୁ ନେଇ ସମ୍ବଲପୁର ତଥା ପଶ୍ଚିମ ଓଡ଼ିଶାବାସୀଙ୍କ ମଧ୍ୟରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି।

ପୂର୍ବତନ ମନ୍ତ୍ରୀ ତଥା ଜିଲ୍ଲା ବିଜେଡି ସଭାପତି ଇଂ ରୋହିତ ପୂଜାରୀ ଏକ ପ୍ରେସ ବିବୃତି ମାଧ୍ୟମରେ କହିଛନ୍ତି ଯେ, ସମ୍ବଲପୁରୀ ସଂସ୍କୃତିକୁ ଅଣଦେଖା କରିବା- ରାଜ୍ୟ ସରକାରଙ୍କ ସମ୍ବଲପୁରୀ ସଂସ୍କୃତି ପ୍ରତି ଅସମ୍ମାନର ଜ୍ୱଳନ୍ତ ଉଦାହରଣ। ସେ କହିଛନ୍ତି, ବିଭିନ୍ନ ମାଧ୍ୟମରୁ ସୂଚନା ଅନୁଯାୟୀ ଭୁବନେଶ୍ୱରସ୍ଥିତ ପ୍ରଦର୍ଶନୀ ପଡ଼ିଆଠାରେ ଚାଲୁଥିବା ହସ୍ତତନ୍ତ ପ୍ରଦର୍ଶନୀ କାର୍ଯ୍ୟକ୍ରମରେ ଓଡ଼ିଶା ହସ୍ତତନ୍ତ ମାନଚିତ୍ରରେ ସମ୍ବଲପୁରୀ ଶାଢ଼ୀ ତଥା ବାନ୍ଧକଳା ବିଷୟରେ ଉଲ୍ଲେଖ କରାନଯାଇଥିବା, ସମ୍ବଲପୁରୀ ଭାଷା, କଳା, ସଂସ୍କୃତିକୁ ଭଲପାଉଥିବା ତଥା ପଶ୍ଚିମ ଓଡ଼ିଶାର ଜନସାଧାରଣଙ୍କୁ ଗଭୀର ଭାବରେ ଆଘାତ ଦେଇଛି। ସମ୍ବଲପୁରୀ ଶାଢ଼ୀ, ଏହାର ବିଶିଷ୍ଟ ହସ୍ତତନ୍ତ କଳା ଆମ ସମ୍ବଲପୁରିଆ ମାନଙ୍କୁ ଆଜି ବିଶ୍ୱ ମାନଚିତ୍ରରେ ପରିଚିତ କରାଇଛି। ଏହା କେବଳ ଆମ କଳା, ସଂସ୍କୃତି ନୁହେଁ, ଏହା ଆମର ପରିଚୟ। ଆମର ଗର୍ବ, ପିଢ଼ି ପିଢ଼ିରୁ ଆସୁଥିବା ପାରମ୍ପରିକ ସମ୍ପଦ। ଏହାସହ ସମ୍ବଲପୁରୀ ଶାଢ଼ୀର ବିବିଧତା ମଧ୍ୟ ରହିଛି, ଯାହାକି ଡବଲ୍ ଇକଟ୍‌ର ଶାଢ଼ୀ ସପ୍ତାପର ଓ ବିଚିତ୍ରାପୁରୀ ସମ୍ବଲପୁରୀ ଶାଢ଼ୀ ମଧ୍ୟରେ ପ୍ରମୁଖ। ସପ୍ତାପର ଶାଢୀକୁ ପଶାପାଲି ଆଖ୍ୟା ଦେବା ଏହି ଶାଢ଼ୀର ସ୍ରଷ୍ଟା ସ୍ୱର୍ଗତ ରାଧେଶ୍ୟାମ ମେହେର ତଥା ମହାନ ସମ୍ବଲପୁରୀ ସଂସ୍କୃତି ପ୍ରତି ଅପମାନ। ସରକାରୀ ପ୍ରଦର୍ଶନୀରେ ସମ୍ବଲପୁରୀ କଳାକୁ ଅଣଦେଖା କରିବା ରାଜ୍ୟ ସରକାର ତଥା ମୁଖ୍ୟମନ୍ତ୍ରୀ ମୋହନ ମାଝିଙ୍କ ସମ୍ବଲପୁରୀଆଙ୍କ ପ୍ରତି ସ୍ପଷ୍ଟ ଅନ୍ୟାୟ ଓ ଅସହିଷ୍ଣୁ ମନୋଭାବକୁ ଦର୍ଶାଉଛି।



ଏହାସହ ଇଂ ପୂଜାରୀ ସରକାରଙ୍କୁ ପ୍ରଶ୍ନ କରି କହିଛନ୍ତି ଯେ, ଆମର ସାହିତ୍ୟ, ସଂସ୍କୃତି ଓ କଳାକୁ ପାଶ୍ୱର୍ଚ୍ୟୁତ କରି, ସରକାର କ'ଣ ପ୍ରମାଣିତ କରିବାକୁ ଚାହୁଁଛନ୍ତି? ଯେଉଁ କଳା ସଂସ୍କୃତିକୁ ୟୁନେସ୍କୋ ସ୍ୱୀକୃତି ଦେଇଛି ସରକାର ତାକୁ କିଭଳି ଭାବରେ ମାନଚିତ୍ରରୁ ହଟାଇ ପାରିଲେ? ଏହା ଭୁଲ, ଅବହେଳା ନା ପ୍ରାୟୋଜିତ ଅସମ୍ମାନ ବୋଲି ରୋହିତ ପୂଜାରୀ ପ୍ରଶ୍ନ କରିଛନ୍ତି। ସରକାର ଆମର ଭାଷାକୁ ସରକାରୀ ମାନ୍ୟତା ଦେବାରେ ଅସଫଳ, ଆମର ଭାଷାକୁ ଅଷ୍ଟମ ଅନୁଚ୍ଛେଦରେ ସାମିଲ କରିବା ପାଇଁ ଅସମର୍ଥ। ବର୍ତ୍ତମାନ ଆମ କଳା, ସଂସ୍କୃତିକୁ ମାନଚିତ୍ରରୁ ହଟାଇବା ଘଟଣାରୁ ସ୍ପଷ୍ଟ ଭାବରେ ଜଣାପଡୁଛି ଯେ ବର୍ତ୍ତମାନର ବିଜେପି ସରକାର ଆମର ଅସ୍ତିତ୍ୱ, ପରିଚୟକୁ ବିଲୁପ୍ତ କରିବା ପାଇଁ ବୃହତ୍ ଷଡ଼ଯନ୍ତ୍ର ଚଳାଇଛି। ଇଂ ପୂଜାରୀ ଆହ୍ୱାନ କରି କହିଛନ୍ତି ଯେ, ଆମେ ଯଦି ଚୁପ୍ ରହିବା, ଆମକୁ ଇତିହାସ କ୍ଷମା କରିବ ନାହିଁ, ଆମର କଳା, ସଂସ୍କୃତି ତଥା ସମ୍ବଲପୁରୀ ଭାଷାର ରକ୍ଷା ପାଇଁ, ଆମର ସ୍ୱାଭିମାନ ପାଇଁ ଆମେ ସମସ୍ତେ ଏକତ୍ରିତ ହୋଇ ଗଣତାନ୍ତ୍ରିକ ଉପାୟରେ ଲଢ଼େଇ କରିବା ଆବଶ୍ୟକ।



# ୨୪ ଘଣ୍ଟିଆ ସ୍ୱାସ୍ଥ୍ୟସେବା ପାଇଁ ସ୍ୱାସ୍ଥ୍ୟମନ୍ତ୍ରୀଙ୍କୁ ବିଧାୟକଙ୍କ ଦାବି

ଦେବଗଡ଼, ୯।୮ (ସମିସ): ପୁରୁଣା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ କୋଠାରେ ୨୪ ଘଣ୍ଟିଆ ସ୍ୱାସ୍ଥ୍ୟ ସେବା ଓ ଜିଲ୍ଲାରେ ଖାଲି ପଡିଥିବା ଡାକ୍ତର ପଦବୀ ପୂରଣ କରିବା ପାଇଁ



ବିଧାୟକ ରୋମାଞ୍ଚ ରଞ୍ଜନ ବିଶ୍ୱାଳ ଦାବି କରିଛନ୍ତି। ଏନେଇ ଶ୍ରୀ ବିଶ୍ୱାଳ ଶନିବାର ସ୍ୱାସ୍ଥ୍ୟମନ୍ତ୍ରୀଙ୍କୁ ସାକ୍ଷାତ କରି ଦାବିପତ୍ର ପ୍ରଦାନ କରିଛନ୍ତି। ଜୁନ ୩ରେ ମୁଖ୍ୟମନ୍ତ୍ରୀ ଦେବଗଡ଼ ଗସ୍ତରେ ଆସି ନୂଆବାଲିରୋଇ ଠାରେ ନବନିର୍ମିତ ୩୦୦ ଶଯ୍ୟା ବିଶିଷ୍ଟ ନୂତନ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ କୋଠାକୁ ଉଦ୍‌ଘାଟନ କରିଥିଲେ। ଇତି ମଧ୍ୟରେ ପୁରୁଣା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ କୋଠାରୁ ନୂତନ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ କୋଠାକୁ ସ୍ଥାନାନ୍ତରିତ କରାଯାଇଛି। ଏଣେ ନୂଆ କୋଠା ସମ୍ପୂର୍ଣ୍ଣ ଭାବେ କାର୍ଯ୍ୟକ୍ଷମ ହୋଇ ପାରି ନଥିବା ବେଳେ ଡାକ୍ତର ଅଭାବ ଲାଗି ଦେଇଛି। ଦେବଗଡ଼ ସହରରୁ ନୂତନ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଦୂରତା ୫ କିମି ହୋଇଥିବା ବେଳେ ଚିକିତ୍ସା ପାଇଁ ଜନସାଧାରଣଙ୍କୁ ବହୁ ଅସୁବିଧାର ସମ୍ମୁଖୀନ ହେବାକୁ ପଡୁଛି। ପୁରୁଣା କୋଠାରେ ୨୪ ଘଣ୍ଟିଆ ସ୍ୱାସ୍ଥ୍ୟ ସେବା ଯୋଗାଇ ଦେବା ସହ ଜିଲ୍ଲାର ବହୁ ଡାକ୍ତର ପଦବୀ ଖାଲି ପଡିଥିବା ଡାକ୍ତର ପଦବୀ ପୂରଣ କରିବା ପାଇଁ ବିଧାୟକ ଶ୍ରୀ ବିଶ୍ୱାଳ ଦାବି କରିଛନ୍ତି।

## ନାରୀ ସୁରକ୍ଷାରେ ସରକାର ବିଫଳ

# ପ୍ରତିବାଦରେ ବିଜୁ ଯୁବ ଓ ଛାତ୍ର ଜନତା ଦଳ ପକ୍ଷରୁ ଶୋଭାଯାତ୍ରା

ଦେବଗଡ଼, ୯।୮ (ସମିସ)




ନାରୀଙ୍କୁ ସୁରକ୍ଷା ଦେବାରେ ରାଜ୍ୟ ସରକାର ସମ୍ପୂର୍ଣ୍ଣ ଫେଲ୍ ମାରିଛନ୍ତି। ଏହାର ପ୍ରତିବାଦ କରି ଦେବଗଡ଼ ଜିଲ୍ଲା ଯୁବ ଏବଂ ଛାତ୍ର ବିଜେଡି ଶନିବାର ରାଜରାସ୍ତାକୁ ଓହ୍ଲାଇଛି। ଗୋପାଳଜୀଉ ମନ୍ଦିର ସମ୍ମୁଖରୁ ଏକ ବିକ୍ଷୋଭ ଶୋଭାଯାତ୍ରାରେ ଦେବଗଡ଼ ଥାନାକୁ ଯାଇ ଡିଜିପିଙ୍କ ଉଦ୍ଦେଶ୍ୟରେ ଥାନାଧିକାରୀଙ୍କୁ ଦାବିପତ୍ର ପ୍ରଦାନ କରାଯାଇଛି। ରାଜ୍ୟରେ ଛାତ୍ରୀ ଓ ନାରୀଙ୍କ ପ୍ରତି ଅସଦାଚରଣ, ଅପହରଣ, ଦୁଷ୍କର୍ମ, ଗଣଦୁଷ୍କର୍ମ, ହତ୍ୟା ଭଳି ଅପରାଧ ଅହେତୁକ ବୃଦ୍ଧି ପାଇଛି। ଏଭଳି ଅପରାଧ ବିରୋଧରେ ଦ୍ରୁତ ତଥା ଉପଯୁକ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଯୁବ ଏବଂ ଛାତ୍ର ବିଜେଡି ଦାବି କରିଛି। ସେହିପରି ଶିକ୍ଷାନୁଷ୍ଠାନରେ ଛାତ୍ରୀଙ୍କ ପାଇଁ ସୁରକ୍ଷା ବୃଦ୍ଧି ଏବଂ ନାରୀ ସୁରକ୍ଷା ପାଇଁ ଅଧିକ କ୍ରିୟାଶୀଳ ଓ ପ୍ରଭାବଶାଳୀ ବ୍ୟବସ୍ଥା ଗଠନ କରିବାକୁ ଦାବି କରାଯାଇଛି। ସରକାର 'ବେଟି ବଚାଓ ବେଟି ପଢ଼ାଓ'ର ନାରା ଦେଉଥିବା ବେଳେ ସରକାରଙ୍କ ଅପାରଗତା ଯୋଗୁଁ ରାଜ୍ୟରେ ଏବେ ଛାତ୍ରୀ ଏବଂ ନାରୀ ନିଆଁରେ ଜଳୁଛନ୍ତି ବୋଲି ବିଜେଡି ପକ୍ଷରୁ ଅଭିଯୋଗ କରାଯାଇଛି। ଦେବଗଡ ଯୁବ ବିଜେଡି ସଭାପତି ପ୍ରତାପ ଦେବ ଏବଂ ଛାତ୍ର ବିଜେଡି ସଭାପତି ଭବାନୀ ଶଙ୍କର ସାହୁଙ୍କ ନେତୃତ୍ୱରେ ଦାବିପତ୍ର ପ୍ରଦାନ କରାଯାଇଥିଲା। ଏହି ଶୋଭାଯାତ୍ରାରେ ଅନ୍ୟମାନଙ୍କ ମଧ୍ୟରେ ବିଜେଡି ନେତା ରୂପକ ମାଝୀ, ସୁନୀଲ ସାହୁ, ଝାଡେଶ୍ୱର ପ୍ରଧାନ, ଚନ୍ଦ୍ରଶେଖର ଭୁକ୍ତା, ମନୋଜ ପ୍ରଧାନଙ୍କ ସମେତ ବିଜେଡିର ଶତାଧିକ ଯୁବକ ଓ ଛାତ୍ର ସାମିଲ ହୋଇଥିଲେ।

# 'ସୁଭଦ୍ରା' ତୃତୀୟ କିସ୍ତି ପ୍ରଦାନ

ଦେବଗଡ଼, ୯।୮ (ସମିସ): ଦେବଗଡ଼ ମହାବିଦ୍ୟାଳୟ ପରିସର ସ୍ଥିତ ବିଜୁ ପଟ୍ଟନାୟକ ଅଡିଟୋରିୟମ ଠାରେ ଆଜି ସୁଭଦ୍ରା ଯୋଜନାର ତୃତୀୟ କିସ୍ତି ପ୍ରଦାନ ସମାରୋହ ଅନୁଷ୍ଠିତ ହୋଇଯାଇଛି। ଦେବଗଡ଼ ଜିଲ୍ଲା ସାମାଜ ମଙ୍ଗଳ ଅଧିକାରିଣୀ ସୁରଚି ପ୍ରଧାନଙ୍କ ସଂଯୋଜନାରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ମୁଖ୍ୟ ଅତିଥି ଭାବେ ଜିଲ୍ଲାପାଳ କବିନ୍ଦ୍ର ସାହୁ, ସମ୍ମାନିତ ଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ରେବେକା ବିଲୁଙ୍ଗ, ସମ୍ବଲପୁର ଲୋକସଭା ସାଂସଦ ପ୍ରତିନିଧି ଅରୁଣ ସାହୁ, ଭାରପ୍ରାପ୍ତ ପୌର ପରିଷଦ ଅଧ୍ୟକ୍ଷ ପ୍ରଜିତ ଭୋଜ, ତିଲେଇବଣି ବ୍ଲକ୍ ଅଧ୍ୟକ୍ଷା ବୃନ୍ଦାବତୀ ଭୋଇ ପ୍ରମୁଖ ଯୋଗ ଦେଇ କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ଏହି ଅବସରରେ ରାକ୍ଷୀ ପୂର୍ଣ୍ଣିମା ଅବସରରେ ମହିଳା ମାନଙ୍କ ପାଇଁ ଉଦ୍ଦିଷ୍ଟ ସୁଭଦ୍ରା ଯୋଜନାର ତୃତୀୟ କିସ୍ତି ପ୍ରଦାନ ସମେତ ବିଭିନ୍ନ ଯୋଜନା ସମ୍ପର୍କରେ ଉପସ୍ଥିତ ମହିଳାଙ୍କୁ ସଚେତନ କରାଯାଇଥିଲା। ପରେ ଦେବଗଡ଼ ଜିଲ୍ଲାର ୭୭,୯୮୧ ଜଣ ମହିଳାଙ୍କୁ ମୁଖ୍ୟମନ୍ତ୍ରୀଙ୍କ ଦ୍ୱାରା ସୁଭଦ୍ରା ଯୋଜନାର ତୃତୀୟ କିସ୍ତି ଅର୍ଥ ପ୍ରଦାନ କରାଯାଇଥିଲା। କାର୍ଯ୍ୟକ୍ରମରେ ମିଶନ ଶକ୍ତି ମହିଳା, ସିଡିପିଓ, ଅଙ୍ଗନବାଡି କର୍ମୀ, ସଖି, ସୁପର ଭାଇଜର ପ୍ରମୁଖ ଉପସ୍ଥିତ ଥିଲେ। ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ମନୋରଞ୍ଜନ ସୂତାର କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

ଝାରସୁଗୁଡ଼ା: ଝାରସୁଗୁଡ଼ା ଜିଲ୍ଲାସ୍ତରୀୟ ସୁଭଦ୍ରା ଯୋଜନାର ତୃତୀୟ କିସ୍ତି ପ୍ରଦାନ କାର୍ଯ୍ୟକ୍ରମ ଶନିବାର ସହର ସ୍ଥିତ ଏମସିଏଲ ଅଡିଟଟୋରିୟମ ଠାରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଝାରସୁଗୁଡ଼ା ବିଧାୟକ ଟଙ୍କଧର ତ୍ରିପାଠୀ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ଜିଲ୍ଲାରେ ୧ ଲକ୍ଷ ୩୦ ହଜାରରୁ ଉର୍ଦ୍ଧ୍ୱ ମହିଳା ସୁଭଦ୍ରା ଯୋଜନାରେ ସାମିଲ ହୋଇ ଏହାର ଲାଭ ଉଠାଇ ସାରିଥିବା ବିଧାୟକ ତ୍ରିପାଠୀ ମତବ୍ୟକ୍ତ କରିଥିଲେ। ସୁଭଦ୍ରା ଯୋଜନା ପାଇଥିବା ହିତାଧିକାରୀ ସରିତା ଡାକୁଆ, ନେତ୍ରବତୀ ପ୍ରଧାନ ଓ ଦୀପିକା ସିଂ ପ୍ରମୁଖ ନିଜ ଅଭିଜ୍ଞତା କହିଥିଲେ। କାର୍ଯ୍ୟକ୍ରମରେ ଭାଜପା ଜିଲ୍ଲା ସଭାପତି ରଘୁନନ୍ଦନ ପଣ୍ଡା, ରାଜସ୍ୱ ମନ୍ତ୍ରୀଙ୍କ ପ୍ରତିନିଧି ପ୍ରମୋଦ ସେନାପତି, ଅତିରିକ୍ତ ଜିଲ୍ଲାପାଳ (ପ୍ରଶାସନ) ବ୍ରଜବନ୍ଧୁ ଭୋଇ, ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) କିଶୋର ସ୍ୱାଇଁ, ଶିଶୁ ବିକାଶ ଅଧିକାରୀ ସୁନନ୍ଦ ମହାରଣା, ଜିଲ୍ଲା ସମାଜ କଲ୍ୟାଣ ଅଧିକାରୀ ପୁଣ୍ୟବତୀ ହେଲେନ୍ ଖେସ, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଅଜୟ ଜେନା, ଜିଲ୍ଲା ସ୍ତରୀୟ ବିଭିନ୍ନ ବିଭାଗର କର୍ମଚାରୀ, ସୁଭଦ୍ରା ହିତାଧିକାରୀ, ସ୍ୱୟଂ ସହାୟକ ଗୋଷ୍ଠୀ ସଦସ୍ୟାଙ୍କ ସହିତ ବହୁ ସାମାଜିକ କର୍ମୀ ଉପସ୍ଥିତ ଥିଲେ।

# ଆଦିବାସୀ ସଂଗଠନ ପକ୍ଷରୁ ବିଶ୍ୱ ଆଦିବାସୀ ଦିବସ




ଝାରସୁଗୁଡ଼ା, ୯।୮ (ସମିସ): ଝାରସୁଗୁଡ଼ା ଜିଲ୍ଲା ସମ୍ମିଳିତ ଆଦିବାସୀ ସମାଜ ଓ ଅନୁସୂଚିତ ଜାତି ଜନଜାତି ମିଳିତ କ୍ରିୟାନୁଷ୍ଠାନ କମିଟି ସହିତ ଅନେକ ଆଦିବାସୀ ସଂଗଠନ ମାନଙ୍କର ମିଳିତ ଆନୁକୂଲ୍ୟରେ ବିଶ୍ୱ ଆଦିବାସୀ ଦିବସ ପାଳିତ ହୋଇଯାଇଛି। ଏହି ଅବସରରେ ଆୟୋଜିତ ସଭାରେ ମର୍ଯ୍ୟାଦା ସହିତ ବଞ୍ଚିବାର ରାଷ୍ଟ୍ରୀୟ ଅଭିଯାନ କନଭେନର ଗୋପିନାଥ ମାଝୀ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ଆଦିବାସୀ ସାମାଜିକ କାର୍ଯ୍ୟକର୍ତ୍ତା, ସାମ୍ବାଦିକ, ମାନବ ଚାଲାଣ ବିରୋଧୀ ସାମାଜିକ କର୍ମୀ ତଥା ଜାତିସଂଘ ମୁଖ୍ୟାଳୟର ମାନବାଧିକାର ପାଇଁ ଉଚ୍ଚାୟୁକ୍ତ କାର୍ଯ୍ୟାଳୟ ଦ୍ୱାରା ଫେଲୋସିପ ପ୍ରାପ୍ତ ଆଲମା ଗ୍ରେସ ବାର୍ଲା ମୁଖ୍ୟବକ୍ତା ରୂପେ ଯୋଗ ଦେଇଥିଲେ। ଝାରସୁଗୁଡ଼ା ମନମୋହନ ପଡିଆ ଠାରୁ ଆଦିବାସୀ ସଂପ୍ରଦାୟର ବିଭିନ୍ନ ସାଂସ୍କୃତିକ ଦଳ ସହିତ ଶହଶହ ଜନସାଧାରଣ ବିରାଟ ଶୋଭାଯାତ୍ରାରେ ସହରର ମୁଖ୍ୟ ମାର୍ଗ ଦେଇ ଉତ୍କଳଜ୍ୟୋତି ପ୍ରାଙ୍ଗଣରେ ପହଞ୍ଚିଥିଲା। ନୃତ୍ୟ ଗୀତ ବାଦ୍ୟ ମଧ୍ୟରେ ପାରମ୍ପରିକ ବେଶ ପୋଷାକରେ ସଜ୍ଜିତ ହୋଇ ଶହଶହ ପୁରୁଷ ଓ ମହିଳା ଶୋଭାଯାତ୍ରାରେ ଅଂଶଗ୍ରହଣ କରିଥିଲେ। ଉତ୍କଳଜ୍ୟୋତି ପ୍ରାଙ୍ଗଣରେ ଆୟୋଜିତ ସଭାରେ ମୁଖ୍ୟାବକ୍ତା ଆଦିବାସୀ କଳା ସଂସ୍କୃତି ଉପରେ ଆଲୋକପାତ କରିଥିଲେ। କାର୍ଯ୍ୟକ୍ରମ ପାଳନରେ ସମ୍ମିଳିତ ଆଦିବାସୀ ସମାଜ କର୍ମକର୍ତ୍ତା ମାଧବ ସିଂହ ନାଏକ, ପ୍ରଭାକର ଓରାମ, ପ୍ରେମସାଗର ଧୁରୁଆ, ତ୍ରିଲୋଚନ ତନସନା, ଜିତେନ୍ଦ୍ରୀୟ ଧୁରୁଆ, ଅନୁସୁଚିତ ଜାତି ଜନଜାତି ମିଳିତ କ୍ରିୟାନୁଷ୍ଠାନ କମିଟିର ଲକ୍ଷ୍ମୀଚରଣ ପାଲ, ରବୀନ୍ଦ୍ର ସୋହେଲା, ସମନ୍ୱିତ ଆଦିବାସୀ ସମାଜ ସୋଡାମାଲର ପଦ୍ମିନୀ ମୁଣ୍ଡା, ତପନ କାଲୋ, ଡିଲେଶ୍ୱର କିସାନ, ପଶ୍ଚିମ ଓଡ଼ିଶା ଆଦିବାସୀ ମହିଳା ସେବା ସଂଘର ସଞ୍ଜୁଲତା ନାଏକ, ରସଲ, ଆଲଫୋନ ଟପ୍ପୋ, ବାସିଲ, ଜିଇଏଲ କମ୍ୟୁନିଟି ଝାରସୁଗୁଡ଼ା ପାଷ୍ଟର ମାତନ ବାବା ଓ କ୍ୟାଥୋଲିକ କମ୍ୟୁନିଟି ଝାରସୁଗୁଡ଼ା ସହଯୋଗ କରିଥିଲେ।

# କିଟ୍ ଓ କିସ୍ ଜଗନ୍ନାଥ ମନ୍ଦିର ଟ୍ରଷ୍ଟ ପକ୍ଷରୁ ପାଟରାକ୍ଷୀ ସେବା ପ୍ରଦାନ

ଦେବଗଡ଼, ୯।୮ (ସମିସ): ରାଜ୍ୟର ପ୍ରତିଷ୍ଠିତ ଶିକ୍ଷାନୁଷ୍ଠାନ କିଟ୍ ଓ କିସ୍ ଜଗନ୍ନାଥ ମନ୍ଦିର ଟ୍ରଷ୍ଟ ପକ୍ଷରୁ ଅନୁଷ୍ଠାନର ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତଙ୍କ ଆବାହକତ୍ୱରେ ରାଜ୍ୟର ପ୍ରମୁଖ ଦେବଗଡ଼ ଜଗନ୍ନାଥ ମନ୍ଦିରରେ ପାଟରାକ୍ଷୀ ସେବା ପ୍ରଦାନ କରାଯାଇଛି। ଏହି ଉପଲକ୍ଷେ ଚତୁର୍ଦ୍ଧା ମୂର୍ତ୍ତିଙ୍କ ପାଇଁ ଅନୁଷ୍ଠାନ ପକ୍ଷରୁ ପାଟ ସହ ରାକ୍ଷୀ ଯୋଗାଇ ଦିଆଯାଇଛି। ପୁରୁଣାଗଡ ସ୍ଥିତ ଜଗନ୍ନାଥ ମନ୍ଦିରକୁ ଅନୁଷ୍ଠାନର ପ୍ରତିନିଧି ମାନେ ଆସି ମୁଖ୍ୟ ପୂଜକ ସନ୍ତୋଷ ନାୟକ ଓ ପ୍ରଣୟ ପୁରୋହିତଙ୍କୁ ପାଟରାକ୍ଷୀ ପ୍ରଦାନ କରିଥିଲେ।

# ଜିଲ୍ଲା କଂଗ୍ରେସ କମିଟି ପକ୍ଷରୁ ବିଶ୍ୱ ଆଦିବାସୀ ଦିବସ

ଦେବଗଡ଼, ୯।୮ (ସମିସ): ଜିଲ୍ଲା କଂଗ୍ରେସ କମିଟି ପକ୍ଷରୁ ଶନିବାର ବିଶ୍ୱ ଆଦିବାସୀ ଦିବସ ପାଳିତ ହୋଇଯାଇଛି। ଏହି ଅବସରରେ ବିର୍ସା ମୁଣ୍ଡା ଛକ ଠାରେ ବିର୍ସା ମୁଣ୍ଡାଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରାଯାଇଥିଲା। ଜିଲ୍ଲା କଂଗ୍ରେସ କାର୍ଯ୍ୟାଳୟରେ ଜିଲ୍ଲା ସଂଯୋଜକ ସେମ ହେମ୍ବ୍ରାମଙ୍କ ଅଧ୍ୟକ୍ଷତାରେ ସଭା ଅନୁଷ୍ଠିତ ହୋଇଥିଲା। ଆଦିବାସୀ ସମାଜକୁ କଂଗ୍ରେସର ଅବଦାନ ସହ ଜଙ୍ଗଲ ଜମି ଅଧିକାର ବିଷୟରେ ଆଲୋଚନା କରାଯାଇଥିଲା। କାର୍ଯ୍ୟକ୍ରମରେ ବାରକୋଟ ବ୍ଲକ୍‌ର ପୂର୍ବତନ ସଭାପତି ତଥା କଲଣ୍ଡା ସରପଞ୍ଚ ଯଶୋବନ୍ତ ସାହୁ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଅନ୍ୟ ମାନଙ୍କ ମଧ୍ୟରେ ଅଲେଖ ନାୟକ, ରାଜେଶ ବର୍ଲା, ସୁଶୀଲ ଗୁଡ଼ିଆ, ଦୁଃଖବନ୍ଧୁ ମୁଣ୍ଡା, ଦେବେନ୍ଦ୍ର ବାର୍ଲା, ଗୁଲବଦନ ମୁଣ୍ଡାଙ୍କ ସମେତ ବହୁ ଦଳୀୟ କର୍ମୀ ଉପସ୍ଥିତ ଥିଲେ।

# ଯୁବତୀଙ୍କୁ ବିବାହର ପ୍ରତିଶ୍ରୁତି ଦେଇ ପ୍ରତାରଣା, ଅଭିଯୁକ୍ତ ଗିରଫ

ଦେବଗଡ଼, ୯।୮ (ସମିସ): ଘରକୁ ଯିବା ଆସିବା ପରେ ପ୍ରେମ ଜାଲରେ ଫସାଇଲେ। ପରେ ବିବାହ ପ୍ରତିଶ୍ରୁତି ଦେଇ ଶାରୀରିକ ସମ୍ପର୍କ ସ୍ଥାପନ ପରେ ପ୍ରତାରଣା କରିଥିବା ନେଇ ରିଆମାଳ ଥାନାରେ ଅଭିଯୋଗ ହୋଇଛି। ଅଭିଯୋଗ ଆଧାରରେ ରିଆମାଳ ଥାନା ପୁଲିସ ଅଭିଯୁକ୍ତ ଯୁବକକୁ ଗିରଫ କରି କୋର୍ଟ ଚାଲାଣ କରିଥିବା ଜଣାପଡିଛି। ସମ୍ବଲପୁର ଜିଲ୍ଲା ଚାରମାଳ ଥାନା ଅଧୀନ ବଡମାଳ ଗାଁର ୨୩ ବର୍ଷୀୟ ଯୁବକ ରିଆମାଳ ଥାନାଞ୍ଚଳର ଜଣେ ୨୧ ବର୍ଷିଆ ଯୁବତୀଙ୍କ ଘରକୁ ଯିବାଆସିବା କରୁଥିଲେ। ଯୁବତୀଙ୍କୁ ପ୍ରେମ ଜାଲରେ ଫସାଇବା ସହ ବିବାହର ପ୍ରତିଶ୍ରୁତି ଦେଇ ଯୁବତୀଙ୍କ ଅନିଚ୍ଛା ସତ୍ତ୍ୱେ ଶାରୀରିକ ସମ୍ପର୍କ ରଖିଥିଲେ। ଯୁବତୀ ଜଣକ ଆଠ ମାସର ଗର୍ଭବତୀ ହୋଇଥିବା ବେଳେ ଯୁବକ ଜଣକ ଧରାଛୁଆଁ ଦେଉ ନଥିବା ଅଭିଯୋଗ ହୋଇଛି। ବହୁଦିନ ଧରି ଫୋନ ରିସିଭ କରୁ ନଥିବାରୁ ଯୁବତୀ ଜଣକ ପ୍ରତାରଣାର ଶିକାର ହୋଇଥିବା ଜାଣି ପାରିଥିଲେ। ତେଣୁ ନ୍ୟାୟ ପାଇଁ ରିଆମାଳ ଥାନାର ଦ୍ୱାରସ୍ଥ ହୋଇଛନ୍ତି। ଯୁବତୀଙ୍କ ଅଭିଯୋଗ ଅନୁଯାୟୀ ରିଆମାଳ ଥାନା ପୁଲିସ ବିଭିନ୍ନ ଦଫାରେ ମାମଲା ରୁଜୁ କରି ଘଟଣାର ତଦନ୍ତ କରିବା ସହ ଅଭିଯୁକ୍ତକୁ ଗିରଫ କରି ଆଜି କୋର୍ଟ ଚାଲାଣ କରିଛି। ଅଦାଲତରେ ଜାମିନ ନାମଞ୍ଜୁର ହେବାରୁ ଅଭିଯୁକ୍ତକୁ ଜେଲ ହାଜତକୁ ପଠାଇ ଦିଆଯାଇଛି।

# ଯବାନଙ୍କ ହାତରେ ବାନ୍ଧିଲେ ରାକ୍ଷୀ



ଝାରସୁଗୁଡ଼ା, ୯।୮ (ସମିସ): ପବିତ୍ରରକ୍ଷା ବନ୍ଧନ ଅବସରରେ ପଞ୍ଚପଡା ଶିଶୁ ବିକାଶ ବିଦ୍ୟା ମନ୍ଦିରର ସମସ୍ତ ଶିଶୁ ଓ ଗୁରୁଜୀ ଗୁରୁମା ଓ ଏମପି ସେକେଣ୍ଡ ବାଟାଲିୟନ ପରିସରରେ ଦୂର୍ଗପତି ଭବାନୀ ଶଙ୍କର ସେଟ୍‌ଙ୍କ ଉପସ୍ଥିତିରେ ଶତାଧିକ ଯବାନଙ୍କ ହାତରେ ରାକ୍ଷୀ ବାନ୍ଧିଛନ୍ତି। ସହଦୁର୍ଗପତି ସୁଭାଷ ଚନ୍ଦ୍ର ଭୋଇ କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ସହ ଦୁର୍ଗପତି ସୁରଜ୍ ଠାକୁର, ରାମୁ ଖିଣ୍ଡୋ, ନାବର୍ କେରକେଟା, ବିଭୁ ପ୍ରସାଦ ନାଏକ, କଲ୍ୟାଣୀ ଶଙ୍କର ସାହୁ ଓ ଓଟିଭି ରିପୋଟର ଭାଗିରଥୀ ସାହୁ ପ୍ରମୁଖ ମଞ୍ଚାସୀନ ଥିଲେ। ବିଦ୍ୟାଳୟର ସମ୍ପାଦକ ଦିଗାମ୍ବର ମାଝୀ ଅତିଥି ପରିଚୟ ପ୍ରଦାନ କରିଥିଲେ। ବିଦ୍ୟାଳୟର ପ୍ରଧାନ ଆଚାର୍ଯ୍ୟ ମମତା ସିଂହ କାର୍ଯ୍ୟକ୍ରମର ସୁପରିଚାଳନା କରିଥିବା ବେଳେ କୋଷାଧ୍ୟକ୍ଷ ପ୍ରିୟଙ୍କା ସାହୁ ବ୍ୟବସ୍ଥା ପ୍ରମୁଖ ଭାବେ ଦାୟିତ୍ୱ ତୁଲାଇଥିଲେ। ଶତାଧିକ ଯବାନଙ୍କୁ ରାକ୍ଷୀ ପିନ୍ଧାଇ ବାକୁ ଆସିଥିବା ଶିଶୁ ଭାଇ ଭଉଣୀ ମାନଙ୍କୁ ତାରିଣୀ ପ୍ରିୟା ମହାନ୍ତି, ଝରଣା ସାହୁ, ଚନ୍ଦ୍ରିକା କିଶାନ, ମୈଥିଳୀ ସାହୁ, ବୀଣା ପାଣି ପ୍ରଧାନ, ଶିବାନୀ ସାହୁ, ଅମୟ ନାଏକ, କୁସୁମ ନଇ ପମୁଖ ଗୁରୁଜୀ ଗୁରୁମା' ସହଯୋଗ କରିଥିଲେ। ବିଦ୍ୟାଳୟର ଭଉଣୀ ରାକ୍ଷୀ ମାଝୀ ଓ ଭାଇ ସାଇ କ୍ରିଷ୍ଣା ମାଝୀ କାର୍ଯ୍ୟକ୍ରମ ଉପରେ ନିଜର ଅନୁଭୂତି ପ୍ରକାଶ କରିଥିଲେ। ଶେଷରେ ବିଦ୍ୟାଳୟର ବଶିଷ୍ଠ ଆଚାର୍ଯ୍ୟ ମନ୍ଦାକିନୀ ମାକର ଧନ୍ୟବାଦ ଅର୍ପଣ କରିଥିଲେ।

# ବ୍ୟାଟେରୀ ଚୋରି ଅଭିଯୋଗରେ ୪ ଗିରଫ



ଝାରସୁଗୁଡ଼ା, ୯।୮ (ସମିସ): ଝାରସୁଗୁଡ଼ା ଜିଲ୍ଲା ଓରିଏଣ୍ଟ ଥାନା ଅଞ୍ଚଳରୁ ବ୍ୟାଟେରୀ ଚୋରି ଅଭିଯୋଗରେ ୪ ଅଭିଯୁକ୍ତଙ୍କୁ ଗିରଫ କରି ଓରିଏଣ୍ଟ ଥାନା ପୁଲିସ କୋର୍ଟଚାଲାଣ କରିଛି। ଶୁକ୍ରବାର ବ୍ରଜରାଜନଗର ଥାନା ମେନରୋଡ ଅଞ୍ଚଳର ହରପ୍ରୀତ ସିଂହ ବ୍ୟାଟେରୀ ଚୋରି ନେଇ ଓରିଏଣ୍ଟ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଅଭିଯୋଗକୁ ଭିତ୍ତିକରି ଓରିଏଣ୍ଟ ଥାନା ପକ୍ଷରୁ ଏକ ମାମଲା ରୁଜୁ ହୋଇ ତଦନ୍ତ ଆରମ୍ଭ କରାଯାଇଥିଲା। ତଦନ୍ତ ପରେ ଚୋରି ଅଭିଯୋଗରେ ୪ ଜଣ ଅଭିଯୁକ୍ତ ଓରିଏଣ୍ଟ ଥାନା ରାମଗଡର କବି ସିଂହ (୨୬), ଆଲୋକ ନାୟକ(୨୪), ମଧୁବନନଗରର ସୁମିତ ଟପନୋ(୨୬), ଗୁରୁବାର ବଜାର ଅଞ୍ଚଳର ସାଫି ଅହମ୍ମଦ ଖାନ ଓରଫ ଛୋଟୁ(୩୩) କୁ ଗିରଫ କରାଯାଇ ଶନିବାର କୋର୍ଟ ଚାଲାଣ କରାଯାଇଛି। ଗିରଫ ଅଭିଯୁକ୍ତ ମାନଙ୍କ ନିକଟରୁ ୬ଟି ବ୍ୟାଟେରୀ ଏବଂ ଏକ ଅଟୋକୁ ଜବତ କରାଯାଇଥିବା ନେଇ ଓରିଏଣ୍ଟ ପୁଲିସ ପକ୍ଷରୁ ସୂଚନା ଦିଆଯାଇଛି।

# ହର ଘର ତ୍ରିରଙ୍ଗା କାର୍ଯ୍ୟକ୍ରମର ଶୁଭାରମ୍ଭ

ଦେବଗଡ଼, ୯।୮ (ସମିସ): ଅଗଷ୍ଟ ୮ ରୁ ୧୪ ତାରିଖ ପର୍ଯ୍ୟନ୍ତ ହର ଘର ତ୍ରିରଙ୍ଗା, ସ୍ୱଚ୍ଛ ଭାରତ ଓ ତ୍ରିରଙ୍ଗା ଯାତ୍ରା ଅନୁଷ୍ଠିତ ହେବ। ଜିଲ୍ଲାପରିଷଦ ସମ୍ମିଳନୀ କକ୍ଷରେ ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ତଥା କାର୍ଯ୍ୟନିର୍ବାହୀ ଅଧିକାରୀ ରାଜେନ୍ଦ୍ର ମିଞ୍ଜଙ୍କ ଅଧ୍ୟକ୍ଷତାରେ ହର ଘର ତ୍ରିରଙ୍ଗା କାର୍ଯ୍ୟକ୍ରମ ଆରମ୍ଭ କରାଯାଇଛି। ଜିଲ୍ଲା ଜଳ ଓ ପରିମଳ ମିଶନର ପରାମର୍ଶ ଦାତା ପ୍ରଶାନ୍ତ ସାମଲ ଓ ଡିପିଶି ମିଶନ ଶକ୍ତିର ଶିଶିର ଷଡଙ୍ଗୀଙ୍କ ସହଯୋଗିତାରେ ଜିଲ୍ଲାରେ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ମାନଙ୍କ ଦ୍ୱାରା ଜାତୀୟ ପତାକା ପ୍ରସ୍ତୁତ କରାଯାଇଛି। ଶାନ୍ତିଶୃଙ୍ଖଳା ସହିତ ହର ଘର ତ୍ରିରଙ୍ଗା କାର୍ଯ୍ୟକ୍ରମ ପାଳନ କରିବାକୁ ଶ୍ରୀ ମିଞ୍ଜ ସମସ୍ତଙ୍କ ସହଯୋଗ କାମନା କରିଛନ୍ତି। କାର୍ଯ୍ୟକ୍ରମରେ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ, ନିର୍ବାଚିତ ଜନ ପ୍ରତିନିଧି ଓ ପଲିଟେକନିକ୍‌ର ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ।

# ବିଜାପାଲି ମହିମା ଆଶ୍ରମରେ ନୂଆଁଖାଇ

ଇବଥର୍ମାଲ, ୯।୮ (ସମିସ): ବିଜାପାଲି ପଞ୍ଚଗାଁ ମହିମା ଆଶ୍ରମରେ ୨୯ ତମ ବିଶ୍ୱ ଶାନ୍ତି ବ୍ରହ୍ମ ଯଜ୍ଞ ମହିମା ବାଲ୍ୟଲୀଳା ନୂଆଁଖାଇ ମହୋତ୍ସବ ପାଳିତ ହୋଇଯାଇଛି। ଏହି ଅବସରରେ ସାଧୁ ନିରଞ୍ଜନ ଦାସ ମହିମା ଧର୍ମ ଏକ ବିଶ୍ୱ ଧର୍ମ ବୋଲି କହିଥିଲେ। ସାଧୁ ଚିତ୍ରସେନ ଦାସ, ସ୍ୱରୁପ ଦାସ, ନିରଞ୍ଜନ ଦାସ, ହରିହର ଦାସ, ଭକ୍ତ ବିରଞ୍ଚି ସାହୁ, ଲକ୍ଷ୍ମୀନାରାୟଣ ସାହୁ, ଆହାରାମ ପ୍ରଧାନ, ନଟ ଭୋଇ, ଯୀଶୁ ପ୍ରଦାନ, ପଞ୍ଚାନନ ପ୍ରଧାନ, ଆନନ୍ଦ ଗୌଡ, କୁଟିଳତା ସାହୁ, କନକ ସାହୁ, ସୀତା ଗୌଡ ପ୍ରମୁଖ ଯୋଗ ଦେଇଥିଲେ।

# ସ୍ୱଭାବ କବି ଗଙ୍ଗାଧର ମେହେରଙ୍କ ଜୟନ୍ତୀ





## ମାଁ ଲକ୍ଷ୍ମୀ ଯୁବକ ସଂଘ ଭୋଇମୁଣ୍ଡା ପକ୍ଷରୁ ରକ୍ତଦାନ ଶିବିର

ଝାରସୁଗୁଡ଼ା, ୯।୮ (ସମିସ): ଝାରସୁଗୁଡ଼ା ଜିଲ୍ଲା ଲୋଇସିଂହ ପଞ୍ଚାୟତ ଅଧୀନ ଭୋଇମୁଣ୍ଡା ଗାଁ ଠାରେ ଶନିବାର ଭୋଇମୁଣ୍ଡା ମେହେର (ଭୁଲିଆ) ସମାଜ ପକ୍ଷରୁ ସ୍ୱଭାବ କବି ଗଙ୍ଗାଧର ମେହେରଙ୍କ ୧୬୩ ତମ ଜୟନ୍ତୀ ମହାସମାରୋହରେ ପାଳିତ ହୋଇଯାଇଛି। ମେହେର ଭୁଲିଆ ସମାଜ ସଭାପତି ମାୟାଧର ମେହେର, ସମ୍ପାଦକ ଦୋଳଗୋବିନ୍ଦ ମେହେର, କୋଷାଧ୍ୟକ୍ଷ ସନ୍ତୋଷ ମେହେର ମୁଖ୍ୟ ଅତିଥି ଭାବେ ଅଂଶଗ୍ରହଣ କରିଥିଲେ। ଜିତେନ୍ଦ୍ର ମେହେର, ଦୀନବନ୍ଧୁ ମେହେର, ମୋହନ ମେହେର, ବିରଞ୍ଚି ମେହେର ପ୍ରମୁଖ ମଞ୍ଚାସୀନ ଥିଲେ। ଜୟନ୍ତୀ ପାଳନ ଉପଲକ୍ଷେ ମାଁ ଲକ୍ଷ୍ମୀ ଯୁବକ ସଂଘ ଭୋଇମୁଣ୍ଡା ପକ୍ଷରୁ ମେହେର (ଭୁଲିଆ) ସମାଜ ସହାୟତାରେ ରକ୍ତଦାନ ଶିବିରର ଆୟୋଜନ କରାଯାଇଥିଲା। ଶିବିରରେ ମୁଖ୍ୟ ଅତିଥି ଭାବେ ସମାଜସେବୀ ମଙ୍ଗଳ ସାହୁ ଯୋଗ ଦେଇଥିଲେ। ଶିବିରରେ ସମୁଦାୟ ୫୨ ୟୁନିଟ ରକ୍ତ ସଂଗ୍ରହ କରାଯାଇ ରକ୍ତଭଣ୍ଡାରକୁ ହସ୍ତାନ୍ତର କରାଯାଇଥିଲା। ମାଁ ଲକ୍ଷ୍ମୀ ଯୁବକ ସଙ୍ଘର ସଭାପତି ଭୀମ ମେହେର, ଉପ ସଭାପତି ଥବିର ମେହେର, ସମ୍ପାଦକ ଗଦାଧର କଉଡି, ଉପସମ୍ପାଦକ ପୁଲିନ ମେହେର, କୋଷାଧ୍ୟକ୍ଷ ପୌଲସ୍ତି ମେହେର, ଯୁବକ ସଙ୍ଘର ସଦସ୍ୟ ସୁଶାନ୍ତ ମେହେର, ଲୀଳାଦ୍ରୀ ମେହେର, ଆଶିଷ ମେହେର, ମୁରଲୀ ଧୁରୁଆ, ଲିଙ୍ଗରାଜ ମେହେର, ସୁଭମ ମେହେର, ମନୋଜ ମେହେର, ଜଗନ୍ନାଥ ଭୋଇ, ରବୀନ୍ଦ୍ର ଧୁରୁଆ ପ୍ରମୁଖ ସହଯୋଗ କରିଥିଲେ।

## ମେହେର ଭୁଲିଆ ସମାଜ


ସ୍ୱଭାବ କବି ଗଙ୍ଗାଧର ମେହେରଙ୍କ ୧୬୩ ତମ ଜନ୍ମ ଜୟନ୍ତୀ ଝାରସୁଗୁଡ଼ା ସହର ସ୍ଥିତ ଯାନ୍ତ୍ରିକ ବିଦ୍ୟାଳୟରେ ମହାସମାରୋହରେ ପାଳିତ ହୋଇଯାଇଛି। ମେହେର ଭୁଲିଆ ସମାଜର ଆନୁକୂଲ୍ୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଝାରସୁଗୁଡ଼ା ବିଧାୟକ ଟଙ୍କଧର ତ୍ରିପାଠୀ ଯୋଗ ଦେଇ କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ଗଙ୍ଗାଧର ମେହେର ଭବନ ତିଆରି ପାଇଁ ସମସ୍ତ ପ୍ରକାର ସହାୟତା ପ୍ରଦାନ କରିବା ପାଇଁ ବିଧାୟକ ପ୍ରତିଶ୍ରୁତି ଦେଇଥିଲେ। ସମ୍ମାନିତ ଅତିଥି ଭାବେ ପଦ୍ମଶ୍ରୀ ହଳଧର ନାଗ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମରେ ଅନ୍ୟ ଅତିଥି ମାନଙ୍କ ମଧ୍ୟରେ ଚୌଜିଲ୍ଲା ସଭାପତି ଚନ୍ଦ୍ରଶେଖର ମେହେର, କାର୍ଯ୍ୟକାରୀ ସଭାପତି ଶତ୍ରୁଘ୍ନ ମେହେର, ସୁରେଶ ମେହେର, ପୂର୍ବତନ ଚଉ ଜିଲ୍ଲା ସଭାପତି ନୃପଲାଲ ମେହେର ପ୍ରମୁଖ ମେହେର ଭୁଲିଆ ସମାଜ ପକ୍ଷରୁ ମଞ୍ଚାସୀନ ଥିଲେ। ଟାଉନ ସଭାପତି ପ୍ରମୋଦ ମେହେର ସଭା ପରିଚାଳନା କରିଥିଲେ। କବି ବସନ୍ତ ନାଥ, ଲେଖକ ନିକୁଞ୍ଜ ବିହାରୀ ମିଶ୍ରଙ୍କୁ ସାରସ୍ୱତ ସମ୍ମାନରେ, ରକ୍ତଦାନ ପାଇଁ ରାଜେଶ ପାଢ଼ୀଙ୍କୁ, ଜ୍ୟୋତିଷ ପାଇଁ ଅଜିତ ମୋହନ ମେହେରଙ୍କୁ ମେହେର ଭୁଲିଆ ସମାଜ ପକ୍ଷରୁ ସମ୍ମାନିତ କରାଯାଇଥିଲା। କବି ଗଙ୍ଗାଧର ମେହେରଙ୍କ ଲିଖିତ ଇନ୍ଦୁମତୀ କାବ୍ୟ ଉପରେ ଏକ ନାଟକ ପରିବେଷଣ କରାଯାଇଥିଲା। କାର୍ଯ୍ୟକ୍ରମରେ ଝାରସୁଗୁଡ଼ା ଜିଲ୍ଲା ସହିତ ସୁନ୍ଦରଗଡ, ସମ୍ବଲପୁର ତଥା ବହୁ ଜିଲ୍ଲାରୁ ମେହେର ଭୁଲିଆ ସମାଜର ଶତାଧିକ ସଦସ୍ୟ ଯୋଗ ଦେଇଥିଲେ।

# ୩୨ ଗ୍ରାମ ବ୍ରାଉନସୁଗର ଜବତ, ୬ ଗିରଫ

ଝାରସୁଗୁଡ଼ା, ୯।୮ (ସମିସ): ଝାରସୁଗୁଡ଼ା ଜିଲ୍ଲା ବ୍ରଜରାଜନଗର ଥାନା ଅଧୀନ ଓପିଏମ ସ୍କୁଲ ପଡିଆରୁ ଏକ ୬ ଜଣିଆ ଡ୍ରଗ୍ସ ଚଲାଣକାରୀ ଗ୍ୟାଙ୍ଗକୁ ପୁଲିସ ଗିରଫ କରିଛି। ସେମାନଙ୍କ ନିକଟରୁ ୩୨ ଗ୍ରାମ ବ୍ରାଉନସୁଗର, ପେଣ୍ଟା ଯୋନିକ ଲେକଟେକ ଇଞ୍ଜେକେସନ, ୫ଟି ଡିସ୍ପୋଭେନ ସିରିଞ୍ଜ, ୧୫ ଷ୍ଟ୍ରିପ ନାଇଟ୍ରାଯେପାମ ଟେବଲେଟ ଏବଂ ୨ ହଜାର ଟଙ୍କା ଜବତ ହୋଇଛି। ଜବତ ନିଶା ଦ୍ରବ୍ୟର ମୂଲ୍ୟ ୧୦ ଲକ୍ଷ ଟଙ୍କାରୁ ଉର୍ଦ୍ଧ୍ୱ ବୋଲି ପୁଲିସ ସୂଚନା ଦେଇଛି। ଗିରଫ ଅଭିଯୁକ୍ତ ମାନେ ବ୍ରଜରାଜନଗର ଥାନା ଅଞ୍ଚଳର ବିଜୟ ଅଗ୍ରୱାଲ, ବିଜୟ ସାହା, ଉମେଶ ଚୌହାନ, ପୁଷ୍ଟୋମ ବାନଛୋର, କରନ କଲେତ, ଅମିତ ଷଣ୍ଢ ବୋଲି ଜଣାପଡ଼ିଛି। ଅଭିଯୁକ୍ତମାନେ ଯୁବ ଗୋଷ୍ଠୀଙ୍କୁ ଟାର୍ଗେଟ କରି ନିଶା କରବାର କରୁଥିଲେ। ତେବେ ନିଶା ଚାଲାଣ ପାଇଁ ବ୍ରଜରାଜନଗର ଓପିଏମ ସ୍କୁଲ ପଡିଆରେ ଅଭିଯୁକ୍ତ ମାନେ ପ୍ୟାକିଂ କରୁଥିବା ସମୟରେ ପୁଲିସ ଚଢ଼ଉ କରିଥିଲା। ପୁଲିସ ଅଭିଯୁକ୍ତ ମାନଙ୍କୁ ଗିରଫ କରିବା ସହ କୋର୍ଟଚାଲାଣ କରିଛି। ଅନ୍ୟପଟେ ନିଶା ଦ୍ରବ୍ୟ ସବୁକୁ ଅଭିଯୁକ୍ତ ମାନେ କେଉଁଠୁ ଆଣିଥିଲେ, ଏମାନଙ୍କ ଗ୍ୟାଙ୍ଗରେ ଆଉ କିଏ କିଏ ଅଛନ୍ତି ଏବଂ ଗ୍ୟାଙ୍ଗର ମାଷ୍ଟରମାଇଣ୍ଡ କିଏ ଆଦି ପ୍ରଶ୍ନକୁ ନେଇ ପୁଲିସ ପକ୍ଷରୁ ଅଧିକ ତଦନ୍ତ ଚାଲିଛି ବୋଲି ବ୍ରଜରାଜନଗର ଏସଡିପିଓ ଚିନ୍ତାମଣି ପ୍ରଧାନ ସୂଚନା ଦେଇଛନ୍ତି।



# ପାଗଳା



ଅଞ୍ଜନ ଚାନ୍ଦ



ମଡ଼ିକାକା ସବୁବେଳେ ହସୁଥିଲେ । ସେଥିପାଇଁ ବୋଧେ ସମସ୍ତେ ତାଙ୍କୁ ପାଗଳା ବୋଲି କହୁଥିଲେ ।

ଗାଁରେ ମଡ଼ିକାକାଙ୍କର ନିଜଘର ଥିଲା । ଜମିବାଡ଼ି ଥିଲା । ତାଙ୍କ ଭାଇମାନେ ଚାଷ କରୁଥିଲେ । ପରିବାର ସହିତ ସ୍ୱଚ୍ଛଳ ଜୀବନ ଯାପନ କରୁଥିଲେ । ସେ କିନ୍ତୁ ଘରେ ନରହି ଚଇନ ଦାଦା ଘରେ ବାରମାସୀ ଭାତିଆ ହୋଇ ରହିଥିଲେ ।

ସେତେବେଳେ ଆମ ଗାଁରେ ଗୋଟିଏ ମାତ୍ର ପକ୍କାଘର ଏବଂ ସେଇଟା ଚଇନ ଦାଦାଙ୍କର । ଆଗରୁ ଜମିଦାରୀ ଥିଲା । ଏବେ ବି ଭୁଆବିଲରେ ନାଳକୂଳିଆ ଭଲ ଜମି ସବୁ ତାଙ୍କର । ଖଳା ବାଡ଼ିରେ ବଡ଼ ବଡ଼ କଳେଇଗଦା । ଧାନ ଅମାରରେ ଏତେ ଧାନ, ଗାଁ ଯାକ ସମସ୍ତେ ଖାଇଲେ ବି ସରିବନି । ଖଳାବାଡ଼ିକୁ ଲାଗି ଗୁହାଳଘର । ଗୁହାଳରେ ଗୁହାଳେ ଗୋରୁ, ଗାଈ । ସାନ ବଡ଼ ହୋଇ ପଲେ ବାଛୁରୀ । ସେତେ ବଡ଼ ଗୁହାଳ ଆଉ ଗୋରୁଗାଈ ଆମ ଅଞ୍ଚଳରେ କେଉଁଠି ନଥାଏ । ମଡ଼ିକାକା ଥିଲେ ସେଇ ଗୁହାଳ ଘରର ଅଧିକାରୀ । ସକାଳରୁ ରାତିଯାଏ କେତେ କାମରେ ଲାଗିଥା'ନ୍ତି । ଗୋରୁଗାଈଙ୍କୁ କୁଟା, କୁଣ୍ଡା, ପାଣି, ତୋରାଣି ଖୁଆଇବା, ପଡ଼ିଆକୁ ଚରାଇ ନେବା, ରୋଗ ବୈରାଗରେ ଔଷଧ, ସେବା ଶୁଶ୍ରୂଷା, ଗୁହାଳଘର ସଫା, ଆଉକାମ କରିବାକୁ ତାଙ୍କୁ ତର ନଥାଏ । ଗୁହାଳକୁ ଲାଗିଥିବା ଅମାର ଘରର ପିଣ୍ଡାରେ ସେ ରୁହନ୍ତି । ଖଣ୍ଡେ ସପ, ତେଲଚିକିଟା ତକିଆ, ଦୁଇଟା ନାଲିରଙ୍ଗର ଖୋର୍ଦ୍ଧା ଗାମୁଛା, ଏତିକି ମାତ୍ର ସମ୍ବଳ ସହିତ ଦିନକୁ ଦୁଇ ବକ୍ତ ପଖାଳଭାତ ଖାଇ ଯିଏ ସବୁବେଳେ ହସିପାରୁଛି ସେ ଯେ ନିହାତି ଗୋଟେ ପାଗଳା ଏଥିରେ ଗାଁ ଲୋକଙ୍କର ସନ୍ଦେହ ନଥାଏ ।

ଗାଁରୁ ବାହାରିଲେ ବିଶାଳ ମଶାଣିପଦା ଓ ଗୋଚରଭୂଇଁ ନଈକୂଳକୁ ଲମ୍ବିଥାଏ । ମଡ଼ିକାକା ସବୁଦିନ ସେଠାରେ ଗୋରୁ ଗାଈଗୁଡ଼ିକକୁ ଛାଡ଼ିଦେଇ ବରଗଛ ମୂଳରେ ବସନ୍ତି । ମନକୁ ମନ କଥା ହୁଅନ୍ତି ଆଉ ହିଁ ହିଁ ହୋଇ ହସନ୍ତି । ଦିନେ ମୋତେ ପାଖକୁ ଡାକି ପଚାରିଲେ - କିରେ ଛୁଆ, ମୁହଁ ଶୁକେଇଛୁ କେନେ ?

ମୁଁ କହିଲି - କାକା, ମୋ ପାଠପଢ଼ା ବନ୍ଦ ହେଇଗଲା ।

- ବାଃ, ବଢ଼ିଆ ହେଲା । ତୁ ତ ଖାଲି ଖେଳିବୁ । ମଟର ଟାୟାର ପଛରେ ଧାଇଁବୁ ।

- ନା ନା, ମୁଁ ପଢ଼ିବି ।

- ପଢ଼, କିଏ ମନା କଲା !

- ବହି ଖାତା କିଣିବାକୁ ପଇସା ନାହିଁ ।

ମଡ଼ିକାକା ଏଣେତେଣେ ଚାହିଁ ହୁରି ଛାଡ଼ିଲା - ଏ "ଛୁଆଧରା ବାବୁ, ଏଠିକି ଟିକେ ଆସ ।"

ମଶାଣି ପାଖ ଦେଇ ଗୋଟେ ଧସରା ବାଲି ରାସ୍ତା ହାଟକୁ ପଡ଼ିଥାଏ । ସେଇ ରାସ୍ତାରେ ଯାଉଥିଲେ ଟୋଲବାଡ଼ିର କିରାଣି । ଟୋଲରେ ପଢ଼ିବାକୁ ପିଲା ହେଉ ନଥିବାରୁ ସେ ପ୍ରତିବର୍ଷ ଘର ଘର ବୁଲି ଛୁଆ ଖୋଜନ୍ତି । ସମସ୍ତେ କୁହନ୍ତି, ହେଇ ଆଇଲେ ଛୁଆଧରା ବାବୁ । ମଡ଼ିକାକାଙ୍କ ଡାକ ଶୁଣି ସେ ଆସିଲେ । ମୋତେ ସାଥିରେ ନେଇ ବାପାଙ୍କୁ ଦେଖା କଲେ । ମାଗଣା ବହି ଖାତା ସହିତ ମାସକୁ ଦଶଟଙ୍କା ବୃତ୍ତି ମିଳିବ ଶୁଣି ବାପା ତାଙ୍କ କଥାରେ ରାଜି ହୋଇଗଲେ ।

ଯେ କି ଯୁଗ ହେଲାରେ ! ଶୁଦ୍ରର ଘର ଛୁଆ ସଂସ୍କୃତ ପଢ଼ିବ ! ବଡ଼ ହେଇ କିସ ମନ୍ଦିରରେ ପୂଜାପାଠ କରିବ !

ମୋ' ମନ ପୁଣି ଖରାପ ହୋଇଗଲା । ବରଗଛ ମୂଳରେ ମଡ଼ିକାକାଙ୍କୁ ପଚାରିଲି - ସଂସ୍କୃତ ପଢ଼ି କି କାମ କରିବି ?

ସେ କହିଲେ - ପାଠ ପଢ଼ିବୁ, ଶିଖିବୁ । କିସ କରିବୁ ଭାବୁଚୁ କେନେ ?

ମୁଁ ସଂସ୍କୃତ ପଢ଼ିଲି । ଟୋଲ ପାଠ ସାରି କଲେଜ, ତାପରେ ୟୁନିଭର୍ସିଟିରେ ଆଚାର୍ଯ୍ୟ ପାସ କଲି । ସହରରେ ଗୋଟେ କଲେଜରେ ଅଧ୍ୟାପକ ଭାବରେ ନିଯୁକ୍ତି ପାଇଲି । ଛୁଟିରେ ଗାଁକୁ ଆସିଲି । ଦେଖିଲି ଏଇ ସମୟ ଭିତରେ ଅନେକ କିଛି ପରିବର୍ତ୍ତନ ହୋଇଯାଇଛି । ମଶାଣିଭୂଇଁ ଓ ଗୋଚର ଜାଗାରୁ ଅଧାଅଧି ସରକାର ଓ ସାଧାରଣ ଲୋକ ମାଡ଼ି ବସିଛନ୍ତି । ଗୋଟେ ଇଲେକ୍ଟ୍ରି ଷ୍ଟ୍ରକ୍ଚର, ପୋଲିସ୍ ଫାଣ୍ଡି, ପାଣିଟାଙ୍କି ଓ ପମ୍ପ ହାଉସ୍ । ରାତିରେ ଉଜ୍ଜ୍ୱଳ ବିଜୁଳିବତିରେ ଝଙ୍କା ବରଗଛଗୁଡ଼ିକ ସେମାନଙ୍କ ଅନ୍ଧାରି ରହସ୍ୟ ହରାଇ ବସିଛନ୍ତି । ଧସରା ବାଲିରାସ୍ତା ଏବେ ପିଚୁ ସଡ଼କ । ଛକ ଜାଗାରେ ଦୋକାନ ବଜାର । ମୋ ବାଲିବନ୍ତ ମଫସଲ ଗାଁଟି ଏବେ କୁନି ସହର ହୋଇଯାଇଛି ।

ବରଗଛ ମୂଳରେ ମଡ଼ିକାକା ଆଉ ତାଙ୍କର ଗୋରୁଗୋଠକୁ ଦେଖିଲି ନାହିଁ ।

ବୋଉ କହିଲା - "ସେ ଆଉ ନାହିଁରେ । ବଞ୍ଚିଥିବାବେଳେ ଯେମିତି ହସୁଥିଲା, ସେମିତି ହସହସ ମୁହଁରେ ମରି ଯାଇଛି । ମରିବା ଦିନ ରାତିରେ ଯେଉଁ କାମଟି କରିଯାଇଛି ତୁ ଶୁଣିଲେ ଆଶ୍ଚର୍ଯ୍ୟ ହେବୁ ।"

- କ'ଣ ?

- ଭଲମନ୍ଦରେ ଚଇନ ତାକୁ ଖର୍ଚ୍ଚ କରିବାକୁ ଯେଉଁ ଟଙ୍କା ଦେଉଥିଲା ସେ ତାକୁ ସବୁ ସଞ୍ଚି ରଖିଥିଲା । ଗୋଟିଏ ନାଲି କନାରେ ବାନ୍ଧି ମୁଣ୍ଡତଳେ ରଖି ଶୋଉଥିଲା । ସେ ମରିଯିବା ପରେ ସେଇଟା ମିଳିଲା । ତା' ଭିତରେ ଖଣ୍ଡେ କାଗଜରେ ଅଙ୍କାବଙ୍କା ଅକ୍ଷରରେ ଲେଖିଥିଲା – ସ୍କୁଲ ପିଲାଙ୍କ ପାଇଁ ରଖିଛି ।

- କେତେ ଟଙ୍କା ଥିଲା ?

- ମୁଁ ଜାଣିନି । ସ୍କୁଲ ଆଗରେ ପିଲାଙ୍କ ପାଇଁ ଯେଉଁ ଖେଳ ବଗିଚା ଅଛି, ସେଇଟା ସେଇ ଟଙ୍କାରେ ତିଆରି ହୋଇଛି ।

ମୋ' ଆଖିଆଗରେ ମଡ଼ିକାକାଙ୍କ ହସହସ ମୁହଁଟି ସ୍ପଷ୍ଟ ଦିଶିଲା । ଯିଏ ଗୋଟେ ଛୋଟ ବାକ୍ୟରେ ମୋ' ଭାଗ୍ୟ ବଦଳାଇ ଦେଇଥିଲେ । ଘର ପରିବାର ନଥାଇ ବି ଗାଁଯାକର ପିଲାଙ୍କ ଖୁସି ପାଇଁ ଟଙ୍କା ସଞ୍ଚୁଥିଲେ । ବଳଦ ପରି ନିରବରେ ଖଟୁଥିଲେ ଅଥଚ ଉଦାସ ନହୋଇ ଅନାବିଳ ହସଟିଏ ସବୁବେଳେ ମୁହଁରେ ଧରିରଖିଥିଲେ ।


ମଡ଼ିକାକା ସତରେ ପାଗଳା ଥିଲେ । ■

ବିକାଶନଗର, ଅଙ୍ଗାରଗଡ଼ିଆ
ବାଲେଶ୍ୱର
ମୋ: ୬୩୭୦୬୬୧୧୪୭

## ପୁସ୍ତକ ପରିଚୟ

### ଚିତ୍ରମୟ ପିଲାଦିନ

ଡକ୍ଟର ମନୋରମା ବିଶ୍ୱାଳ ମହାପାତ୍ର



ବନଫୁଲ
ଭି.ଏସ୍.ଏସ୍. ନଗର
ଭୁବନେଶ୍ୱର-୭୫୧୦୧୩
ପ୍ରଥମ ସଂସ୍କରଣ: ୨୦୨୫
ମୂଲ୍ୟ: ୨୧୦ ଟଙ୍କା

ପିଲାଦିନର ସ୍ମୃତି ଅପାସୋରା । ଗାଁର ମନୋରମ ପ୍ରାକୃତିକ ପରିବେଶ, ପର୍ବପର୍ବାଣିର ଆନନ୍ଦ, ସାଙ୍ଗସାଥୀଙ୍କ ନିଷ୍କପଟ ଭଲ ପାଇବା କୈଶୋର କାଳକୁ କରିଦିଏ ମଧୁମୟ । ଏଭଳି ନିଜର ପିଲାଦିନର ସ୍ମୃତିକୁ ଅତି ଚମତ୍କାର ଭାବେ ବର୍ଣ୍ଣନା କରିଛନ୍ତି ଡକ୍ଟର ମନୋରମା ବିଶ୍ୱାଳ ମହାପାତ୍ର 'ଚିତ୍ରମୟ ପିଲାଦିନ' ପୁସ୍ତକରେ । ବାଲେଶ୍ୱର ଜିଲ୍ଲାର ସମୁଦ୍ରକୂଳବର୍ତ୍ତୀ ଗାଁ ଜଗାଇ ଲେଖିକାଙ୍କ ଜନ୍ମଭୂମି । ଜନ୍ମମାଟିର ବାସ୍ନା ଏବେ ମଧ ତାଙ୍କୁ ଭାବବିଭୋର କରେ । ଗ୍ରାମ୍ୟ ପରିବେଶ, ସରଳ ଗ୍ରାମ୍ୟ ମଣିଷ, ପରିବାର, ସାଙ୍ଗସାଥୀଙ୍କ ଅକପଟ ଭଲ ପାଇବା, ସ୍କୁଲ ଜୀବନର ଅଭୁଲା ସ୍ମୃତିକୁ ଅତି ହୃଦୟସ୍ପର୍ଶୀ ଭାବେ ସେ ଏହି ପୁସ୍ତକରେ ଲିପିବଦ୍ଧ କରିଛନ୍ତି । 'ଚିତ୍ରମୟ ପିଲାଦିନ', 'ପିଲାଦିନ, ଲତାଗିରି ବନଗିରି', 'ପୋଖରୀ ଆଡ଼ିରେ ଗଇଶ ଫୁଲର ଘର', 'କ୍ଷୀରପା ସହ ଯାତ୍ରା ଦେଖା', 'ଶୈଶବର ସୁଗନ୍ଧ ଭିତରେ ଅପାସୋରା ମାମୁଁ ଘର ଗାଁ', 'ମକର ସଂକ୍ରାନ୍ତି ମେଳା ଏବଂ କ୍ଷୀରପା', 'ସ୍ମୃତିର ସିନ୍ଦୂର ଭିତରେ', 'ମୋର ପ୍ରଥମ ଗୀତ ଶିଖିବାର ଦିନ', 'ପ୍ରିୟ ବାନ୍ଧବୀ ସାଳନ୍ଦୀ' ଆଦି ଲେଖାଗୁଡ଼ିକରେ ଲେଖିକା ପିଲାଦିନର ମଧୁର ସ୍ମୃତିଚାରଣ କରିଛନ୍ତି । ମାମୁଁ ଘର ଗାଁ, ସାଳନ୍ଦୀ ନଦୀ, ପୋଖରୀ ପାଣିରେ କଇଁଫୁଲ ତୋଳିବାର ମଜା, ଗଇଶ ଫୁଲର ସୌନ୍ଦର୍ଯ୍ୟ, ଅଜଣା ପକ୍ଷୀଙ୍କ କଳରବ ପିଲାଦିନେ ଲେଖିକାଙ୍କୁ ତନ୍ମୟ କରିଥିଲା । 'ଚିତ୍ରମୟ ପିଲାଦିନ' ପୁସ୍ତକଟି ପାଠକମାନଙ୍କ ହୃଦୟକୁ ଛୁଇଁ ପାରିବ ବୋଲି ଆଶା କରାଯାଏ । ■

### ପବନର ଦେହ

ସେନାପତି ପ୍ରଦ୍ୟୁମ୍ନକେଶରୀ



ଟାଇମ୍ ପାସ୍
ନୀଳକଣ୍ଠ ମାର୍ଗ, ବରମୁଣ୍ଡା
ଭୁବନେଶ୍ୱର-୭୫୧୦୦୩
ପ୍ରଥମ ସଂସ୍କରଣ: ୨୦୨୪
ମୂଲ୍ୟ: ୧୯୫ ଟଙ୍କା

'ପ୍ରେମର କ୍ଷେତବାଡ଼ି/ ସମ୍ପର୍କର ହାଣ୍ଡିଠେକି/ ବିଶ୍ୱାସର ଘରଡିହ/ ଭରସାର କୂଅମୂଳ/ ଏସବୁ ଭିତରେ ବୋଉ ସୁଖ ପାଏ ।' (ବୋଉର ଖାଲି ବିଛଣା) ଅତୁଳନୀୟ ମା'ର ତ୍ୟାଗ ଓ ତିତିକ୍ଷା । ସବୁ ଦୁଃଖ, କଷ୍ଟ, ଯନ୍ତ୍ରଣା ଭିତରେ ମଧ୍ୟ ସେ ପାଏ ଅପାର ସୁଖ । ଜୀବନକୁ ତିଳ ତିଳ କରି ଜାଳି ଦେବାରେ ହିଁ ତା'ର ଆନନ୍ଦ । ଏହି ମାନବୀୟ ଭାବାବେଗ ଫୁଟି ଉଠିଛି ସେନାପତି ପ୍ରଦ୍ୟୁମ୍ନକେଶରୀଙ୍କ 'ପବନର ଦେହ' ପୁସ୍ତକର କବିତାଗୁଡ଼ିକରେ । ଏହି ପୁସ୍ତକରେ ପଇଁଚାଳିଶଟି ମନଛୁଆଁ କବିତା ସଂକଳିତ ହୋଇଛି । କବି କେଉଁଠି ପ୍ରକୃତିର ସୌନ୍ଦର୍ଯ୍ୟରେ ବିଭୋର ହୋଇଉଠିଛନ୍ତି, ପୁଣି କେଉଁଠି ମଣିଷର ଦୁଃଖ, ଯନ୍ତ୍ରଣାରେ ବିଳପି ଉଠିଛି ତାଙ୍କ ହୃଦୟ । ଆଉ କେବେ ଜୀବନବାଦର ସଙ୍ଗୀତ ଗାନ କରିଛନ୍ତି ସେ ତଲ୍ଲୀନ ହୋଇ । ଏହି ପୁସ୍ତକର 'ବର୍ଷାରାତିରେ', 'ଆକାଶ ପୂଜା', 'ପଦ୍ମତୋଳା', 'ବୁଢ଼ାର ଲାଠି', 'ନିର୍ବୋଧ ଦର୍ପଣ', 'ନଗଡ଼ା କଥା', 'କାଳ ଅକାଳ', 'ସେଇ ଚାଦରଖଣ୍ଡକ', 'ବୋଉର ଖାଲି ବିଛଣା', 'କାଲି ରାତିର ଅନ୍ଧାର', 'ଅଭିନ୍ନ ଛାଇ', 'ବର୍ଷା ଋତୁରେ ନଈ', 'ଯେଉଁଠି ସରିଯାଏ ସମ୍ବାଦ', 'ଅଚିହ୍ନା ପ୍ରାଣୀ', 'ଦୀପ ଜଳିଲେ', 'ଘର' ପ୍ରଭୃତି କବିତା ହୃଦୟସ୍ପର୍ଶୀ ହୋଇଛି । ପ୍ରତିଟି କବିତାର ଭାବ ଓ ସମ୍ମୋହନ ସ୍ୱତନ୍ତ୍ର । ଏହି ପୁସ୍ତକର କବିତାଗୁଡ଼ିକ ପାଠକମାନଙ୍କ ଦ୍ୱାରା ଆଦୃତି ଲାଭ କରିବ ବୋଲି ଆଶା କରାଯାଏ । ■

# ବର୍ଷା

ଇନ୍ଦିରା ଦାଶ



ଅରଣ୍ୟର ସୀମା ଡେଇଁ
ପର୍ବତର ଚୂଳ ଛୁଇଁ
ଝରି ପଡ଼ ଝରଝର ହୋଇ
ଆକାଶର ଆଚ୍ଛନ୍ନ ସୀମାନ୍ତେ ।

ବଳାକାର ରୂପ ନେଇ
ଭାସି ଚାଲ ଚାରି ମେଘ ହୋଇ
ପକ୍ଷୀର ଆର୍ଦ୍ର ଡେଣାରୁ ସ୍ନେହର
ସନ୍ତକ ହୋଇ ମାଟି ଅଗଣାକୁ ।


କଳା ବଉଦର ଶାଢ଼ି ପିନ୍ଧି
କାଦମ୍ବରୀ ପିଆଲା ଧରି
ଗଭାରେ କଦମ୍ବ ଖୋସି ବିସ୍ତରି ଯାଅ
ଚେତନାର ମୃଣ୍ମୟୀ ସଂଜରେ ।

ପୂର୍ଣ୍ଣଗର୍ଭା କରିବାକୁ
ଶୁଖିଲା ନଈକୁ, ମିଶି ଯାଅ
ଅମୁହାଁ ମୁହାଣର ନିର୍ଜନ ସୈକତର
ଅନ୍ଧାରି ଛାତିରେ ।

ଧୂ ଧୂ ନିଦାଘ କ୍ଷେତରେ
ରଚିଦିଅ ସବୁଜ ଶୃଙ୍ଗାର
ତୃପ୍ତ କର ଦେହ ମନ, ପ୍ରାଣ
ନିଖିଳ ନିଃସର୍ଗ ।

ବର୍ଷା କ'ଣ ଏକ ସମ୍ମୋହନ
ସମ୍ଭୋଗର ଋତୁ
ମିଳନର ଅପେକ୍ଷାରେ
ବଂଶୀର ବିଳାପ
ଅବା ଯନ୍ତ୍ରଣାର ଆଦିମ ରୂପକ
ଦୁଃଖକୁ ଭୋଗି ଭୋଗି
ଲୁହ ପିଇ ଯାଇ ଥିବା ଦୁଇ ଓଠ ।

ରହସ୍ୟମୟୀ ନାରୀ ଭଳି
ପ୍ରେମ ଦିଅ, ଶକ୍ତି ଦିଅ
ଧ୍ୱଂସର ଆବର୍ତ୍ତ ଭିତରୁ ଶୁଣାଅ
ସର୍ଜନାର ଗୋପନ ସଂକଳ୍ପ । ■



ଅନୁଗୋଳ ବଜାର, ଅନୁଗୋଳ

# ଅଜଣା ପକ୍ଷୀ

ତ୍ରିନାଥ ସିଂହ



ନିଘୋଡ଼ ରାତିରେ ଆଚ୍‌କା ଭାଙ୍ଗିଯାଏ
ନିଦ ।

ମନେହୁଏ ଯେମିତି
ଏବେ ଏବେ କେହିଜଣେ ଏଇଠି ଥିଲା
ଓ ଛୁଇଁଦେଲା ଖୁବ୍ ସନ୍ତର୍ପଣରେ ମୋର ନିଦ୍ରିତ ଦେହ ।

ରାତ୍ରୀର ନୀରବତାକୁ ଆଡ଼େଇ
ଝର୍କା ସେପାଖର କୋଉ ଗଛଉହାଳରୁ
ରହି ରହି ଶୁଭିବ ଗୋଟେ ଅଜଣା ପକ୍ଷୀର ଉଚ୍ଛନ୍ନ ରାବ
ଧୀରେ ଧୀରେ ଯାହା ମୋହାଚ୍ଛନ୍ନ କରିଦେବ ମତେ
ଓ କ୍ରମଶଃ ଶୁଭିବ ମୋର ନାଆଁ ଭଳି...

ଯେମିତି ନିହାତି ଚିହ୍ନାଜଣା କେହିଜଣେ
ମତେ ଡାକପାରୁଛି ଥରକୁ ଥର ।

ସେଇ ଆଚ୍ଛନ୍ନତା ଭିତରେ ହିଁ ମୁଁ ଉଠିବସିବି
କର୍ତ୍ତୃତ୍ୱହୀନ
ଓ କେହିଜଣେ ବଶୀଭୂତ କରିନେଉଥିବା ପରି
ବାହାରି ଆସିବି ବାହାରକୁ ।

ଖଇ ବୁଣିଯିବା ପରି ଚିତ୍ରିତ ଆକାଶରେ ଏଣେତେଣେ ଜିକ୍‌ଜିକ୍ କରୁଥିବା
ଓ ନିଜ ଭିତରେ ନିଜେ ଜଳୁଥିବା ତାରାମାନେ
ନିର୍ବାକ କାନେଇଥିବେ ପକ୍ଷୀକୁ...

ଯାହା ସେତେବେଳ ଯାଏଁ
ଅଭିମନ୍ତ୍ରିତ କରିସାରିଥିବ ନିରୀହ ନୀରବତାକୁ ଆଖପାଖର ।

ରାତିର ଅନ୍ଧାରରେ ଉତ୍ତରପାଖର ପାହାଡ଼
ଯାହା ଅତ୍ୟନ୍ତ ବୃଦ୍ଧ, ଜୀର୍ଣ୍ଣଶୀର୍ଣ୍ଣ ଓ ଏବକୁ ଲୋପପାଇ ଯାଇଥିବା
କୋଉ ପ୍ରାଗୈତିହାସିକ ଜୀବଜନ୍ତୁଙ୍କ କଙ୍କାଳ ପରି ପ୍ରତେ ହେଉଥିବ...

ପକ୍ଷୀର ପ୍ରତି ଡାକର ବ୍ୟବଧାନରେ
ବାରିହେଇ ପଡୁଥିବା ତା'ର କୁହାଣୀ ଓ ଭଙ୍ଗାଭଙ୍ଗା ଛାଇ
ବେଳୁବେଳ ଆହୁରି କ୍ଷୀଣ ଓ ଦୁର୍ବଳ ଲାଗୁଥିବ ।

ମୋ' ନାଆଁ ଭଳି
ଓ ନିହାତି ଚିହ୍ନାଜଣା ଲୋକର ସ୍ୱର ପରି ଶୁଭୁଥିବା
ପକ୍ଷୀର ଡାକ
ଆଉ ଗଛ ଉହାଳରୁ ଶୁଭିବନି ଏଥର...
ଗୁମୁରି ଗୁମୁରି ଆସୁଥିବ
କୋଉ ଯୋଜନ ଯୋଜନ ବର୍ଷ ଦୂର
ଗୋଟେ ସଂକୀର୍ଣ୍ଣ ଓ ଆବଦ୍ଧ ଗମ୍ଭୀରା ଭିତରୁ
ଡେଇଁଡାଇଁ ଅରମା, ବଣ, ପାହାଡ଼, ଶ୍ମଶାନ ଓ ଜନ୍ମଜନ୍ମାନ୍ତର ।


ଅଚାନକ ମୁକୁଳି ଆସିବା ବେଳକୁ
ସେଇ ଅତିନ୍ଦ୍ରୀୟ ଆଲୋକର ନିଗୂଢ଼ ଆଚ୍ଛାଦନରୁ,
ମୁଁ ଚମତ୍କୃତ ହେଇଯିବି...
ଯେତେବେଳେ ମୁଁ ଅନୁଭବ କରିବି ଯେ'
ସେଇ ଅଜଣା ପକ୍ଷୀର କୁହାଟ
ମୋ'ରି ନିକଟରୁ ହିଁ ଶୁଭୁଛି କୋଉଠୁ...

ହୁଏତ ମୋ'ରି ଭିତରୁ..!! ■

ଭବିଷ୍ୟନିଧି କାର୍ଯ୍ୟାଳୟ
ପାନପୋଷ ମାର୍ଗ, ରାଉରକେଲା - ୭୬୯୦୧୨
ମୋ: ୮୮୯୫୦୯୯୪୬୪

### ଚାଇଲ୍‌ଡ ଇସ୍ୟୁସ୍: ପେରେଣ୍ଟସ୍ ବିୱେର୍

ସତ୍ୟବ୍ରତ ପାତ୍ର




ଧାରା ଶ୍ରୀରାଧା ଟ୍ରଷ୍ଟ
ମାତୃ ବିହାର, ରଘୁନାଥପୁର
ଭୁବନେଶ୍ୱର-୭୫୧୦୨୪
ପ୍ରଥମ ସଂସ୍କରଣ: ୨୦୨୫
ମୂଲ୍ୟ ୩୭୫ ଟଙ୍କା

ଶିଶୁମାନଙ୍କ ଭବିଷ୍ୟତ ଗଠନ କରିବାରେ ଅଭିଭାବକଙ୍କ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି । ବାଲ୍ୟ ସମୟରୁ ଯଦି ଉପଯୁକ୍ତ ପରାମର୍ଶ ଦିଆଯାଏ, ତେବେ ଭବିଷ୍ୟତରେ ସେମାନେ ଜଣେ ଜଣେ ଉତ୍ତମ ନାଗରିକ ହୋଇପାରିବେ । ଶିଶୁମାନଙ୍କ ବିଭିନ୍ନ ସମସ୍ୟାର ସମାଧାନ ପାଇଁ କ'ଣ କ'ଣ ପଦକ୍ଷେପ ନିଆଯିବା ଉଚିତ, ତାହା ପ୍ରକାଶ ପାଇଛି ସତ୍ୟବ୍ରତ ପାତ୍ରଙ୍କ 'ଚାଇଲ୍‌ଡ ଇସ୍ୟୁସ୍: ପେରେଣ୍ଟସ୍ ବିୱେର୍' ପୁସ୍ତକରେ । ଇଂରାଜୀ ଭାଷାରେ ରଚିତ ଏହି ପୁସ୍ତକରେ ଶିଶୁମାନଙ୍କ ବ୍ୟବହାର, ଚରିତ୍ର ଗଠନ, ଶିକ୍ଷା, ଯୌନ ଶିକ୍ଷା ପ୍ରଦାନର ଆବଶ୍ୟକତା ଆଦି ବିଭିନ୍ନ ପ୍ରସଙ୍ଗରେ ଆଲୋଚନା କରାଯାଇଛି । ବ୍ୟକ୍ତି ଚରିତ୍ର ଉପରେ ସର୍ବାଧିକ ପ୍ରଭାବ ପକାଇଥାଏ ବାଲ୍ୟ ବୟସ । ଉପଯୁକ୍ତ ବାତାବରଣ ନ ପାଇଲେ ଶିଶୁମାନଙ୍କର ସଂପୂର୍ଣ୍ଣ ବିକାଶ ହୋଇପାରେ ନାହିଁ । ବାଲ୍ୟ ସମୟରୁ ପିଲାର ସମସ୍ତ ଯତ୍ନ ନେବା ସହ ତା'ର ଆଧ୍ୟାତ୍ମିକ ବିକାଶ ଦିଗରେ କିପରି ପିତାମାତା ପଦକ୍ଷେପ ନେବା ଆବଶ୍ୟକ ତା' ଉପରେ ପୁସ୍ତକଟି ପର୍ଯ୍ୟବସିତ । ଦୋଷଗୁଣକୁ ସମାଲୋଚନା ନ କରି ସନ୍ତାନମାନଙ୍କ ଭିତରେ ଥିବ ଉଜ୍ଜ୍ୱଳ ଭବିଷ୍ୟତର ସମ୍ଭାବନା ଦେଖିବା ପାଇଁ ଲେଖକ ପରାମର୍ଶ ଦେଇଛନ୍ତି । ସତପଥରେ ପରିଚାଳିତ ହେବା ପାଇଁ ପିଲାମାନଙ୍କୁ ପରାମର୍ଶ ଦିଆଯିବା ଆବଶ୍ୟକ । ପୁସ୍ତକଟି ପାଠକୀୟ ଆଦୃତି ଲାଭ କରିବ ବୋଲି ଆଶା କରାଯାଏ । ■

# ମୁଁ ତ ଅମୃତ ସାଗର ବିନ୍ଦୁ ...

ପ୍ରଦୀପ୍ତ ଶ୍ରୀଚନ୍ଦନ



ଏ ମାଟିର ମହାକବି ଗଙ୍ଗାଜୀବ ଗଙ୍ଗାଧର ସାରସ୍ୱତ ସାଧନା ଆଉ ଉପାସନା ସହ ଶବ୍ଦ ଶବ୍ଦ ମଧ୍ୟରେ ନିର୍ମାଣ କରିଛନ୍ତି ଶବ୍ଦମୟ ଜଗତ । ତାଙ୍କ କାବ୍ୟକୃତି ପାଠକର ଚେତନାକୁ, ଭକ୍ତି ଭାବନା ଓ ଜୀବନ ଦର୍ଶନକୁ, ମାନବିକ ଓ ସାମାଜିକ ମୂଲ୍ୟବୋଧକୁ ରଞ୍ଜିତ ତଥା ଉଦ୍‌ବେଳିତ କରି ପାରିଛି । ପୁନଶ୍ଚ ଏହି ମହାନ୍ ଋଷିକବି ଗଙ୍ଗାଧର ମେହେରଙ୍କ ସାହିତ୍ୟ ଶିଳ୍ପ ସତ୍ୟ, ଶିବ ଓ ସୁନ୍ଦରର ପ୍ରତ୍ୟକ୍ଷ ଚିତ୍ରଣ କରି ତା'ର ପ୍ରତିଷ୍ଠା କରିଯାଇଛି । ତେଣୁ ସ୍ୱଭାବ କବିଙ୍କ ସାହିତ୍ୟ କୃତି ମଧ୍ୟରେ ଦିବ୍ୟ ଆଲୋକର ମହନୀୟ ବିଭା ଓ ସୁନ୍ଦରର ସ୍ପନ୍ଦନ ସତତ ଅନୁରଣିତ । ସେଇଥିପାଇଁ ଡକ୍ଟର ହରେକୃଷ୍ଣ ମହତାବ ତାଙ୍କର କବି ଗଙ୍ଗାଧର ପ୍ରବନ୍ଧର ଆରମ୍ଭରେ ଲେଖିଛନ୍ତି, "ସାହିତ୍ୟରେ କବିତାର ସ୍ଥାନ ଓ ସମାଜରେ କବିର ସ୍ଥାନ ବିଷୟରେ ଧାରଣା କ୍ରମଶଃ ବଦଳି ଯାଉଛି । ସାହିତ୍ୟ କ୍ଷେତ୍ରରେ ଏକଦା କବିତାର ସ୍ଥାନ ଥିଲା ସର୍ବଶ୍ରେଷ୍ଠ । ସେହିପରି ସମାଜରେ କବି ଥିଲେ ସର୍ବଶ୍ରେଷ୍ଠ ବ୍ୟକ୍ତି । ଐଶୀଶକ୍ତି ବିନା କବି ହେବା ଅସମ୍ଭବ ବୋଲି ଏକ ସମୟରେ ବିଶ୍ୱାସ ଥିଲା । କବି କହିଲେ ସିଦ୍ଧପୁରୁଷ ବୋଲି ବୁଝାଉଥିଲା । ସାଧନା କରି ଯେଉଁ ସମୟରେ କବିର ପ୍ରତିଷ୍ଠା ଅତି ଅଳ୍ପ ଲୋକେ ଲାଭ କରୁଥିଲେ, ସେତେବେଳେ କବି ଜଣେ ଦାର୍ଶନିକ, ଜଣେ ସମାଜ ବିଧାୟକ, ଜଣେ ଦୂରଦର୍ଶୀ ଓ ଜଣେ ଈଶ୍ୱରଙ୍କର ନିକଟତମ ବ୍ୟକ୍ତି ବୋଲି ସମାଜ ବିଚାରୁ ଥିଲା" । ତେଣୁ ଡକ୍ଟର ମହତାବଙ୍କ ବିଚାରରେ ସ୍ୱଭାବ କବି ଗଙ୍ଗାଧର ମେହେର ଥିଲେ ସେହି ଅର୍ଥବୋଧର କବି । ସ୍ୱଚ୍ଛ ହୃଦୟ, ସ୍ୱଚ୍ଛଳ ଭାବାବେଶ, ଭାଷା ଉପରେ ଭାବର ପ୍ରାଧାନ୍ୟ ଓ ସର୍ବୋପରି ଈଶ୍ୱରାଭିମୁଖୀନତା ଏହା ହିଁ ଗଙ୍ଗାଧରଙ୍କର କାବ୍ୟ-କବିତାରେ ପରିସ୍ଫୁଟ ଆଉ ସେଇଥିପାଇଁ ସେ ସମାଜର ସର୍ବଶ୍ରେଷ୍ଠ ବ୍ୟକ୍ତି – କବି ।

ଗଙ୍ଗାଧରଙ୍କର ଏ ଅନନ୍ୟ ପ୍ରତିଭା ଖାଲି ସ୍ୱଭାବଜାତ ନୁହେଁ, ଜୀବନ ଓ ପ୍ରକୃତିର ଗଭୀର ଅନୁଶୀଳନ, ଅଧ୍ୟବସାୟ ଓ ଅଧ୍ୟୟନ ଯୋଗୁଁ ତାହା ଯେତିକି ପରିମାର୍ଜିତ ଆଉ ସ୍ୱଚ୍ଛ ସେତିକି ସଂଯତ ହୋଇ ତାଙ୍କୁ ଆମର ସାଂସ୍କୃତିକ ପ୍ରତୀକ ଭାବରେ ମର୍ଯ୍ୟାଦା ପ୍ରଦାନ କରିଛି । କବି-ରାଧାନାଥଙ୍କ ପରବର୍ତ୍ତୀ ଓଡ଼ିଆ ସାହିତ୍ୟର ସର୍ବାଧିକ ପ୍ରତିଭାଶାଳୀ କବି କେବଳ ନୁହନ୍ତି, ତାଙ୍କର ବ୍ୟକ୍ତିତ୍ୱ ଓ ଜୀବନାଦର୍ଶ ମଧ୍ୟ ଜନସାଧାରଣରେ ସର୍ବାଧିକ ଆଦୃତ । ସେ ସଂଖ୍ୟାଧିକ ସାଧାରଣ ଜନତାଙ୍କ ଅନ୍ତଃସ୍ୱରବାହୀ ସାହିତ୍ୟ ସାଧକ । ଋଷିପ୍ରାଣ ଗଙ୍ଗାଧରଙ୍କ ବ୍ୟକ୍ତିତ୍ୱର ମୂଳଦୁଆ, ତାଙ୍କ ବଞ୍ଚିବାର ଅସଲ ଆଧାର ଈଶ୍ୱର ସମର୍ପିତ ଜୀବନଧାରଣ ଯାହା ଏ ଭୂଖଣ୍ଡର ଅଗଣିତ ଜନତାଙ୍କ ପାଇଁ ସଦୈବ ଜୀବନର ମୂଳଧାର । କବି ମେହେର ବାଲ୍ୟକାଳରୁ ଥିଲେ ଈଶ୍ୱରବିଶ୍ୱାସୀ । ମାନବ ଜୀବନର ଶାଶ୍ୱତ ଅଭିଳାଷ ଭଗବତ୍ ଭାବନା ଦ୍ୱାରା ଅନୁପ୍ରାଣିତ ହୋଇ କବି ବିଶ୍ୱର ବିଚିତ୍ର ଲୀଳାକୁ ଅନୁଧ୍ୟାନ କରିଛନ୍ତି । ସନାତନ ଆର୍ଯ୍ୟବାଣୀ ତାଙ୍କ ପ୍ରାଣରେ ତୋଳିଥିଲା ସାତ୍ତ୍ୱିକ ମୂର୍ଚ୍ଛନା । ସୁଖ ଦୁଃଖର ସଂସାର ବନ୍ଧନରେ ବାନ୍ଧି ହୋଇବି ସେ ଈଶ୍ୱରଙ୍କ ଆଶୀର୍ବାଦକୁ ସଦାସର୍ବଦା ସ୍ମରଣ କରିଛନ୍ତି । ପାପତାପରେ ସନ୍ତୁଳିତ ମଣିଷର ବିଭୁକୃପା ବିନା ଅନ୍ୟ ଗତି ବା କାହିଁ? ସାଂସାରିକ ଜଞ୍ଜାଳ, ଦୁଃଖ, ବ୍ୟଥା ଆଦିକୁ ଅତିକ୍ରମ କରି ସେଇ ପରମ କାରୁଣିକଙ୍କର ପାଦରେ ଶରଣ ପଶି କରୁଣା ଭିକ୍ଷା କଲେ ଆତ୍ମାଲାଭର ଆନନ୍ଦ ମିଳେ । ତେଣୁ ସେ ଲେଖିଲେ, "ମନ ଭ୍ରମୁଛୁ କାହିଁକିରେ ନିଜ ଧନେ କରି ହେଳା ।" କବିଙ୍କର କାବ୍ୟ କବିତାର ଅନ୍ୟ ଏକ ଦୃଷ୍ଟିଭଙ୍ଗୀ ହେଉଛି ନୀତିକଥା । ମାନବର କର୍ମର ଉଚିତ୍ ଅନୁଚିତ ବିଚାର କରିବା ନୀତିଶାସ୍ତ୍ରର ଲକ୍ଷ୍ୟ । ଏହି ଦୃଷ୍ଟିକୋଣରୁ ତର୍ଜମା କଲେ କବି ଅତ୍ୟନ୍ତ ସରଳ ଓ ପ୍ରାଣସ୍ପର୍ଶୀ ଢଙ୍ଗରେ ଜୀବନରେ କର୍ମ ଆଉ ପରମ୍ପରାର ନିୟନ୍ତ୍ରଣ ନିମନ୍ତେ ପାଠକ ସମ୍ମୁଖରେ ନୀତିବଚନ ବାଢ଼ି ବସିଛନ୍ତି । ଯେମିତି ତାଙ୍କ ରଚିତ କବିତା 'ମହିମା' । କବିଙ୍କର ସାହିତ୍ୟ ଶିଳ୍ପ, ସତ୍ୟ, ଶିବ ଓ ସୁନ୍ଦରର ପ୍ରତ୍ୟକ୍ଷ ଚିତ୍ରଣ କରି ତା'ର ପ୍ରତିଷ୍ଠା କରିଯାଇଛି । ସ୍ୱଭାବ କବିଙ୍କ ସାହିତ୍ୟ କୃତି ମଧ୍ୟରେ ଦିବ୍ୟ ଆଲୋକର ମହନୀୟ ବିଭା ଆଉ ସୁନ୍ଦରର ସ୍ପନ୍ଦନ ସତତ ଅନୁରଣିତ ।

'ମଧୁବାତା ଋତାୟନ୍ତେ, ମଧୁକ୍ଷରନ୍ତି ସିନ୍ଧବଃ'- ଏହି ବେଦବାଣୀରେ ଉଦ୍‌ବୁଦ୍ଧ ହୋଇ କବି ଏ ସୃଷ୍ଟିକୁ ମଧୁମୟ ଆଉ ନିଜକୁ ଅମୃତସାଗରର ବିନ୍ଦୁ ଭାବରେ ଚିତ୍ରଣ କରିଛନ୍ତି । ସେଇଥିପାଇଁ ଅମୃତମୟ କବିଙ୍କର ସୌନ୍ଦର୍ଯ୍ୟ ଦୃଷ୍ଟିରେ ପ୍ରକୃତିର ତମୋମୟ ଓ ରଜୋମୟ ରୂପ ଶାନ୍ତପୂତ, ସତ୍ତ୍ୱମୟ ରୂପରେ ପୂର୍ଣ୍ଣତା ଲାଭ କରିଛି । ଏ ସମଗ୍ର ବିଶ୍ୱ ମଧୁମୟ । ସେହି ମଧୁମୟ ଭୂମାର ସୃଷ୍ଟି ଅତୀବ ବିଚିତ୍ର । ସୂର୍ଯ୍ୟ ଚନ୍ଦ୍ର, ଗ୍ରହ, ତାରା, ଅଚଳ, ଅନୀଳ, କୋଇଲିର କୁହୁତାନ-ସର୍ବତ୍ର ସେହି ମହିମାମୟ, ମଧୁମୟଙ୍କର ଆବାସସ୍ଥଳୀ । ପୁଷ୍ପିତ କାନନ, ଶିଶୁର ମୁଖମଣ୍ଡଳ, ନଦୀ, ଝରଣା, ତଡ଼ାପ, ସମୁଦ୍ର-ସବୁରି ମଧ୍ୟରେ ସେଇ ମଧୁମୟଙ୍କର ସାଧୁ ସତ୍ତା କବିଙ୍କର କବିତାରେ ଉପଲବ୍ଧ ।

କବିଙ୍କ ରଚିତ କବିତାଗୁଡ଼ିକରେ ସେ କାଳରେ ଘଟି ଯାଉଥିବା ମୁଖ୍ୟ ଘଟଣାଗୁଡ଼ିକର ପ୍ରତିଫଳନ ଅତ୍ୟନ୍ତ ସ୍ପଷ୍ଟ । ତେଣୁ ସମୟ ସ୍ପନ୍ଦନ ସହିତ ଆଶା, ଆଶଙ୍କା ଆଉ ସୁଖ ଦୁଃଖର ପ୍ରତିବିମ୍ବ ବହନ କରି ଏମାନେ ମେହେରଙ୍କ ସ୍ପନ୍ଦନଶୀଳ ଅନ୍ତରର ସୂଚକ ହେବା ସହିତ ସମକାଳୀନ ଯୁଗ ଚେତନା ଓ ଯୁଗ ଯନ୍ତ୍ରଣାର ବାର୍ତ୍ତାବହ ରୂପେ ଇତିହାସର ଧାରା ଦର୍ଶାଇବାରେ ସହାୟକ ହୋଇଛନ୍ତି । ତେଣୁ ଗବେଷକମାନଙ୍କ ମତରେ ଗଙ୍ଗାଧରଙ୍କ ବ୍ୟକ୍ତିତ୍ୱ ପରମ୍ପରା ଓ ଆଧୁନିକତାର, ଗତାନୁଗତିକତା ଓ ମୌଳିକ ଚିନ୍ତନ ଶକ୍ତିର, ପରିଶୁଦ୍ଧ ଆଦର୍ଶ ଓ ଗ୍ରାମୀଣ ବାସ୍ତବତାର, ସଚେତନ ଶିଳ୍ପୀତ୍ୱ ଓ ଭାବପ୍ରବଣ କବିତ୍ୱର, ବିନମ୍ର ମାନବ ଓ ଅକୁତୋଭୟ ଆଦର୍ଶ ଋଷିଗତିକର ସଂହତ ଚାରିତ୍ରିକ ବୈଶିଷ୍ଟ୍ୟର ପ୍ରାକୃତିକ ସମାବେଶ । ଏଇଥିରେ ହିଁ ନିହିତ ତାଙ୍କର ଜନପ୍ରିୟତା ଆଉ ଅମରତ୍ୱର ଅସଲ ରହସ୍ୟ । ତେଣୁ ଡକ୍ଟର ମହତାବଙ୍କ ଭାଷାରେ- "ଗଙ୍ଗାଧର ସାହିତ୍ୟର ସମାଲୋଚନା ନାନା ଦିଗରୁ ନାନା ପଣ୍ଡିତମାନେ କରିଲେଣି, କରୁଛନ୍ତି, କରିବେ ମଧ୍ୟ । ସମାଜର ପରିବର୍ତ୍ତନ ସଙ୍ଗେ ସଙ୍ଗେ ସାହିତ୍ୟ ପ୍ରତି ଧାରଣା ମଧ୍ୟ ପରିବର୍ତ୍ତିତ ହୋଇଯିବ । କିନ୍ତୁ ଗଙ୍ଗାଧରଙ୍କ ବ୍ୟକ୍ତିତ୍ୱ, ଯାହା ତାଙ୍କର ସାହିତ୍ୟରେ ଫୁଟି ଉଠିଛି, ତାହାହିଁ ରହିଯିବ ଚିରକାଳ ପ୍ରତ୍ୟେକ ଲେଖକର ଅନୁକରଣୀୟ ଆଦର୍ଶ ହୋଇ ।" ■

ଅବସରପ୍ରାପ୍ତ ନିର୍ଦ୍ଦେଶକ
ପ୍ରସାର ଭାରତୀ
ପଟିଆ, ଭୁବନେଶ୍ୱର

## ରାଜ୍ୟସ୍ତରୀୟ ସମାରୋହରେ ଅଗଷ୍ଟ କ୍ରାନ୍ତି ବୀରଙ୍କୁ ଶ୍ରଦ୍ଧାଞ୍ଜଳି

# ସ୍ୱାଧୀନତାର ମୂଲ୍ୟ ଆମେ ସୁରକ୍ଷିତ ରଖିବା: ବାଚସ୍ପତି



ଭୁବନେଶ୍ୱର, ୯।୮ (ସମିସ): ଭାରତବର୍ଷକୁ ସହଜରେ ସ୍ୱାଧୀନତା ମିଳିନାହିଁ। ଆମେ ଏକ କଷ୍ଟଲବ୍ଧ ସ୍ୱାଧୀନତା ପାଇଛେ। ହଜାର ହଜାର ସଂଗ୍ରାମୀଙ୍କ ବଳିଦାନ ଓ ତ୍ୟାଗ ଫଳରେ ଆମକୁ ସ୍ୱାଧୀନତା ମିଳିଛି। ସେହି ସ୍ୱାଧୀନତାର ମୂଲ୍ୟକୁ ଆମକୁ ସୁରକ୍ଷିତ ରଖିବାକୁ ହେବ ବୋଲି ଓଡ଼ିଶା ବିଧାନସଭାର ବାଚସ୍ପତି ସୁରମା ପାଢ଼ୀ ମତବ୍ୟକ୍ତ କହିଛନ୍ତି।

ରାଜ୍ୟ ସ୍ୱାଧୀନତା ସଂଗ୍ରାମୀ ସମିତି ପକ୍ଷରୁ ଭୁବନେଶ୍ୱର ଶହୀଦ ସ୍ମାରକୀ ସ୍ୱାଧୀନତା ସଂଗ୍ରାମୀ ସଦନଠାରେ ଆୟୋଜିତ ରାଜ୍ୟସ୍ତରୀୟ ଅଗଷ୍ଟ କ୍ରାନ୍ତି ସମାରୋହରେ ମୁଖ୍ୟଅତିଥି ଭାବେ ଯୋଗଦେଇ ବାଚସ୍ପତି ଅମର ଶହୀଦଙ୍କୁ ଶ୍ରଦ୍ଧାଞ୍ଜଳି ଜଣାଇଛନ୍ତି। ୧୯୪୨ ଅଗଷ୍ଟ ୮ ଓ ୯ ତାରିଖର ଇତିହାସକୁ ଅବଲୋକନ କରି ସେଦିନର ସେହି ଭାରତ ଛାଡ଼ ଆହ୍ୱାନ ଶେଷରେ ଇଂରେଜ ସରକାରକୁ ଦେଶ ଛାଡ଼ି ଚାଲିଯିବାକୁ ବାଧ କରିଥିଲା ବୋଲି ସେ କହିଛନ୍ତି। ଏହି ଅବସରରେ ବାଚସ୍ପତି ଓଡ଼ିଶାର ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ଗୋପବନ୍ଧୁ ଚୌଧୁରୀ, ନବକୃଷ୍ଣ ଚୌଧୁରୀ, ହରେକୃଷ୍ଣ ମହତାବ, ଭାଗିରଥ ମହାପାତ୍ର, ବିଶ୍ୱନାଥ ଦାସ, ନିତ୍ୟାନନ୍ଦ କାନୁନଗୋ, ରାଜକୃଷ୍ଣ ବୋଷ, ପ୍ରାଣକୃଷ୍ଣ ପଡ଼ିଆରୀ, ସୁରେନ୍ଦ୍ର ନାଥ ପଟ୍ଟନାୟକ, ଆଚାର୍ଯ୍ୟ ହରିହର, ସଦାଶିବ ତ୍ରିପାଠୀ, ମା' ରମାଦେବୀ, ସରଳା ଦେବୀ ପ୍ରମୁଖଙ୍କୁ ସ୍ମରଣ କରିଥିଲେ। କାର୍ଯ୍ୟକ୍ରମରେ ବିଶିଷ୍ଟ ଅତିଥି ଭାବେ ଏକାମ୍ର ଭୁବନେଶ୍ୱର ବିଧାୟକ ବାବୁ ସିଂ, ବିରୋଧୀଦଳର ଉପନେତା ପ୍ରସନ୍ନ ଆଚାର୍ଯ୍ୟ, ପୂର୍ବତନ ଅର୍ଥମନ୍ତ୍ରୀ ପ୍ରଫୁଲ୍ଲ ଘଡ଼ାଇ, ପୂର୍ବତନ ମନ୍ତ୍ରୀ ନିରଞ୍ଜନ ପଟ୍ଟନାୟକ, ଦେବୀ ପ୍ରସାଦ ମିଶ୍ର, ଅମର ପ୍ରସାଦ ଶତପଥୀ, ବିଜେପିର ବରିଷ୍ଠ ନେତା କୃଷ୍ଣ ଜଗଦେବ, ସମୀର ମହାନ୍ତି, ଗାନ୍ଧିବାଦୀ ଲେଖକ ପ୍ରହ୍ଲାଦ ସିଂ, ସମାଜସେବୀ ପ୍ରଦ୍ୟୁମ୍ନ ଶତପଥୀ ପ୍ରମୁଖ ଉଦ୍‌ବୋଧନ ଦେଇଥିଲେ। ରାଜ୍ୟ ସ୍ୱାଧୀନତା ସଂଗ୍ରାମ ସମିତିର ସଭାପତି ବିମ୍ବାଧର ମୁଦୁଲିଙ୍କ ସଭାପତିତ୍ୱରେ ଆୟୋଜିତ ଏହି ସମାରୋହରେ ରାଜ୍ୟର ବିଭିନ୍ନ ଅଞ୍ଚଳରୁ ଆସିଥିବା ଶହୀଦ ଏବଂ ସ୍ୱାଧୀନତା ସଂଗ୍ରାମୀଙ୍କ ଦାୟାଦମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। କାର୍ଯ୍ୟକ୍ରମକୁ ସମିତିର ସଂଯୋଜକ ପ୍ରଫେସର ଉପେନ୍ଦ୍ର ପାଢ଼ୀ ଓ ବିରୂପାକ୍ଷ ତ୍ରିପାଠୀ ସଂଯୋଜନା କରିଥିବାବେଳେ ଅଭୟ ବଡ଼ଜେନା ଧନ୍ୟବାଦ ଦେଇଥିଲେ। ଏହି ଅବସରରେ ଜାତୀୟ ପତାକା ସ୍ତମ୍ଭରେ ରକ୍ଷାବନ୍ଧନ କରାଯାଇଥିଲା। ଅତିଥିମାନେ ଜାତୀୟ ପତାକା ଉତ୍ତୋଳନ କରି ସେହି ସ୍ତମ୍ଭରେ ରାକ୍ଷୀ ବାନ୍ଧିଥିଲେ। ଶାଶ୍ୱତୀ ଅନୁଷ୍ଠାନ ପକ୍ଷରୁ ତନୟା ଗୋସ୍ୱାମୀଙ୍କ ନିର୍ଦ୍ଦେଶନାରେ ରାମଧୂନ୍ ଏବଂ କମିଶନରେଟ ପୁଲିସ ପକ୍ଷରୁ ସ୍ୱତନ୍ତ୍ର ବାଦ୍ୟଧ୍ୱନି ପରିବେଷଣ କରାଯାଇଥିଲା।

## ଶିକ୍ଷାନୁଷ୍ଠାନରେ ପୁଣି ଲଜ୍ଜା!

# ଆଦିବାସୀ ଶିକ୍ଷୟିତ୍ରୀଙ୍କୁ କିରାଣିଙ୍କ ଦୁର୍ବ୍ୟବହାର

ବାରିପଦା, ୯।୮ (ସମିସ): ଶିକ୍ଷାନୁଷ୍ଠାନରେ ପୁଣି ଲଜ୍ଜା। ବାରିପଦା ବିଇଓ ଅଫିସ୍‌ର କିରାଣୀ ଜଣେକୁ ଆଦିବାସୀ ଶିକ୍ଷୟିତ୍ରୀଙ୍କୁ ୬ ମାସ ହେଲା ମାନସିକ ନିର୍ଯାତନା ଦେଉଥିବା ନେଇ ଅଭିଯୋଗ ହୋଇଛି। ବିଇଓ କାର୍ଯ୍ୟାଳୟର କିରାଣୀ ଶାନ୍ତନୁ କର ସଂପୃକ୍ତ ଶିକ୍ଷୟିତ୍ରୀଙ୍କ ୬ ମାସର ଏରିଅର କରାଇବା ନିମନ୍ତେ ଫେବର ମାଗିବା ସହ 'ପଇଡ' ଦେବାକୁ ସେ ଦାବି କରୁଥିଲେ। ଏନେଇ ଶିକ୍ଷୟିତ୍ରୀଙ୍କ ଅଭିଯୋଗ କ୍ରମେ ଭଞ୍ଜପୁର ଥାନାରେ ଏକ ମାମଲା ରୁଜୁ ହୋଇଛି। ଏନେଇ ସେ ଆଇସିସିରେ ଜଣାଇବା ପରେ ବି ନ୍ୟାୟ ମିଳି ନ ଥିବା କହିଛନ୍ତି ଶିକ୍ଷୟିତ୍ରୀ।

ଅଭିଯୋଗ ମୁତାବକ, ଗତ ୬ ତାରିଖ ରାତି ୧୦ଟା ୧୪ରେ ବାରିପଦା ଶିକ୍ଷା ଜିଲ୍ଲାର ଏକ ସାଧନ କେନ୍ଦ୍ରର ଜଣେ ଆଦିବାସୀ ଶିକ୍ଷୟିତ୍ରୀଙ୍କୁ ଗତ ୬ ମାସ ହେଲା ବାରମ୍ବାର ଅଭଦ୍ର ଓ ଦ୍ୱିଅର୍ଥବୋଧକ ଭାଷା କରି ଫେବର ମାଗୁଥିଲେ କିରାଣୀ।

- ଏରିଅର୍ ଟଙ୍କା ଦେବା ପାଇଁ ଫେବର୍ ମାଗୁଥିଲେ
- ଥାନାରେ ମାମଲା; ଚାପରେ ଶିକ୍ଷୟିତ୍ରୀ
- ଆଇସିସିରେ ଜଣାଇବା ପରେ ମିଳିଲାନି ନ୍ୟାୟ

ଏଥିସହ ଅଶ୍ଳୀଳ ଇଙ୍ଗିତ ଦେଇ କଥାବର୍ତ୍ତା କରଆସୁଥିଲେ। ଗତ ୨୦୨୪ ମସିହାର ଇନକ୍ରିମେଣ୍ଟ ଏରିଅର ବିଲ କରିବାକୁ ଉକ୍ତ ଶିକ୍ଷୟିତ୍ରୀଜଣଙ୍କ କାର୍ଯ୍ୟାଳୟକୁ ଜଣେ ସିଆରସିସିଙ୍କ ସହ ୬ ତାରିଖରେ ଯାଇଥିଲେ। କିରାଣୀଜଣଙ୍କ ଲାଞ୍ଚ ମାଗିବା ସହ ଦ୍ୱିଅର୍ଥବୋଧକ କଥାବାର୍ତ୍ତା କରିଥିଲେ। ଏନେଇ ଶିକ୍ଷୟିତ୍ରୀଜଣଙ୍କ ୪ତାରିଖରେ ବିଇଓ ଅଭିମନ୍ୟୁ ସେଠୀଙ୍କ ନିକଟରେ ଅଭିଯୋଗ କରିଥିଲେ। ବିଇଓ ସମ୍ପୃକ୍ତ କିରାଣୀଙ୍କଠାରୁ ଲିଖିତ ଘୋଷଣାନାମା ନେବେ ବୋଲି କହିଥିଲେ। ମାତ୍ର ନେଇ ନ ଥିବା ଜଣାପଡିଛି। ଏହାସହ ସେ ଆଇସିସି ନିକଟରେ ଅଭିଯୋଗ ଦେଇଥିଲେ ବି କିଛି କାର୍ଯ୍ୟାନୁଷ୍ଠାନ ହୋଇନାହିଁ। ସେ ଥାନାରେ କିରାଣୀଙ୍କ ନାମରେ ଅଭିଯୋଗ କରିବା ସହିତ ଆଦିବାସୀ ହୋଇଥିବାରୁ ଖରାପ ବ୍ୟବହାର କରିବା ସହ ଦ୍ୱିବୋଧକ ଶବ୍ଦ ବ୍ୟବହାରର ଶିକାର ହେଉଥିବା ନେଇ ଭଞ୍ଜପୁର ଥାନାରେ ଅଭିଯୋଗ କରିଥିଲେ। ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି ବୋଲି ଆଇଆଇସି ଅଜୟ କୁମାର ଜେନା କହିଛନ୍ତି।

## 'ବ୍ରେନ୍ସ ଆଇକନିକ୍ ଟ୍ରଷ୍ଟ' ଲୋକାର୍ପିତ

# ୫ ଆଦିବାସୀ ଜିଲ୍ଲାରେ ଆରମ୍ଭ ହେବ ପାଇଲଟ୍ ପ୍ରୋଜେକ୍ଟ



ଭୁବନେଶ୍ୱର, ୯।୮ (ସମିସ): ରାଜ୍ୟରେ ମହିଳା, ଛାତ୍ର ଓ ଶାରୀରିକ ଭିନ୍ନକ୍ଷମଙ୍କୁ ସାମାଜିକ ଓ ଆର୍ଥିକ ସ୍ତରରେ ସ୍ୱାବଲମ୍ବୀ ଓ ଆତ୍ମନିର୍ଭରଶୀଳ କରିବା ପାଇଁ ରାଜ୍ୟବ୍ୟାପୀ କାର୍ଯ୍ୟ କରିବ ସାମାଜିକ ଓ ସାଂସ୍କୃତିକ ଅନୁଷ୍ଠାନ 'ବ୍ରେନ୍ସ ଆଇକନିକ୍ ଚାରିଟେବୁଲ୍ ଟ୍ରଷ୍ଟ'। ଏ ନେଇ ଶନିବାର ଗୀତଗୋବିନ୍ଦ ସଦନଠାରେ ଆନୁଷ୍ଠାନିକ ଭାବେ ଟ୍ରଷ୍ଟର ଲୋଗୋ ଓ ଆଗାମୀ ଦିନର କାର୍ଯ୍ୟପନ୍ଥା ନେଇ ରୋଡ୍‌ମ୍ୟାପ୍ ଲୋକାର୍ପିତ ହୋଇଯାଇଛି। ଟ୍ରଷ୍ଟର ସଭାପତି ଇଂ ଅଶୋକ କୁମାର ଭୂୟାଁଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ପଦ୍ମଶ୍ରୀ ପ୍ରଫେସର ଡା. ଅଶୋକ ମହାପାତ୍ର ଯୋଗଦେଇ ରାଜ୍ୟରେ ଆଦିବାସୀ ଅଞ୍ଚଳରେ ରହୁଥିବା ଭିନ୍ନକ୍ଷମଙ୍କୁ ସ୍ୱାବଲମ୍ବୀ କରିବା ପାଇଁ ଟ୍ରଷ୍ଟ ଗ୍ରହଣ କରିଥିବା ସ୍ୱାଗତଯୋଗ୍ୟ ବୋଲି କହିଥିଲେ।

ଉତ୍ସବରେ ମୁଖ୍ୟବକ୍ତା ଭାବେ ଶିକ୍ଷାବିତ୍ ତଥା ଫକିରମୋହନ ବିଶ୍ୱବିଦ୍ୟାଳୟର ପୂର୍ବତନ କୁଳପତି ପ୍ରଫେସର କୁମରବର ଦାସ ଏବଂ ସମ୍ମାନିତ ଅତିଥି ଭାବେ ଶିକ୍ଷାବିତ୍ ଡା. ବୈରାଗୀ ଚରଣ ପଟ୍ଟନାୟକ ଯୋଗଦେଇ ରାଜ୍ୟର କୋରାପୁଟ, କନ୍ଧମାଳ, ବୌଦ୍ଧ, କେନ୍ଦୁଝର ଏବଂ ଭଦ୍ରକ ଜିଲ୍ଲାରେ ପାଇଲଟ୍ ପ୍ରୋଜେକ୍ଟ ଭାବେ ଟ୍ରଷ୍ଟ ତା' କାମ ଆରମ୍ଭ କରିବ ବୋଲି ସେ ସୂଚନା ଦେଇଛନ୍ତି।

ବରିଷ୍ଠ ପ୍ରଶାସକ ଡ. ଗଣେଶ୍ୱର ଜେନା ଯୋଗଦେଇ ଟ୍ରଷ୍ଟର ଆଭିମୁଖ୍ୟ ସମ୍ପର୍କରେ ଆଲୋକପାତ କରିବା ସହିତ ଆଗାମୀ କାର୍ଯ୍ୟପନ୍ଥା ସମ୍ପର୍କରେ କହିଥିଲେ। ଉତ୍ସବରେ ମୁଖ୍ୟ ଉପଦେଷ୍ଟା ଡ. ଗିରୀଶ ରଞ୍ଜନ ସାହୁ ଅତିଥି ପରିଚୟ ଓ ସ୍ୱାଗତ ଅଭିଭାଷଣ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମରେ ସମାଜସେବାରେ ଖ୍ୟାତି ଅର୍ଜନ କରିଥିବା ବ୍ୟକ୍ତିମାନଙ୍କୁ ସମ୍ମାନିତ କରାଯାଇଥିଲା। ଏଭଳି ଏକ ଉଦ୍ୟମ ପାଇଁ ଅନୁଷ୍ଠାନର ସମ୍ପାଦକ ଅଶୋକ କୁମାର ଭୂୟାଁଙ୍କୁ ଧନ୍ୟବାଦ ଜଣାଇଥିଲେ। କହିଥିଲେ ଯେ ସମାଜରେ ଶିକ୍ଷା ଓ ଦକ୍ଷତାକୁ ମିଶାଇ ଯଦି ମାନବସମ୍ବଳର ସଠିକ୍ ଭାବେ ସଦୁପଯୋଗ କରିପାରିବା ତେବେ ସକ୍ଷମ ଓ ଭିନ୍ନକ୍ଷମ ଭିତରେ ଦୂରତା ରହିବ ନାହିଁ।

# ବଇଣ୍ଡାରେ ରହିବ ୪ଟି ଏକ୍ସପ୍ରେସ ଟ୍ରେନ୍

ବଇଣ୍ଡା, ୯।୮ (ସମିସ): ଅନୁଗୋଳ ଜିଲ୍ଲା କିଶୋରନଗର ବ୍ଲକ ବଇଣ୍ଡା ରେଳ ଷ୍ଟେସନରେ ପୁରୀ-ଦୁର୍ଗ, ଦୁର୍ଗ-ପୁରୀ, ପୁରୀ-ଅହମଦାବାଦ, ଅହମଦାବାଦ-ପୁରୀ ଏକ୍ସପ୍ରେସ ଟ୍ରେନ ରହଣି ହେବ। ଏନେଇ ରେଳ ବିଭାଗ ପକ୍ଷରୁ ଶୁକ୍ରବାର ଘୋଷଣା କରାଯାଇଛି। ଇଷ୍ଟକୋଷ୍ଟ ରେଲୱେ ପକ୍ଷରୁ ଚିଠି ନମ୍ବର ୨୦୯/୨୦୨୫ ଜରିଆରେ ଏ ନେଇ ଅବଗତ କରାଯାଇଛି। ଏହି ଟ୍ରେନଗୁଡ଼ିକ ବଇଣ୍ଡା ଷ୍ଟେସନ ଦେଇ ଯାଉଥିଲେ ମଧ୍ୟ ଏଠାରେ ରହଣି କରୁନାହିଁ। କାରୋନା ପୂର୍ବରୁ ଏହି ବଇଣ୍ଡାରେ ରହୁଥିବା ବେଳେ ପରବର୍ତ୍ତୀ ସମୟରେ ଆଉ ରହୁନଥିଲା। ଏହି ଷ୍ଟେସନ ମାସକୁ ୬ଲକ୍ଷରୁ ଅଧିକ ଟଙ୍କା ରାଜସ୍ୱ ଦେଉଥିବା ବେଳେ ୧୪ଟି ଟ୍ରେନ ରହୁନଥିବାରୁ ସାଧାରଣରେ ଅସନ୍ତୋଷ ଦେଖାଦେଇଥିଲା। ପରେ ଏନେଇ ବଇଣ୍ଡା ଅଞ୍ଚଳବାସୀଙ୍କ ପକ୍ଷରୁ ବହୁବାର ସ୍ଥାନୀୟ ବିଧାୟକଙ୍କଠାରୁ ଆରମ୍ଭ କରି କେନ୍ଦ୍ର ଶିକ୍ଷାମନ୍ତ୍ରୀ, ରେଳମନ୍ତ୍ରୀଙ୍କୁ ଦାବିପତ୍ର ଦିଆଯାଇଥିଲା। ଅଞ୍ଚଳବାସୀଙ୍କ ଦାବିକୁ ଦୃଷ୍ଟିରେ ରଖି ଆସନ୍ତା ୧୪ ତାରିଖରୁ ବଇଣ୍ଡାଠାରେ ପ୍ରତ୍ୟେକ ଦିନ ଯାଉଥିବା ପୁରୀ-ଦୁର୍ଗ, ଦୁର୍ଗ-ପୁରୀ ଏକ୍ସପ୍ରେସ ଓ ସାପ୍ତାହିକ ପୁରୀ-ଅହମଦାବାଦ, ଅହମଦାବାଦ-ପୁରୀ ଏକ୍ସପ୍ରେସ ଟ୍ରେନ ରହଣି ପାଇଁ ରେଳ ବିଭାଗ ପକ୍ଷରୁ ନିଷ୍ପତ୍ତି ନିଆଯାଇଛି। ଏହି ନିଷ୍ପତ୍ତି ପରେ ବଇଣ୍ଡା ଗ୍ରାମବାସୀ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଓ ଆଠମଲ୍ଲିକ ବିଧାୟକ ନଳିନୀକାନ୍ତ ପ୍ରଧାନଙ୍କୁ କୃତଜ୍ଞତା ଜ୍ଞାପନ କରିଛନ୍ତି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଘର ଭୁଶୁଡ଼ି...

ଅଞ୍ଚଳରେ ପାଣି ଜମି ରହିଥିବାରୁ ଯାତାୟାତ ପ୍ରଭାବିତ ହୋଇଛି। ଅନେକ ଅଣ୍ଡରପାସ ଅଞ୍ଚଳ ବୁଡ଼ି ରହିଥିବା ବେଳେ ବିଭିନ୍ନ ସ୍ଥାନରେ ବର୍ଷାପାଣି ଏକରୁ ଦୁଇ ଫୁଟ୍ ଉଚ୍ଚରେ ଚାଲୁଛି। ଫଳରେ ବିଭିନ୍ନ ରାସ୍ତା ଓ ସଡକରେ ଟ୍ରାଫିକ ଜାମ ଦେଖିବାକୁ ମିଳିଛି। ଆଜି ଦିନ ତମାମ ଦିଲ୍ଲୀରେ ବର୍ଷା ଜାରି ରହିଛି। ଭାରତୀୟ ପାଣିପାଗ ବିଭାଗ ପକ୍ଷରୁ ଆଜି ରେଡ୍ ଆଲର୍ଟ ଜାରି କରାଯାଇଥିଲା। ବର୍ଷା ଯୋଗୁଁ ଯମୁନା ନଦୀ ଜଳସ୍ତର ବଢ଼ିବାରେ ଲାଗିଛି। ଦିଲ୍ଲୀ ନିକଟରେ ଯମୁନା ବିପଦ ସଙ୍କେତର ନିକଟତର ହେଉଥିବାରୁ ପାର୍ଶ୍ୱବର୍ତ୍ତୀ ଅଞ୍ଚଳର ଲୋକମାନଙ୍କୁ ନିରାପଦ ସ୍ଥାନକୁ ସ୍ଥାନାନ୍ତର କରାଯାଉଛି।

ଆଜି ବର୍ଷା ଯୋଗୁଁ ବିଶେଷ ଭାବେ ବିମାନ ଚଳାଚଳ ଗୁରୁତର ଭାବେ ପ୍ରଭାବିତ ହୋଇଛି। ଇନ୍ଦିରା ଗାନ୍ଧୀ ବାମାନବନ୍ଦରରେ ଆଜି ଅତିକମରେ ୩୦୦ରୁ ଅଧିକ ବିମାନ ଚଳାଚଳ ବାଧାପ୍ରାପ୍ତ ହୋଇଛି। ସେଥିମଧ୍ୟରୁ ଶହେ ବିମାନ ବାତିଲ ହୋଇଥିବା ଜଣାପଡ଼ିଛି। ଏହି ବିମାନବନ୍ଦରରେ ଦୈନିକ ୧୩୦୦ରୁ ଅଧିକ ବିମାନ ଚଳାଚଳ କରୁଛି। ଫଳରେ ଯାତ୍ରୀମାନେ ଘୋର ଅସୁବିଧାର ସମ୍ମୁଖୀନ ହୋଇଛନ୍ତି।

ସେପଟେ ହିମାଚଳ ପ୍ରଦେଶର କୁଲ୍ଲୁରେ ବାଦଲଫଟା ବର୍ଷା ହୋଇଛି। ଫଳରେ ବନ୍ୟା ଆସିଛି। ଭୂସ୍ଖଳନ ଯୋଗୁଁ ଚଣ୍ଡିଗଡ଼- ମାନାଲି ରାଜପଥର ବନ୍ଦ ରହିଛି। ସେହିପରି ଉତ୍ତର ପ୍ରଦେଶରେ ମଧ୍ୟ ସପ୍ତାହ ସାରା ପ୍ରବଳ ବର୍ଷା ଜାରି ରହିଛି।

### ଦେଶକୁ ବର୍‌ବାଦ...

ମାତ୍ର ଭାରତ, ରୁଷ୍ ଏବଂ ଚୀନ୍ ଏକାଠି ହୋଇ ଏହି ଶୁଳ୍କକୁ ବିରୋଧ କରିପାରନ୍ତି। ଭାରତ ଉପରେ ଅତିରିକ୍ତ ଶୁଳ୍କ ଲଗାଯାଇଥିବାବେଳେ ଚୀନ୍ ସହ ଏପରି କରାଯାଇ ନାହିଁ। ଚୀନ୍ ସହ କିଛି ସମୟ ପାଇଁ ଶୁଳ୍କ ଯୁଦ୍ଧ ଚାଲିଥିଲା। ପରେ ଚୁକ୍ତି ହୋଇ ଯାଇଥିଲା। ହ୍ୱାଇଟ ହାଉସ୍‌ର ଶୁଳ୍କ ଏବଂ ଅନ୍ୟ ନୀତି ଯୋଗୁଁ ଭାରତ ଚୀନ୍ ପ୍ରତି ନରମ ଆଭିମୁଖ୍ୟ ପୋଷଣ କରୁଛି। ଏହା ଏକ ବଡ଼ ଭୁଲ୍ ହେବ। ବୋଲ୍ଟଙ୍କ ମତରେ, ଶତ୍ରୁ ଏବଂ ମିତ୍ର ଉପରେ ସମାନ ଶୁଳ୍କ ଲଗାଇବା ଦ୍ୱାରା ଆମେରିକାର ସେହି ଭରସା ଏବଂ ଆତ୍ମବିଶ୍ୱାସ ଦୁର୍ବଳ ହୋଇଛି। ଏହାକୁ ବଜାୟ ରଖିବା ପାଇଁ ଦୀର୍ଘ ସମୟ ଲାଗିଥିଲା। ଏହାର ବଦଳରେ ବହୁତ ଆର୍ଥିକ ଲାଭ ମିଳିଛି, କିନ୍ତୁ ବଡ଼ କ୍ଷତି ହେବା ଆଶଙ୍କା ବୃଦ୍ଧି ପାଇଛି।

ସୂଚନାଯୋଗ୍ୟ ଯେ ବୋଲ୍ଟନ ଟ୍ରମ୍ପଙ୍କ ପୂର୍ବ କାର୍ଯ୍ୟକାଳରେ ଆମେରିକାର ରାଷ୍ଟ୍ରୀୟ ସୁରକ୍ଷା ପରାମର୍ଶଦାତା (ଏନଏସଏ) ଥିଲେ। ସେ ଗତ କିଛି ମାସ ହେଲା ଟ୍ରମ୍ପଙ୍କ ନୀତିକୁ ସମାଲୋଚନା କରି ଆସୁଛନ୍ତି। ସେ ଗତ ମାସରେ କହିଥିଲେ ଯେ ଟ୍ରମ୍ପ ପ୍ରଶାସନ ବ୍ୟବସାୟ ଏବଂ ସୁରକ୍ଷାକୁ ଅଲଗା ଭାବେ ଦେଖୁଛି, କିନ୍ତୁ ଭାରତ ଭଳି ଦେଶ ଏହା ସମାନ ଭାବେ ଦେଖୁଛନ୍ତି। ସେହିପରି ଆମେରିକା ବିଦେଶ ନୀତି ବିଶେଷଜ୍ଞ କ୍ରିଷ୍ଟୋଫର ପ୍ୟାଡିଲା ମଧ୍ୟ ଟ୍ରମ୍ପ ପ୍ରଶାସନକୁ ଚେତାବନୀ ଦେଇଛନ୍ତି। ଏହି ଶୁଳ୍କ ଭାରତ-ଆମେରିକା ସମ୍ବନ୍ଧ ଉପରେ ଦୀର୍ଘ ଦିନ ପର୍ଯ୍ୟନ୍ତ ପ୍ରଭାବ ପକାଇବ। ଆମେରିକାକୁ ଭାରତ ସନ୍ଦେହ ଦୃଷ୍ଟିରେ ଦେଖିବ ଏବଂ କେବେ ବି ଏହି ଶୁଳ୍କକୁ ଭୁଲିବ ନାହିଁ।

ଅନ୍ୟପକ୍ଷରେ ଟ୍ରମ୍ପ ଦାବି କରିଛନ୍ତି ଯେ ଶୁଳ୍କ ଯୋଗୁଁ ସେୟାର ବଜାରରେ ବଡ଼ ବୃଦ୍ଧି ଦେଖା ଦେଇଛି। ପ୍ରତି ଦିନ ନୂଆ ରେକର୍ଡ ସୃଷ୍ଟି ହେଉଛି। ଏହା ଦ୍ୱାରା ଶହ ଶହ ବିଲିୟନ ଡଲାର ସରକାରୀ ତହବିଲକୁ ଆସୁଛି। ଯଦି ରୁଢ଼ିବାଦୀ କୋର୍ଟ ଏହି ସମୟରେ ଶୁଳ୍କ ବିରୋଧରେ ନିଷ୍ପତ୍ତି ଶୁଣାଇବେ ତେବେ ବିପୁଳ ପରିମାଣର ରାଶି ଏବଂ ସମ୍ମାନ ଫେରିପାଇବା କଷ୍ଟସାଧ୍ୟ ହୋଇଯିବ। ଯଦି ଏଭଳି ନିଷ୍ପତ୍ତି ଆସେ ତେବେ ୧୯୨୯ ପରି ମହା ମାନ୍ଦାବସ୍ଥା ସୃଷ୍ଟି ହେବ ବୋଲି ଟ୍ରମ୍ପ ଚେତାବନୀ ଦେଇଛନ୍ତି। ସେତେବେଳେ ଅର୍ଥବ୍ୟବସ୍ଥା ସମ୍ପୂର୍ଣ୍ଣ ଧ୍ୱସ୍ତ ହୋଇଯାଇଥିଲା। ସେ କୋର୍ଟ ବ୍ୟବସ୍ଥାକୁ ଭଲ ଭାବେ ବୁଝିଛନ୍ତି। କେହି ବି ତାଙ୍କ ପରି ଏଭଳି ଆହ୍ୱାନ ଦେଇ ଗତି କରିନାହାନ୍ତି ବୋଲି ଟ୍ରମ୍ପ କହିଛନ୍ତି।

### 'ଉତ୍କଳ'ରେ ଅଧ୍ୟାପକ...

ଜଣେ ହେଲେ କେହି ଅଧ୍ୟାପକ ନାହାନ୍ତି। ଭାଗବାନ ଭରସାରେ ପାଠପଢ଼ା ଚାଲିଛି। ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷ ଏ ଦିଗରେ ସଚେତନ ହେବା ସହ ତୁରନ୍ତ ଅଧ୍ୟାପକ ନିଯୁକ୍ତି କରିବା ପାଇଁ ପଦକ୍ଷେପ ନେବାକୁ ଦାବି କରିଛନ୍ତି। ଏନେଇ ଜଣେ ବରିଷ୍ଠ ଅଧିକାରୀ କହିଛନ୍ତି ଯେ ଖୁବ୍‌ଶୀଘ୍ର ଆଇନ ବିଭାଗ ସମେତ ଅନ୍ୟ ସମସ୍ତ ବିଭାଗରେ ଆବଶ୍ୟକ ଅତିଥି ଅଧ୍ୟାପକ ନିଯୁକ୍ତ କରାଯିବ।

### ରାଜ୍ୟବ୍ୟାପୀ ନକଲି...

ଅଣଦେଖାକୁ ସେମାନେ ସୁଯୋଗରେ ପରିଣତ କରି ଦେଇଛନ୍ତି।

ନକଲି ସାର ର୍‍ୟାକେଟ୍ ରୋକିବାକୁ ମାର୍କଫେଡ୍ ଅଧିକାରୀମାନେ ସଜାଗ ରହିଥିବା ସରକାର କହୁଥିବାବେଳେ ବାସ୍ତବରେ ଉପାନ୍ତ ଅଞ୍ଚଳରେ ଏହା ଶୂନ୍ ବୋଲି ଅଭିଯୋଗ ହେଉଛି। ବର୍ତ୍ତମାନ ଚାଷୀମାନେ କଂପ୍ଲେକ୍ସ ସାରର ଅଧିକ ବ୍ୟବହାର କରୁଛନ୍ତି। ଏହି ସାର ଏବେ ସରକାରୀ ସ୍ୱୀକୃତିପ୍ରାପ୍ତ ଦୋକାନରେ ମିଳୁନି। ଏହାର ଫାଇଦା ଏହି ଅସାଧୁ ବ୍ୟବସାୟୀମାନେ ଉଠାଉଛନ୍ତି। ଏହି ନକଲି ସାର ମାଟିରେ ଠିକ୍ ଭାବରେ ମିଶି ପାରୁ ନ ଥିବାବେଳେ କିଛି ସ୍ଥାନରେ ଟାଣ ହୋଇଯାଉଛି। ଫଳରେ ମୃତ୍ତିକାର ଉର୍ବରତା କମିବା ସହ ପ୍ରଦୂଷଣ ଭୟ ମଧ୍ୟ ବଢୁଛି। ନକଲି ସାର ଯୋଗୁଁ ଚାଷୀ ଖର୍ଚ୍ଚ କରି ମଧ୍ୟ ଏହାର ଲାଭ ପାଇପାରୁ ନାହିଁ। ନକଲି କମ୍ପାନିମାନେ ଡିଲରମାନଙ୍କୁ ବିଭିନ୍ନ ସ୍କିମ ଦେଇ ଆକର୍ଷିତ କରୁଥିବା ବେଳେ ବିଭାଗୀୟ ଅଧିକାରୀମାନଙ୍କୁ ମଧ୍ୟ ବିଭିନ୍ନ ଉପହାର ଓ ଆର୍ଥିକ ପ୍ୟାକେଜ୍ ଦେଉଥିବା ଯୋଗୁଁ ସେମାନଙ୍କ ଉପରେ ଚଢ଼ଉ ମଧ୍ୟ ହେଉ ନ ଥିବା ଅଭିଯୋଗ ହେଉଛି। ସରକାର ତୁରନ୍ତ ହସ୍ତକ୍ଷେପ କରି ମାର୍କଫେଡ୍ ଜରିଆରେ ଚଢ଼ଉ କଲେ ପ୍ରକୃତ ସତ ସାମ୍ନାକୁ ଆସିବ ବୋଲି ଚାଷୀ ମହଲର ଦାବି ହେଉଛି।

ଉଲ୍ଲେଖଥାଉ କି, ରାଜ୍ୟକୁ ଏବେ ସୁଦ୍ଧା ପାଖାପାଖି ୮ ଲକ୍ଷ ମେଟ୍ରିକ୍ ଟନ୍ କେନ୍ଦ୍ରରୁ ମିଳିସାରିଛି। ଆଗକୁ ଆଉ ଦେଢ଼ ଲକ୍ଷ ମେଟ୍ରିକ୍ ଟନ୍ ଆସିବ ବୋଲି କୁହାଯାଉଛି। ପୂର୍ବରୁ ରବି ବେଳର ବଳକା ୪ ଲକ୍ଷ ମେଟ୍ରିକ୍ ଟନ୍ ବିଭିନ୍ନ ଜିଲ୍ଲାରେ ରହିଛି। ମୋଟ ସାରରୁ ପ୍ରାୟ ୬ ଲକ୍ଷ ମେଟ୍ରିକ୍ ଟନ୍ ବିକ୍ରି ଶେଷ ହୋଇଥିବା କୃଷି ବିଭାଗ କହୁଛି। ମାତ୍ର ରାଜ୍ୟବ୍ୟାପୀ ସାରକୁ ନେଇ ଚାଷୀମାନେ ତିରୋଟାଭାବର ସାମ୍ନା କରୁଛନ୍ତି। ସର୍ବାଧିକ ଚାହିଦା ଥିବା କଂପ୍ଲେକ୍ସ ସାର ଚାଷୀଙ୍କୁ ସରକାରୀ ଖୁଚୁରା ଓ ପାଇକାରୀ ବିକ୍ରେତା କେନ୍ଦ୍ରରେ ମିଳୁନି। ସେହି ସାର ଲୋକମାନେ ବାହାରୁ ଉଚ୍ଚା ଦାମ୍‌ରେ କିଣୁଛନ୍ତି। ସେଇଠି ହିଁ ସେମାନେ ନକଲି ସାରର ଶିକାର ହେଉଥିବା ଚାଷୀମାନେ ଅଭିଯୋଗ କରିଛନ୍ତି। ସରକାରୀ ଭାବେ ୫୦ କେଜିର ଡିଏପି ବସ୍ତାର ଦାମ୍ ୧୩ଶହ ଟଙ୍କା ହୋଇଥିବାବେଳେ ଖୋଲାବଜାରରେ ତାହା ୨ହଜାରରୁ ୨୨ଶହ ଟଙ୍କାରେ ବିକ୍ରି ହେଉଛି। ସେହିଭଳି ୧୩୯୦ ଟଙ୍କାର ଗ୍ରୋମୋର ବସ୍ତା ୧୮ଶହରୁ ୨ହଜାର ଟଙ୍କାରେ ବିକ୍ରି ହେଉଛି।

### ହସ୍ପିଟାଲରେ ନର୍ସଙ୍କ...

ଓଭରଡୋଜ୍ ନିଦ ଇଞ୍ଜେକ୍ସନ ଦେଇଥିବା ସେଥିରେ ସେଥିରେ ଉଲ୍ଲେଖ କରିଛନ୍ତି। ଏହା ସହ ତାଙ୍କ ମୃତ୍ୟୁ ପାଇଁ କାହାକୁ ଦାୟୀ କରିନଥିବା ଜଣାପଡ଼ିଛି। 'ମମି ମିସ ୟୁ ମୋତେ ନୂଆ ଡ୍ରେସ ଦେବୁ ମୁଁ ସାଙ୍ଗରେ ନେବି' ବୋଲି ସୁଇସାଇଡ୍ ନୋଟରେ ଲେଖିଛନ୍ତି। ସାନଭାଇ ଶ୍ରୀଧରକୁ ରକ୍ଷା ବନ୍ଧନର ଶୁଭେଚ୍ଛା ମଧ୍ୟ ଜଣାଇଛନ୍ତି।

ଏମ୍‌ଏଲସି ଆଧାରରେ ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ମୃତଦେହ ଜବତ କରିଥିବା ବେଳେ ଝିଅକୁ ହତ୍ୟା କରାଯାଇଥିବା ନେଇ ପରିବାରଲୋକେ ଅଭିଯୋଗ କରିଛନ୍ତି। ତେବେ ପୁଲିସ ଅପମୃତ୍ୟୁ ମାମଲା ଆଧାରରେ ମୃତଦେହ ବ୍ୟବଚ୍ଛେଦ କରି ପରିବାରଲୋକଙ୍କୁ ହସ୍ତାନ୍ତର କରିଛି। ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ମୃତ୍ୟୁର କାରଣ ଜଣାପଡ଼ିବ ବୋଲି ପୁଲିସ କହିଛି। ଘଟଣାର ତଦନ୍ତ କରାଯାଉଥିବା ବେଳେ ଅବଶ୍ୟକ ପଡ଼ିଲେ, ହତ୍ୟା ମାମଲା ରୁଜୁ କରାଯିବ ବୋଲି ପୁଲିସ କହିଛି।

### ନବଜାତକ ମୃତ୍ୟୁରୁ...

ଅଭିଯୋଗ ହୋଇଛି। ବଲାଙ୍ଗିର ଜିଲ୍ଲା ଲୋଇସିଂହା କୁମ୍ଭାରପଡ଼ାର ନବୀନ ରଣା ତାଙ୍କ ସ୍ତ୍ରୀଙ୍କୁ ଲୋଇସିଂହା ବ୍ଲକ୍ ମୁଖ୍ୟାଳୟରେ ଥିବା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ। ସ୍ତ୍ରୀ ଗର୍ଭବତୀ ଥିବା ବେଳେ ନିୟମିତ ଡାକ୍ତରଙ୍କ ପରାମର୍ଶ ନେଇ ଯତ୍ନ କରିଥିଲେ। ସବୁ କିଛି ଠିକ ଥିବା ବେଳେ ଶୁକ୍ରବାର ପ୍ରସବ ବେଦନା ହୋଇଥିଲା। ଫଳରେ ସେ ସ୍ଥାନୀୟ ଡାକ୍ତରଖାନାକୁ ନେଇ ଭର୍ତ୍ତି କରିଥିଲେ। ଭର୍ତ୍ତି କରିବା ପରେ ଅପରାହ୍ନରେ ଡ୍ୟୁଟିରେ ଥିବା ଦୁଇ ଜଣ ନର୍ସ ଆସି ତାଙ୍କୁ ଲେବର ରୁମ୍‌କୁ ନେଇଥିଲେ। ମହିଳାଙ୍କ ସହ ତାଙ୍କ ସମ୍ପର୍କୀୟ ମହିଳା ଓ ଆଶା କର୍ମୀ ମଧ୍ୟ ରହିଥିଲେ। ତେବେ ସଂପୃକ୍ତ ଦୁଇ ଜଣ ନର୍ସ ଡାକ୍ତରଙ୍କୁ ଅପେକ୍ଷା ନକରି ପ୍ରସବ ଆରମ୍ଭ କରି ଦେଇଥିଲେ। ପ୍ରସବ ସମୟରେ ଅଧାରେ ଶିଶୁ ଅଟକି ଯାଇଥିବାରୁ ବହୁ କଷ୍ଟରେ ଜବରଦସ୍ତି ଶିଶୁକୁ ଟାଣି ବାହାର କରିଥିଲେ। ଶିଶୁକୁ ବାହାର କରିବା ପରେ ସେ କୌଣସି ପ୍ରକାର ପ୍ରତିକ୍ରିୟା କରିନଥିଲା। ଫଳରେ ସଂପୃକ୍ତ ଦୁଇ ନର୍ସ ନିଜ ନିଜ ଭିତରେ ଆଲୋଚନା କରି ଶିଶୁକୁ ବଲାଙ୍ଗିର ଭୀମଭୋଇ ମେଡିକାଲ କଲେଜ ଡାକ୍ତରଖାନାକୁ ସ୍ଥାନାନ୍ତର କରିବା ପାଇଁ କହିଥିଲେ। ଶିଶୁକୁ ସ୍ଥାନାନ୍ତର କରିବା ପାଇଁ ପ୍ରଥମେ ୧୦୮ ଆମ୍ବୁଲାନ୍ସ ଡକାଯାଇଥିଲା। ପ୍ରଥମେ ଆସିଥିବା ଆମ୍ବୁଲାନ୍ସରେ ଅକ୍ସିଜେନ୍ ବ୍ୟବସ୍ଥା ନଥିବାରୁ ଆଉ ଏକ ଆମ୍ବୁଲାନ୍ସକୁ ଅପେକ୍ଷା କରାଯାଇଥିଲା। ଏହାରି ଭିତରେ ଶିଶୁର ମୃତ୍ୟୁ ହୋଇଥିବା ବେଳେ ଭୀମଭୋଇ ମେଡିକାଲ ଡାକ୍ତରଖାନାରେ ଶିଶୁକୁ ଡାକ୍ତର ମୃତ ଘୋଷଣା କରିଥିବା ନବୀନ ଅଭିଯୋଗ କରିଛନ୍ତି। ଏହାସହ ସଂପୃକ୍ତ ଦୁଇ ନର୍ସ ହିଁ ତାଙ୍କ ଶିଶୁକୁ ମାରିଦେଇଥିବା ସେ ଅଭିଯୋଗ କରିଛନ୍ତି।

ତେବେ ଏଠି ପ୍ରଶ୍ନ ଉଠୁଛି, ବିନା ଡାକ୍ତରଙ୍କ ଉପସ୍ଥିତିରେ ପ୍ରସବ କରିବାକୁ ଦୁଇ ଜଣ ନର୍ସ ସାହସ କଲେ କେମିତି? ସେହି ସମୟରେ ଡ୍ୟୁଟିରେ ଥିବା ଡାକ୍ତର କୁଆଡ଼େ ଯାଇଥିଲେ। ଡାକ୍ତରଖାନାରେ ପ୍ରସୂତି ବିଭାଗ ଡାକ୍ତର ରହିଥିବା ସତ୍ତ୍ୱେ ଦୁଇଜଣ ନର୍ସଙ୍କ ଦ୍ୱାରା ପ୍ରସବ ହେବା କେତେ ଯୁକ୍ତିଯୁକ୍ତ। ସ୍ୱାସ୍ଥ୍ୟ ବିଭାଗ କର୍ମଚାରୀଙ୍କ ଅବହେଳା ଯୋଗୁଁ ନବୀନ ନିଜ ନବଜନ୍ମିତ ଶିଶୁକୁ ହରାଇବା ପଛରେ ଦାୟୀ କିଏ ? ଜନ୍ମ ହେବା ପରେ ଗୁରୁତର ଶିଶୁଙ୍କ ଚିକିତ୍ସା ପାଇଁ ସ୍ଥାନୀୟ ଡାକ୍ତରଖାନାରେ ନିୟୋଜିତ ଥିବା ଶିଶୁ ରୋଗ ବିଶେଷଜ୍ଞଙ୍କୁ ସୂଚନା ଦିଆଗଲା ନାହିଁ କାହିଁକି? ଏମିତି ଅନେକ ପ୍ରଶ୍ନ ଏବେ ସାଧାରଣରେ ଉଙ୍କି ମାରୁଛି। ଏହି ଘଟଣାରେ ସଂପୃକ୍ତ କର୍ମଚାରୀ ଓ ଡାକ୍ତରଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ପାଇଁ ଦାବି ହୋଇଛି।

ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ବିଷୟ ହେଉଛି, ଏହି ଡାକ୍ତରଖାନା ସ୍ୱାସ୍ଥ୍ୟମନ୍ତ୍ରୀଙ୍କ ନିର୍ବାଚନମଣ୍ଡଳୀରେ ରହିଛି। ଯଦି ଏହି ଡାକ୍ତରଖାନାରେ ଏହିଭଳି ଅବସ୍ଥା, ତେବେ ଜିଲ୍ଲାର ଅନ୍ୟ ଆଭ୍ୟନ୍ତରୀଣ ଡାକ୍ତରଖାନାଗୁଡ଼ିକର ଅବସ୍ଥା କେମିତି ଥିବ, ତାହା ଏଥିରୁ ସହଜରେ ଅନୁମେୟ। ଏନେଇ ମେଡିକାଲ ଅଫିସରଙ୍କୁ ପଚାରିବାରୁ ସେ କହିଛନ୍ତି, ଏହିଭଳି ହେବା କଥା ନୁହଁ। ଯଦି କିଛି ଏମିତି ହୋଇଛି, ଏହାର ଯାଞ୍ଚ କରାଯିବ।


**AFFIDAVIT**

I, Pooja Sudhakar Bhosale W/o Amar Bharat Gaikwad, Resident of Flat No-A 602, NBCC Imperia, New Government Colony, PS-Mancheswar, Bhubaneswar, Dist - Khordha, Odisha - 751005, declare by this affidavit No.1526 dtd 08.08.2025 that now onwards I shall be known as **POOJA AMAR GAIKWAD** for all future purposes.

**AFFIDAVIT**

I, Sonya Ray W/o Satyajit Ray, Resident of Chunabhati, OMP Square, PO - College Square, PS-Chauliaganj, Dist-Cuttack, Odisha-753003, declare by this affidavit No.7585 dtd 07.08.2025 that now onwards I shall be known as **SONYA LEANNE RAY** for all future purposes.

**AFFIDAVIT**

By virtue of an affidavit swom before The Notary Public, Bhubaneswar, No. 1530, dated- 01/08/2025, I **Muna Panda,** S/o- Bhaskar Panda, resident of At- Bajarakbati Road, Professorpada, College Chhak, Near Chandraloka Apartment, Cuttack, PO- College Square, Dist- Cuttack, PIN- 753003, Odisha declare that I have changed my daughter's name from **Priyanka Priyadarsni Panda to Priyanka Priyadarshani Panda.** Henceforth, my daughter shall be known as **Priyanka Priyadarshani Panda** for all purposes.
**Sd/- Muna Panda**

**AFFIDAVIT**

I, Rakesh Kuanar, S/o- Late Rajib Kuanr, resident of Plot No. LB-68, Stage-I, B.D.A. Colony, Laxmisagar, Near Laxmisagar Sub Post Office, P.S.- Laxmisagar, Bhubaneswar, Dist- Khordha, Pin-751006, Odisha declare by this affidavit No. 65, dated 21.06.2025 that now onwards I shall be known as **RAKESH KUANR** for all future purposes.

**AFFIDAVIT**

I, Nisha Pritwani, age about 43 years, W/o- Jeeten Shivani, resident of Plot No. 61, Bhagabanpur Industrial Estate, PO- Patrapada, PS-Tamando, Bhubaneswar, District-Khordha, PIN-751019, Odisha declared by this affidavit No. 105, dated- 08.08.2025 that now onwards I shall be known as **BHAVIKA SHIVANI** for all future purposes.

**AFFIDAVIT**

I, Parida Biswajit Sanjay, S/o- Sanjaya Kumar Parida, resident of Vill.-Kabisuryanagar (Trinath Nagar), Po./Ps.- Kabisuryanagar, Dist.- Ganjam declare by this affidavit No.384 dtd.- 08/08/2025 that now onwards I shall be known as **BISWAJIT SANJAYA PARIDA** for all future purposes.

**AFFIDAVIT**

By virtue of Affidavit No 21 dated 06.08.25 (15AA 346860)before the Executive Magistrate, Bhubaneswar, I, Kala Pattnaik, W/o Lalatendu Das Mohapatra, resident of 35, Park Tower Apartment, Unit 6, Bhubaneswar affirm that, my correct name is 'Kala Pattnaik', but wrongly recorded as 'Kala Das Mohapatra' in my husband's passport no Y7008524. That, I and 'Kala Das Mohapatra' is one and same person i.e. myself and I have signed as 'Kala Pattnaik' for all purposes and records. This affidavit is required to be produced before the Regional Passport Office, Bhubaneswar for correcting my name as 'Kala Pattnaik' in my husband's passport.

**AFFIDAVIT**

I, Shipra Mandal, H/o- Shivanarayan Mohanty, resident of At-Bankasahi, Po-Bhadrak, Odisha, Pin Code-756100 declared by the affidavit No-9448, dated-09/11/2017 that I shall be known as **SHIPRA RAY** for all future purposes.

**AFFIDAVIT**

By virtue of an affidavit Sl. No.2, dtd.06.08.2025 before the Notary Public, Nuapada, I, Sukanti Mallik of Lachhipur, Po- Sargadi, Dist.- Nuapada have changed my name from Jaksan Mallik to Sukanti Mallik. Henceforth I shall be known as Sukanti Mallik for all purposes.
**Sd/- Sukanti Mallik**

**AFFIDAVIT**

By virtue of an affidavit No- 119 sworn before the Executive Magistrate, Deogarh on dtd-15/05/2025, I **Renubala Naik,** aged 36 years, W/o- Late Bijay Kumar Behera, resident of At/Po-Ballam, Ps- Deogarh, Dist- Deogarh, Odisha I have changed my name from Renubala Behera (old name) to Renubala Naik (new name). My real name is Renubala Naik which is mentioned in my Aadhar bearing no- 6864 1308 5058, My Pass book bearing account no- 5278945822. Henceforth, both the names Renubala Behera and Renubala Naik is one & same person she will be known as Renubala Naik for all future purposes.

**Notice**
**(for Minor)**

By virtue of an affidavit swom before Executive Magistrate, Baripada, Mayurbhanj, dated 08.08.2025, I, Santosh Kumar Behera, At- Bardangua, PO/PS-Khunta, Dist- Mayurbhanj, PIN-757019 declare that I have changed the name of my Son from RONAK KUMAR BEHERA to RANAK KUMAR BEHERA. Henceforth, he shall be known as RANAK KUMAR BEHERA for all purposes.
**Santosh Kumar Behera**

**Notice**
**(for Minor)**

By virtue of an affidavit swom before Notary Public, Udala, Mayurbhanj, dated 07-08-2025 I, Pani Hembram, Address AT-Kudiakhunta, PO- Ranibandh, PS- Khunta, Dist- Mayurbhanj, PIN-757026 declare that I have changed the name of my daughter from Sara Hembram to Sumati Hembram. Henceforth, she shall be known as Sumati Hembram for all purposes.
**Pani Hembram**

**LOST**

**I, Mrs. Moutusi Ghosh,** aged about 35 years, W/o.: Rajkumar Ghosh, residing At: Sri Ram Bazar, PO.: Dadhibamanpur, 42 Mouza, PS: Bentkar, Dist.: Cuttack-754112, do hereby solemnly affirm that I have purchased property at Khata No.: 263/717, Plot No.: 1860/3745, measuring an Area: A0.056 dec., Situated at Mouza: Dadhibamanpur from Durjyadhan Behera and Ramesh Chandra Behera, Both are sons of Late Mahendra Behera vide Regd. Sale Deed document No.: 10392402223, dtd.15.03.2024 before the learned registering Authority, Cuttack. That, at the time of execution of the above mentioned sale deed the said Durjyadhan Behera had served me the Original Regd. Sale Deed vide document No.:10391606004, dtd.14.12.2016, which was purchased from Ashok Kumar Das & others as well as original ROR in respect of Khata No.: 263/717 at Mouza: Dadhibamanpur, in the name of Durjyadhan Behera and Ramesh Chandra Behera. That, when I have gone through to Cuttack from Sri Ram Bazar the above mentioned original Regd. Sale deed vide document No.:10391606004, dtd.14.12.2016, as well as Original ROR have been misplaced somewhere on 10.07.2025 after best efforts I unable to trace out the same. I have not deposited the said deed as security by way of equitable mortgage or otherwise with anybody nor I have given it to anybody for any purpose. If somebody found and misuse the said deed, I shall not be held responsible for that. If any one found the above deed, is in possession or have any claim on the same please contact Advocate **Mr. Santosh Behera, Mob No.: 9937180725** within **7 days** of this publication. If no claim received during this period the validity of above mentioned original deeds is null and void.

# ସବୁଠି ସ୍ୱଭାବ କବି ଗଙ୍ଗାଧର ମେହେରଙ୍କ ସ୍ମୃତିଚାରଣ










## ଖୁଣ୍ଟପାଲି ଉଚ୍ଚ ବିଦ୍ୟାଳୟ

ବରଗଡ଼, ୯।୮(ସମିସ): ପବିତ୍ର ଶ୍ରାବଣ ପୂର୍ଣ୍ଣିମା ତିଥିରେ ଅଞ୍ଚଳର ମହାନ କବି, ଓଡ଼ିଶାର ବରପୁତ୍ର ତଥା ସ୍ୱଭାବ କବି ଗଙ୍ଗାଧର ମେହେରଙ୍କ ୧୬୩ ତମ ଜନ୍ମ ଜୟନ୍ତୀ ଗଙ୍ଗାଧର ମେହେର ସରକାରୀ ଉଚ୍ଚ ବିଦ୍ୟାଳୟ ଖୁଣ୍ଟପାଲିରେ ମହାସମାରୋହରେ ପାଳିତ ହୋଇଛି। ପ୍ରଧାନଶିକ୍ଷକ ରମଣୀ ରଞ୍ଜନ ରାଉତ, ଆଟିଭର୍ସ ହେଲଫିଂ ଫାଉନଡେସନର ସଭାପତି ତଥା ପ୍ରକୃତି ବନ୍ଧୁ ପୁରସ୍କାର ପ୍ରାପ୍ତ ଦିବାକର ମାଝୀ, ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ଏବଂ ଛାତ୍ରଛାତ୍ରୀ ଯୋଗ ଦେଇଥିଲେ। ଛାତ୍ରଛାତ୍ରୀ ମାନଙ୍କ ମଧ୍ୟରେ ଗଙ୍ଗାଧର ଗୀତିଗାନ, ବକ୍ତବ୍ୟ ଏବଂ ପ୍ରବନ୍ଧ ଆଦି ପ୍ରତିଯୋଗିତା କରାଯାଇଥିଲା। ନିମ୍ନବର୍ଗର ଗଙ୍ଗାଧର ଗୀତିଗାନ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରିଥିବା ଛାତ୍ର ଅନମେଶ ଦାସ, ଦ୍ୱିତୀୟ ସ୍ଥାନ ଅଧିକାର କରିଥିବା ଶ୍ରେୟା ପଧାନ ଓ ତୃତୀୟ ସ୍ଥାନ ଅଧିକାର କରିଥିବା ଆଶୁତୋଷ ବାରିକଙ୍କୁ ପୁରସ୍କାର ଦିଆଯାଇଥିଲା। ସେହିପରି ବକ୍ତୃତା ପ୍ରତିଯୋଗିତାରେ ପ୍ରଥମ ହିତାଙ୍କି ପେରା, ଦ୍ୱିତୀୟ ଅସ୍ମିତ ମେହେର ଓ ତୃତୀୟ ସ୍ଥାନ ସୋନିଆ ମେହେର ଅଧିକାର କରିଥିବା ବେଳେ ପ୍ରବନ୍ଧ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅର୍ଚିତା ମେହେର, ଦ୍ୱିତୀୟ ସ୍ଥାନ ପ୍ରିୟଲ ସୁନା ଓ ତୃତୀୟ ସ୍ଥାନ ଶୁଭଶ୍ରୀ ଭୋଇ ଅଧିକାର କରିଥିଲେ। ଶେଷରେ ସଂସ୍କୃତ ଶିକ୍ଷକ ମହେନ୍ଦ୍ର ସେଠ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

## ଆଦର୍ଶ ବିଦ୍ୟାଳୟ ଏମ୍ ଗଣ୍ଡପାଲିରେ

ବିଜେପୁରର ଓଡ଼ିଶା ଆଦର୍ଶ ବିଦ୍ୟାଳୟ ଏମ୍ ଗଣ୍ଡପାଲିରେ ସ୍ୱଭାବ କବି ଗଙ୍ଗାଧର ମେହେରଙ୍କ ଜୟନ୍ତୀ ଉତ୍ସବ ପାଳିତ ହୋଇଛି। ଉତ୍ସବରେ ସାମାଜିକ ବିଜ୍ଞାନ ଶିକ୍ଷକ ଗୋପ ମହାନନ୍ଦ ମଞ୍ଚ ପରିଚାଳନା କରିଥିଲେ। ଛାତ୍ରାଛାତ୍ରୀ ଓ କର୍ମଚାରୀଙ୍କଦ୍ୱାରା ଗଙ୍ଗାଧର ମେହେରଙ୍କ ରଚିତ ଭକ୍ତି ଓ ମଧୁମୟ କବିତା ସମବେତ ଗାନ କରାଯାଇଥିଲା। ଓଡ଼ିଆ ଶିକ୍ଷକ ଲୋକନାଥ ମେହେର ଗଙ୍ଗାଧର ମେହେରଙ୍କ ସମସାମୟିକ ପରିବେଶ ଓ ମାତୃଭୂମି ପ୍ରତି ଥିବା ତାଙ୍କର କର୍ତ୍ତବ୍ୟ ଓ ଅବଦାନ ବିଷୟରେ ଆଲୋକପାତ କରିବା ସହିତ ସ୍ୱରଚିତ କବିତା ଆବୃତ୍ତି କରିଥିଲେ। ବିଦ୍ୟାଳୟର ପିଜିଟି ଆଇସିଟି ଶିକ୍ଷକ ଚନ୍ଦନ ସାହୁ କବିଙ୍କ ବାଲ୍ୟ ସମୟର ବିବରଣୀ ପ୍ରଦାନ କରିଥିଲେ। ଅଧ୍ୟକ୍ଷ ମୁରାରୀ ପ୍ରସାଦ ସାହୁ ଗଙ୍ଗାଧର ମେହେରଙ୍କ ଜୀବନୀକୁ ଉପସ୍ଥାପନ କରିଥିଲେ। ଶେଷରେ ଇଂରାଜୀ ଶିକ୍ଷକ ଲିଙ୍ଗରାଜ ପଧାନ ଧନ୍ୟବାଦ ଅର୍ପଣ କରିଥିଲେ।

## ଅଗ୍ରଗାମୀ ଯୁବକ ସଂଘ

ଅଗ୍ରଗାମୀ ଯୁବକ ସଂଘ ଆନୁକୂଲ୍ୟରେ ସ୍ୱଭାବ କବି ଗଙ୍ଗାଧର ମେହେରଙ୍କ ୧୬୩ ତମ ଜନ୍ମ ଜୟନ୍ତୀ ମହା ସମାରୋହରେ ପାଳିତ ହୋଇଯାଇଛି। ସଂଘର ସଭାପତି ପୂର୍ବତନ ବିଧାୟକ ଦେବେଶ ଆଚାର୍ଯ୍ୟଙ୍କ ଅଧ୍ୟକ୍ଷତାରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ସୁର ମନ୍ଦିର ଡ୍ୟାନସ୍ ଏକାଡେମୀ ତରଫରୁ ଛାତ୍ରଛାତ୍ରୀଙ୍କ ଦ୍ୱାରା ଗଙ୍ଗାଧର କାବ୍ୟ ଗାନ ପରେ ସମ୍ପାଦକ ବିଶ୍ୱଜିତ୍ ମିଶ୍ର ସ୍ୱାଗତ ଅଭିଭାଷଣ ପ୍ରଦାନ କରିଥିଲେ। ସଦସ୍ୟ ତ୍ରିନାଥ ତ୍ରିପାଠୀ ମାନପତ୍ର ପାଠ କରିଥିଲେ। ଶିରିଶ ବଲ୍ଲଭ ମିଶ୍ର, ସାମ୍ବାଦିକ ସୁରେନ୍ଦ୍ର ହୋତାଙ୍କ କରକମଳରେ ଚଳିତ ବର୍ଷର ଗଙ୍ଗାଧର ସ୍ମୃତି ସମ୍ମାନରେ ବରିଷ୍ଠ ସଦସ୍ୟ କୃଷ୍ଣ ଚନ୍ଦ୍ର ଭୋଇଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ମୁଖ୍ୟ ଅତିଥି ଭାବେ ପ୍ରଫେସର ଡ.ବବୃବାହନ ମହାପାତ୍ର ଏବଂ ମୁଖ୍ୟ ବକ୍ତା ଭାବେ ଅଧ୍ୟାପକ ମୋହନ ସାହୁ ଯୋଗ ଦେଇ ଥିଲେ। ସଦସ୍ୟ ତ୍ରିନାଥ ତ୍ରିପାଠୀ ଧନ୍ୟବାଦ ଅର୍ପଣ କରିଥିଲେ।

## ପିଏମ୍ଶ୍ରୀ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ

ପଦ୍ମପୁର: ପିଏମ୍ଶ୍ରୀ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟରେ ସ୍ୱଭାବ କବି ଗଙ୍ଗାଧର ମେହେରଙ୍କ ଜନ୍ମ ଜୟନ୍ତୀ ପାଳିତ ହୋଇଯାଇଛି। ବିଦ୍ୟାଳୟର କାର୍ଯ୍ୟକାରୀ ପ୍ରଧାନଶିକ୍ଷକ ଗୋପାଳଜୀ ପ୍ରସାଦ ପାଣିଗ୍ରାହୀଙ୍କ ସଭାପତିତ୍ୱରେ ସଭା ଅନୁଷ୍ଠିତ ହୋଇଥିଲା। ମାନସ ଶତପଥୀ ସଭା ପରିଚାଳନା କରିଥିଲା ବେଳେ ଛାତ୍ରୀ ଶୁଭଶ୍ରୀ ସୁନା, ଶ୍ରାବଣୀ ମିଶ୍ର, ଶ୍ରାବଣୀ ସାହୁ ଓ ଆକାଂକ୍ଷା ହୋତା କବିଙ୍କ ଜୀବନୀ ବର୍ଣ୍ଣନା କରିଥିଲେ। ଶିକ୍ଷୟିତ୍ରୀ ମନୀଷା ଭୋଇ, ପ୍ରଭାତୀ ପଟ୍ଟନାୟକ ଓ ପୂଜାରାଣୀ ନାୟକ କବିଙ୍କର କଳା କୃତୀ ଉପରେ ଆଲୋକପାତ କରିଥିଲେ। ପ୍ରଧାନଶିକ୍ଷକ ଶ୍ରୀ ପାଣିଗ୍ରାହୀ କବିବର ପ୍ରଣୟ ବଲ୍ଲରୀରେ କଣ୍ୱ ମୁନିଙ୍କ ମାଧ୍ୟମରେ ନାରୀ ସମାଜକୁ ଯେଉଁ ଉପଦେଶ ଦେଇଛନ୍ତି, ଛାତ୍ରୀ ମାନଙ୍କୁ ବୁଝାଇ ଥିଲେ। ଏହି ଉପଲକ୍ଷେ ହୋଇଥିବା ବିଭିନ୍ନ ପ୍ରତିଯୋଗିତାରେ କୃତିତ୍ୱ ଲାଭ କରିଥିବା ଛାତ୍ରୀଙ୍କୁ ପୁରସ୍କାର ବିତରଣ କରାଯାଇଥିଲା। ସଭାକୁ ସଫଳ କରିବା ପାଇଁ ଜ୍ୟୋରାଣୀ ସାହୁ, ମନିଳୀମାରାଣୀ ମହାନ୍ତି, ଦୁଷ୍ମନ୍ତ ଛତର ଓ ଅନନ୍ୟା ଶିକ୍ଷକ ଶିକ୍ଷୟିତ୍ରୀ ସହାୟତା କରିଥିଲେ। ଶେଷରେ ଖୁସବୁ ବରିହା ଧନ୍ୟବାଦ ଅର୍ପଣ କରିଥିଲେ।

## ଚର୍ଦ୍ଧାପାଲି ସରକାରୀ ଉଚ୍ଚ ବିଦ୍ୟାଳୟ

ଚର୍ଦ୍ଧାପାଲି ସରକାରୀ ଉଚ୍ଚ ବିଦ୍ୟାଳୟରେ ଶ୍ରୀ ଦୈତାରି ବିଶ୍ୱାଳଙ୍କ ଅଧ୍ୟକ୍ଷତାରେ ଗଙ୍ଗାଧର ଜୟନ୍ତୀ ପାଳନ କରାଯାଇଛି। ପ୍ରଧାନଶିକ୍ଷକ ଓ ଅତିଥି ମାନଙ୍କ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଥିଲା। ମନୋଜ ମହାନନ୍ଦ ଅତିଥି ମାନଙ୍କର ପରିଚୟ ପ୍ରଦାନ କରିଥିଲେ। ମୁଖ୍ୟ ଅତିଥି ତଥା ମୁଖ୍ୟ ବକ୍ତା ନାଟ୍ୟକାର ରାଜେନ୍ଦ୍ର ମହାନ୍ତିଙ୍କୁ ଉତ୍ତରୀୟ ମାନପତ୍ର ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା। ସ୍କୁଲର ଶିକ୍ଷକ ଶିକ୍ଷୟିତ୍ରୀ ଓ ଛାତ୍ରଛାତ୍ରୀ ଗଙ୍ଗାଧର ମେହେରଙ୍କ ବିଷୟରେ ଆଲୋଚନା କରିଥିଲେ। ମୁଖ୍ୟ ବକ୍ତା ଶ୍ରୀ ମହାନ୍ତି ଗଙ୍ଗାଧରଙ୍କ ସାହିତ୍ୟର ବିଭିନ୍ନ ଦିଗ ଉପରେ ଆଲୋକପାତ କରିଥିଲେ। ଶେଷରେ ଯୁକ୍ତ ବିହାରୀ ଧନ୍ୟବାଦ ଅର୍ପଣ କରିଥିଲେ।

## ବୋଡାସମ୍ବର ଭୁଲିଆ ଯୁବାମଞ୍ଚ

ସ୍ୱଭାବ କବି ଗଙ୍ଗାଧର ମେହେରଙ୍କ ଜୟନ୍ତୀ ଅବସରରେ ବୋଡାସମ୍ବର ମେହେର (ଭୁଲିଆ) ଯୁବାମଞ୍ଚ ତରଫରୁ ଏକ ବିଶାଳ ଶୋଭାଯାତ୍ରାର ଆୟୋଜନ କରାଯାଇଛି। ମେହେର ପଡ଼ା ସ୍ଥିତ ଗଙ୍ଗାଧର ମେହେର ଧର୍ମଶାଳା ଠାରୁ ଶୋଭାଯାତ୍ରା ଆରମ୍ଭ ହୋଇଥିଲା। ନଗର ପରିକ୍ରମା କରି ଶେଷରେ ରାଜବୋଡାସମ୍ବର ଉଚ୍ଚବିଦ୍ୟାଳୟ ଠାରେ ଥିବା ଗଙ୍ଗାଧର ସ୍ମୃତିପୀଠ ନିକଟରେ ପହଞ୍ଚିବା ତାଙ୍କର ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଥିଲା। ବୋଡାସମ୍ବର ମେହେର (ଭୁଲିଆ) ସମାଜର ସଭାପତି ରୋହିତ ମେହେର, ଶେଷଦେବ ମେହେର, କରୁଣାକର ମେହେର, ରାମଚନ୍ଦ୍ର ମେହେର, ଗୌରୀଶଙ୍କର ମେହେର ପ୍ରମୁଖଙ୍କ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ବୋଡାସମ୍ବର ମେହେର (ଭୁଲିଆ) ଯୁବାମଞ୍ଚର ସଭାପତି ରୀତେଶ ରଞ୍ଜନ ମେହେର, ସମ୍ପାଦକ ଚିନ୍ମୟ ମେହେର, ଉପଦେଷ୍ଟା ରାଜେନ୍ଦ୍ର ମେହେର, ସମୀର ମେହେର, ପ୍ରମୋଦ ମେହେର ପ୍ରମୁଖ ଏଥିରେ ସହଯୋଗ କରିଥିଲେ।

## ଗଙ୍ଗାଧର ମେହେର ସରକାରୀ ଉଚ୍ଚ ବିଦ୍ୟାଳୟ

ଦହିତା: ଗଙ୍ଗାଧର ମେହେର ସରକାରୀ ଉଚ୍ଚ ବିଦ୍ୟାଳୟ ଠାରେ ସ୍ୱଭାବ କବି ଗଙ୍ଗାଧର ମେହେରଙ୍କ ୧୬୩ ତମ ଜନ୍ମ ଜୟନ୍ତୀ ବିଦ୍ୟାଳୟ ଓ ସ୍ଥାନୀୟ ମେହେର ସମାଜର ମିଳିତ ପ୍ରଚେଷ୍ଟାରେ ପାଳନ ହୋଇଯାଇଛି। ପ୍ରଧାନଶିକ୍ଷକ କ୍ଷୀରସିନ୍ଧୁ ସୁନା ଏଥିରେ ସଭାପତିତ୍ୱ କରିଥିଲେ। ବିଦ୍ୟାଳୟ ପରିଚାଳନା କମିଟି ଅଧ୍ୟକ୍ଷ ଉପେନ୍ଦ୍ର ପଟେଲ ଅତିଥି ଭାବେ ଯୋଗ ଦେଇଥିଲେ। ମୋ ସ୍କୁଲ ଅଭିଯାନର ସଭାପତି ମକରଧ୍ୱଜ ବଗାର, ମେହେର ସମାଜ ଜୋନ୍ ଚେୟାରମ୍ୟାନ ଯୁଧିଷ୍ଠିର ମେହେର, ବିପିନ୍ ବିହାରୀ ମେହେର, ପ୍ରଦୀପ ମେହେର, ସାଗର ମେହେର, ପବିତ୍ର ମେହେର, ଅଶ୍ୱିନୀ ମେହେର, ଖଗେଶ୍ୱର ମେହେର, ପ୍ରଦୀପ ମେହେରଙ୍କ ସମେତ ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ଉପସ୍ଥିତ ଥିଲେ। ଶିକ୍ଷକ କ୍ଷୀରୋଦ୍ର ନାଥ ସାହୁ ମଞ୍ଚ ପରିଚାଳନା କରିଥିଲେ। ଲିଜୁତା ଛତ୍ରିଆ ଓ ସରସ୍ୱତୀ ମେହେରଙ୍କ ସହଯୋଗରେ ଗଙ୍ଗାଧର ମେହେରୀୟ ସଙ୍ଗୀତରେ ପରିବେଶ ମୁଖରିତ ହୋଇଥିଲା। ଛାତ୍ରୀ ନୂଆଦେଇ ମେହେର ଓ ଶ୍ରୁତିରଣା ଗଙ୍ଗାଧରଙ୍କ ଜୀବନୀ ଓ ନାରୀ ଚରିତ୍ର ଉପରେ ବକ୍ତବ୍ୟ ରଖିଥିଲେ। କିଶୋର କୁମ୍ଭାର ଧନ୍ୟବାଦ ଅର୍ପଣ କରିଥିଲେ।

## ପେଟୁପାଲିରେ ବ୍ଲକ୍‌ସ୍ତରୀୟ ଜୟନ୍ତୀ

ଘେଁସ: ସୋହେଲା ବ୍ଲକ ପେଟୁପାଲି ଠାରେ ସ୍ୱଭାବ କବି ଗଙ୍ଗାଧର ମେହେରଙ୍କ ୧୬୩ତମ ଜୟନ୍ତୀ ପାଳନ କରାଯାଇଛି। ଏଠାରେ ପେଟୁପାଲି ଭୁଲିଆ ସମାଜର ଉପସ୍ଥିତିରେ ଗଙ୍ଗାଧର ମେହେରଙ୍କ ପୂର୍ଣ୍ଣାଙ୍ଗ ପ୍ରତିମୂର୍ତ୍ତି ଠାରେ ଦୀପ ପ୍ରଜ୍ୱଳନ କରି ମାଲ୍ୟାର୍ପଣ କରାଯାଇଥିଲା। ସଭାରେ ସୋହେଲା ବ୍ଲକ ସଭାପତି ଗଜରାଜ ମେହେର ସଭାପତିତ୍ୱ କରିଥିଲେ ବେଳେ ମୁଖ୍ୟବକ୍ତା ତୁଳାରାମ ମେହେର, ସମ୍ମାନିତ ବକ୍ତା ମନୋଜ ମେହେର, ଆୟୁଷି ମେହେର, ନନ୍ଦିନୀ ମେହେର, ମୋନିକା ମେହେର ଗଙ୍ଗାଧର ସାହିତ୍ୟ ଉପରେ ବକ୍ତବ୍ୟ ପ୍ରଦାନ କରିଥିଲେ। ରୋହିତ ମେହେର, ଚକ୍ରଧର ମେହେର, ସୁଶାନ୍ତ ମେହେର ସଭା ପରିଚାଳନା କରିଥିଲେ। ଶେଷରେ ମକରଧ୍ୱଜ ମେହେର ଧନ୍ୟବାଦ ଅର୍ପଣ କରିଥିଲେ।

## ହାତୀଶର ଭୁଲିଆ ମେହେର ସମାଜ

ଭଟଲି: ସ୍ୱଭାବ କବି ଗଙ୍ଗାଧର ମେହେରଙ୍କ ୧୬୩ ତମ ଜନ୍ମ ଦିବସ ହାତୀଶର ଭୁଲିଆ ମେହେର ସମାଜ ପକ୍ଷରୁ ପାଳିତ ହୋଇଛି। ବିଶିଷ୍ଟ ସାହିତ୍ୟିକ ଅବସରପ୍ରାପ୍ତ ପ୍ରଫେସର ଡ.ରଘୁନାଥ ମେହେର ମୁଖ୍ୟ ଅତିଥି ଓ ବରଗଡ଼ ଜିଲ୍ଲା ବୁଣାକାର ସଂଘର ସଭାପତି ଅଯୋଧ୍ୟା ମେହେର ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ହାରାଧନ ମେହେରଙ୍କ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମ ହୋଇଥିଲା। ସଭାରେ ଶିକ୍ଷାବିତ ଠାକୁର ସାହୁ ଅଧ୍ୟକ୍ଷତା କରିଥିବା ବେଳେ ଅଶୋକ ମେହେର ଧନ୍ୟବାଦ ଅର୍ପଣ କରିଥିଲେ। ସଭାରେ ଉତ୍ତର ମେହେର, ହାରାଧନ ମେହେର ଦେବରାଜ ମେହେର, ରୋଶନ ମେହେର, ବନବାସ ପ୍ରଧାନ ଆଦି ମେହେର ସମାଜର ଶତାଧିକ ବ୍ୟକ୍ତି ଯୋଗ ଦାନ କରି କବିଙ୍କୁ ଶ୍ରଦ୍ଧା ସୁମନ ଅର୍ପଣ କରିଥିଲେ।

## ତେନ୍ତୁଲି ଟିକିରା ସରକାରୀ ବିଦ୍ୟାଳୟ

ଭେଡେନ: ଭେଡେନ ବ୍ଲକ ଅଧୀନ ଅଏଳାପାଲି ପଞ୍ଚାୟତ ସ୍ଥିତ ଆଞ୍ଚଳିକ ସରକାରୀ ବିଦ୍ୟାଳୟ ତେନ୍ତୁଲି ଟିକିରା ପରିସରରେ ଭାରପ୍ରାପ୍ତ ପ୍ରଧାନଶିକ୍ଷକ ପ୍ରେମରାଜ ଭୋଇଙ୍କ ସଭାପତିତ୍ୱରେ ସ୍ୱଭାବକବି ଗଙ୍ଗାଧର ମେହେର ଜୟନ୍ତୀ ପାଳିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଅତିଥି ଭାବେ ଅଏଳାପାଲି ଏମଇ ସ୍କୁଲର ପ୍ରଧାନଶିକ୍ଷକ ଗଣେଶ୍ୱର ଭୋଇ ଯୋଗଦାନ କରିଥିଲେ। ଏହି ଅବସରରେ ଗଙ୍ଗାଧର ମେହେରଙ୍କ ଆତ୍ମଜୀବନୀ ଉପରରେ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା ଓ କୃତି ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରଯାଇଥିଲା। ସଭାର ପରିଚାଳନା ଶିକ୍ଷୟିତ୍ରୀ ସତରୁପା ହୋତା କରିଥିବା ବେଳେ ଶିକ୍ଷକ ନିରଞ୍ଜନ ପଧାନ ଧନ୍ୟବାଦ ଅର୍ପଣ କରିଥିଲେ।

# ରକ୍ଷା ବନ୍ଧନ ଓ ଗଙ୍ଗାଧର ଜୟନ୍ତୀ ପାଳିତ






## ପଦ୍ମପୁର ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର

ପଦ୍ମପୁର, ୯।୮ (ସମିସ): ସ୍ଥାନୀୟ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ଗଙ୍ଗାଧର ଜୟନ୍ତୀ ଓ ରକ୍ଷାବନ୍ଧନ ଉତ୍ସବ ପାଳିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ଅବସରପ୍ରାପ୍ତ ଶିକ୍ଷକ ଶଙ୍କର ବଡ଼େଇ ଯୋଗ ଦେଇ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ମୁଦିରଥ ପଣ୍ଡା ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମକୁ ନୀତୁ ସାହୁ ଗୁରୁମା ସଂଯୋଜନା କରିଥିଲା ବେଳେ ରକ୍ଷାବନ୍ଧନ ଉପରେ ମନ ମୋହିନୀ ଗୁରୁମା ଓ ଗଙ୍ଗାଧରଙ୍କ ଉପରେ ସ୍ନିଗ୍ଧା ଗୁରୁମା ବୌଦ୍ଧିକ ପ୍ରଦାନ କରିଥିଲେ। ସପ୍ତପର୍ଣ୍ଣା ଗୁରୁମା ଧନ୍ୟବାଦ ଅର୍ପଣ କରିଥିଲେ। ପରେ ପରେ ଭାଇଭଉଣୀ ଓ ଗୁରୁଜୀ ଗୁରୁମା ପରସ୍ପରଙ୍କୁ ରାକ୍ଷୀ ବାନ୍ଧିଥିଲେ। ଗୁରୁଜୀ ଗୁରୁମା ଶିଶୁ ମାନଙ୍କ ସହିତ ଥାନା ପରିସର, ବିଜ୍ଞାପିତ ଅଞ୍ଚଳ ପରିଷଦ, ବସଷ୍ଟାଣ୍ଡ ଆଦି ବିଭିନ୍ନ ସ୍ଥାନକୁ ଯାଇ ରାକ୍ଷୀ ବାନ୍ଧିଥିଲେ। ବିଦ୍ୟା ମନ୍ଦିର ପରିସରରେ ମୁଖ୍ୟ ଅତିଥି ଭାବେ ଏକ ଟଙ୍କିଆ କ୍ଲିନିକ୍‌ର ପ୍ରତିଷ୍ଠାତା ଡ.ଶଙ୍କର ରାମଚନ୍ଦାନୀ ଯୋଗ ଦେଇଥିଲେ।

ସମ୍ମାନିତ ଅତିଥି ଭାବେ ସୁରେଶ ରାମଚନ୍ଦାନୀ, ଉପସଭାପତି ଗୋପାଳ କୃଷ୍ଣ ମିଶ୍ର ଉପସ୍ଥିତ ଥିଲେ। ଅନ୍ୟତମ ଅତିଥି ଭାବେ ଶିକ୍ଷକ ଜୟଦେବ ବେହେରା ଉପସ୍ଥିତ ଥିଲେ। ପ୍ରଧାନଆଚାର୍ଯ୍ୟ ଚୈତନ୍ୟ ଭୋଇ ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ସୁଷମା ଗୁରୁମା ସଂଯୋଜନା କରିଥିଲାବେଳେ କଲ୍ୟାଣୀ ମିଶ୍ର ଗୁରୁମା ଧନ୍ୟବାଦ ଅର୍ପଣ କରିଥିଲେ। ପରେପରେ ଭାଇଭଉଣୀ ମାନଙ୍କ ସମେତ ଗୁରୁଜୀ ଗୁରୁମା କୁସୁନାପାଲି, ଜେଲଘର ଚାରପାଲି କଲୋନୀ ଆଦି ସ୍ଥାନ ମାନଙ୍କରେ ରାକ୍ଷୀ ବାନ୍ଧିଥିଲେ।

## ସର୍ଗିବାହାଲ ସରସ୍ୱତୀ ଶିଶୁ ମନ୍ଦିର

ପଦ୍ମପୁର: ପଦ୍ମପୁର ଅଧୀନ ସର୍ଗିବାହାଲ ସରସ୍ୱତୀ ଶିଶୁ ମନ୍ଦିରରେ ଗଙ୍ଗାଧର ଜୟନ୍ତୀ ଓ ରକ୍ଷା ବନ୍ଧନ ଉତ୍ସବ ପାଳିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ସୁନୀଲ ଅଗ୍ରୱାଲ ଯୋଗ ଦେଇ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ପରିଚାଳନା ସମିତିର ସମ୍ପାଦକ ପ୍ରହଲ୍ଲାଦ ସାହୁ, ସଭାପତି ପ୍ରେମାନନ୍ଦ ବାରିକ ଓ ଉପସଭାପତି ମୁରଲୀଧର ସାହୁ ଉପସ୍ଥିତ ଥିଲେ। ହରେ ରାମ ସାହୁ ପରିଚୟ ପ୍ରଦାନ କରିଥିବା ବେଳେ ପ୍ରଧାନଆଚାର୍ଯ୍ୟ ପ୍ରମୋଦ ସାହୁ ସ୍ୱଭାବ କବି ଗଙ୍ଗାଧର ମେହେରଙ୍କ ବିଷୟରେ ବକ୍ତବ୍ୟ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମକୁ ବିଷ୍ଣୁପ୍ରିୟା ମହାପାତ୍ର ସଂଯୋଜନା କରିଥିଲେ। ପ୍ରହଲ୍ଲାଦ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ। ଶିଶୁ ଭାଇଭଉଣୀମାନେ ପରସ୍ପରକୁ ରାକ୍ଷୀ ବାନ୍ଧିଥିଲେ।

## ଭଟଲି ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର

ଭଟଲି: ପବିତ୍ର ଶ୍ରାବଣ ପୂର୍ଣ୍ଣିମା ଅବସରରେ ଭଟଲି ସ୍ଥିତ ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର ଠାରେ ରକ୍ଷା ବନ୍ଧନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ସମାଜସେବୀ ଆନନ୍ଦ ସାହୁ ଯୋଗ ଦେଇଥିଲେ। ଶ୍ରୀ ସାହୁ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରି ରକ୍ଷା ବନ୍ଧନର ମହତ୍ତ୍ୱ ବିଷୟରେ ଆଲୋକପାତ କରିଥିଲେ। ପ୍ରଧାନଆଚାର୍ଯ୍ୟ ଅକ୍ଷୟ ପୂଜାହାରି ଅତିଥି ପରିଚୟ ଓ ସ୍ୱାଗତ ଅଭିଭାଷଣ ପ୍ରଦାନ କରିଥିଲେ। ଶିଶୁ ଭଉଣୀମାନେ ସ୍ୱାଗତ ସଙ୍ଗୀତ ଗାନ କରିଥିଲେ। ପରେ ପରେ ଭାଇଭଉଣୀ ଗୁରୁଜୀ ଗୁରୁମା ପରସ୍ପର ରାକ୍ଷୀ ବାନ୍ଧିଥିଲେ। ଧର୍ମେନ୍ଦ୍ର ପଧାନ ଧନ୍ୟବାଦ ଅର୍ପଣ କରିଥିଲେ।

## ବରପାଲି ଶିଶୁ ବିଦ୍ୟା ମନ୍ଦିର

ବରପାଲି: ବରପାଲି ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର ପରିସରରେ ରକ୍ଷା ବନ୍ଧନ ଉତ୍ସବ ସହ ପ୍ରକୃତି କବି ଗଙ୍ଗାଧର ମେହେରଙ୍କ ଜୟନ୍ତୀ ମହାସମାରୋହରେ ପାଳିତ ହୋଇଯାଇଛି। ମୁଖ୍ୟବକ୍ତା ଭାବେ ଜଗବନ୍ଧୁ ଦାସ ମହାବିଦ୍ୟାଳୟର ଅଧ୍ୟାପକ ଯତିନ୍ଦ୍ର ସାହୁ ଯୋଗ ଦେଇଥିଲେ। ବିଦ୍ୟାଳୟ ସଭାପତି ଯଦୁମଣି ବିଶି, ସମ୍ପାଦକ ଅଧ୍ୟାପକ ରାଜେଶ ରାୟ ଓ ଜିଲ୍ଲା ପ୍ରମୁଖ ଡ.ଶଙ୍କର୍ଷଣ ମେହେର ଉପସ୍ଥିତ ଥିଲେ। ଅତିଥି ପରିଚୟ ପ୍ରଧାନଆଚାର୍ଯ୍ୟ ନିରଞ୍ଜନ ହୋତା ଦେଇଥିଲେ। ସଂଯୋଜନା ଆଚାର୍ଯ୍ୟ ଧର୍ମେନ୍ଦ୍ର ପୂଜାରୀଙ୍କ ଦ୍ୱାରା ହୋଇଥିଲା। ଏହାପରେ ଭଉଣୀ ମାନେ ଭାଇ ମାନଙ୍କ ହାତରେ ରାକ୍ଷୀ ବାନ୍ଧି ଶୁଭ ମନାସି ଥିଲେ। ପରେ ମିଳିତ ଭାବେ ଗଙ୍ଗାଧର ଗୀତି ଗାନ ସହ ନଗର ପରିକ୍ରମ କରି ଗଙ୍ଗାଧରଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଥିଲା।

## ନୃସିଂହନାଥ ବୃଦ୍ଧାଶ୍ରମରେ ରକ୍ଷାବନ୍ଧନ

ପାଇକମାଳ: ଶ୍ରୀଶ୍ରୀ ନୃସିଂହନାଥ ପୀଠରେ ଥିବା ବୃଦ୍ଧାଶ୍ରମରେ ଅନ୍ତେବାସୀଙ୍କ ମଧ୍ୟରେ ଭାଇ ଭଉଣୀର ପବିତ୍ର ସମ୍ପର୍କକୁ ନେଇ ନିଆରା ପରମ୍ପରାରେ ରକ୍ଷାବନ୍ଧନ ପାଳିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ସାଂସଦ ବଡ ଭାଇ ଗିରିଧାରୀ ପୁରୋହିତ ଓ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ କର୍ମୁ ବିଶ୍ୱାଳଙ୍କୁ ଅନ୍ତେବାସୀ ମାନେ ରାକ୍ଷୀ ବାନ୍ଧି ସହଯୋଗର ପ୍ରତିଶ୍ରୁତି କାମନା କରିଥିଲେ। ବୃଦ୍ଧାଶ୍ରମ ସଭାପତି ଡ.ବୁଲୁ ବାରିକ, ଯୋଗେନ୍ଦ୍ର ଭୋଇ, ସୁମିତ ତ୍ରିବେଦୀ, ଏମଡିରାଜା, ପିଣ୍ଟୁ ଭୋଇ, ପ୍ରତାପ ତାଣ୍ଡି ପ୍ରମୁଖ ସାମିଲ ହୋଇଥିଲେ। ସେହିପରି ପ୍ରଜାପିତା ବ୍ରହ୍ମା ଈଶ୍ୱରୀୟ ବିଶ୍ୱ ବିଦ୍ୟାଳୟ ତରଫରୁ ପାଇକମାଳ ସେଣ୍ଟରରେ ସଞ୍ଚାଳିକା ବ୍ରହ୍ମକୁମାରୀ ମୀରା ଭଉଣୀଙ୍କ ତତ୍ତ୍ୱାବଧାନରେ ରକ୍ଷା ବନ୍ଧନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ପାଇକମାଳ ସେଣ୍ଟର ଓ ମାଣ୍ଡୋସିଲର ବ୍ରହ୍ମକୁମାରୀ ଭାଇ ଭଉଣୀମାନେ ଯୋଗ ଦେଇଥିଲେ।

## ଉପକାରାଗାରରେ ରକ୍ଷାବନ୍ଧନ ଉତ୍ସବ ପାଳିତ

ବରଗଡ଼: ଶନିବାର ବରଗଡ଼ ଉପକାରାଗାରରେ ନିଆରା ଢଙ୍ଗରେ ବରଗଡ଼ ମହିଳା ସମିତି ଏବଂ ଓଡ଼ିଶା କର୍ମଜୀବୀ ସାମ୍ବାଦିକ ସଂଘର ମିଳିତ ଆନୁକୂଲ୍ୟରେ ଶ୍ରାବଣ ପୂର୍ଣ୍ଣିମା ଏବଂ ରକ୍ଷା ବନ୍ଧନ ପର୍ବ ପାଳନ କରାଯାଇଛି। ମହିଳା ସମିତିର ସଭାପତି ଅଞ୍ଜନା ଦାଶ ସଭାରେ ଅଧ୍ୟକ୍ଷତା କରିଥିଲେ। ସଂଘର ସଭାପତି ଆଶୁତୋଷ ରଥ ପୌରୋହିତ୍ୟ କରିଥିଲେ। ସମ୍ମାନିତ ଅତିଥି ଭାବେ ସମିତିର ସମ୍ପାଦିକା ସୁଧାଂଶୁବାଳା ଦାଶ, କୋଷାଧ୍ୟକ୍ଷ ମମତାମିଶ୍ର, ସମାଜସେବୀ ଉମେଶ ପ୍ରଧାନ ପ୍ରମୁଖ ଯୋଗ ଦେଇଥିଲେ। ସଂଘ ସଦସ୍ୟା ମିନୁ ହୋତା ଅତିଥିମାନଙ୍କର ପରିଚୟ ପ୍ରଦାନ କରିଥିଲେ। ସଭା ପ୍ରାରମ୍ଭରେ ସମିତିର ସଦସ୍ୟା ରାଧାରାଣୀ ମିଶ୍ର ସ୍ୱଭାବ କବିଙ୍କ ରଚିତ 'ବିଶ୍ୱଦେଖ ମଧୁମୟ' ଗୀତଟିକୁ ଗାନ କରିଥିଲେ। ମୁଖ୍ୟ ବକ୍ତା ଯୋଗାଚାର୍ଯ୍ୟା ତଥା ଔପନ୍ୟାସିକା ମିନୁ ହୋତା, ଅଧ୍ୟକ୍ଷା ଅଞ୍ଜନା ଦାଶ ରକ୍ଷାବନ୍ଧନ ଓ ନାରୀ ସୁରକ୍ଷା ଉପରେ ମନ୍ତବ୍ୟ ରଖିଥିଲେ। ରକ୍ଷା ବନ୍ଧନର ପବିତ୍ର ଅବସରରେ ଆଜି ଜେଲ୍‌ରେ ଥିବା ଅନ୍ତେବାସୀମାନେ ନାରୀମାନଙ୍କ ହାତରେ ସୁରକ୍ଷା ସୂତ୍ର ସ୍ୱରୂପ ରାକ୍ଷୀ ବାନ୍ଧିଥିଲେ। ସମିତିର ଅନ୍ୟାନ୍ୟ ସଭ୍ୟା ମଧ୍ୟ ବନ୍ଦୀ ମାନଙ୍କ ହାତରେ ରାକ୍ଷୀ ବାନ୍ଧି ସେମାନଙ୍କୁ ଭଲ ମଣିଷ ହେବାପାଇଁ ଅନୁପ୍ରାଣିତ କରିଥିଲେ। ସଭାରେ ଉପସ୍ଥିତ ମହିଳା ସମିତିର ସଦସ୍ୟ, ସଦସ୍ୟା ଇନ୍ଦ୍ରାଣୀ ଶତପଥି, ଜୟଗୀତା ପଣ୍ଡା, ଜୟନ୍ତୀ ପ୍ରଧାନ, ବାସନ୍ତୀ ଗଡ଼ତିଆ, ରାଧାରାଣୀ ମିଶ୍ର ଓ ନିର୍ମାଲ୍ୟ ପ୍ରଧାନ ମଧ୍ୟ ବନ୍ଦୀମାନଙ୍କୁ ଫଳ ଓ ମିଷ୍ଟାନ୍ନ ବଣ୍ଟନ କରିଥିଲେ। ଶେଷରେ ଆଶୁତୋଷ ରଥ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

বିଶ୍ୱ ଆଦିବାସୀ ଦିବସ

# ପାରମ୍ପରିକ ଅସ୍ତ୍ରଶସ୍ତ୍ର ପୂଜା ସହ ଶୋଭାଯାତ୍ରା

ବରଗଡ଼, ୯।୮ (ସମିସ):

ପଶ୍ଚିମ ଓଡ଼ିଶା ଆଦିବାସୀ ସଂଘ ପକ୍ଷରୁ ଜିଲ୍ଲାସ୍ତରୀୟ ବିଶ୍ୱ ଆଦିବାସୀ ଦିବସ ପାଳିତ ହୋଇଯାଇଛି। ବରଗଡ଼ କୃଷକ ବଜାର ପ୍ରାଙ୍ଗଣରେ ଜିଲ୍ଲା ସଭାପତି ଗୋବିନ୍ଦ ବରିହାଙ୍କ ସଭାପତିତ୍ୱରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଆଦିବାସୀ କୁଳର ଦେବାଦେବୀଙ୍କୁ ଏବଂ ପାରମ୍ପରିକ ଅସ୍ତ୍ରଶସ୍ତ୍ର ପୂଜାର୍ଚ୍ଚନା କରାଯାଇଥିଲା। କିଭଳି ଭାବେ ଆଦିବାସୀମାନେ ଶିକ୍ଷା କ୍ଷେତ୍ରରେ, ସରକାରୀ ଚାକିରି କ୍ଷେତ୍ରରେ ତଥା ସରକାରଙ୍କର

## ଆଦିବାସୀ ମହାସଂଘ

ବିଭିନ୍ନ ଯୋଜନାର ଅର୍ଥନୈତିକ ଲାଭ ନେଇ ପାରିବେ ଏବଂ ଏହାସହ ସେମାନଙ୍କ ବିଭିନ୍ନ ସମସ୍ୟାର ସମାଧାନ କିପରି ଭାବେ ହୋଇପାରିବ ସେ ବିଷୟରେ ଆଲୋଚନା ହୋଇଥିଲା। ମୁଖ୍ୟଅତିଥି ଭାବେ ସଂଘର ପ୍ରତିଷ୍ଠାତା ଗୋବର୍ଦ୍ଧନ ଭୋଏ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ବରଗଡ଼ ବ୍ଲକ୍ ସଭାପତି ମାଖୁନୁ ବରିହା, ସମ୍ପାଦକ କର୍ମଦେବ ବେହେରା, ବରପାଲି ବ୍ଲକ୍ ସଭାପତି ଧର୍ମରାଜ ସିଂ ବରିହା, ଅତାବିରା ବ୍ଲକ୍ ସଭାପତି ଭୁଷଣ ବିଶ୍ୱାଲ, ନିରଞ୍ଜନ ବାର୍ଲା, ଗୁରୁବାରୀ ଭୁଏ, ଧନଞ୍ଜୟ ବରିହା, ବିନୋଦିନୀ ନାଏକ, ପ୍ରେମଶିଳା ବରିହା, ସଖି ବରିହା, ଚୈତନ୍ୟ ପ୍ରସାଦ ବରିହା, ଖତୁ ବିଶ୍ୱାଳ, ବୈଦେଇ ମ୍ୟାଡମ୍, ବେଣୁଧର ଭୁଏ, ବଳରାମ ଖଡିଆ, ସତ୍ୟାନନ୍ଦ ବୁଡେକ, ଜରଜରିଆ, ଜଳ ଧରୁଆ ପ୍ରମୁଖ ଯୋଗ ଦେଇଥିଲେ। ଶେଷରେ ଜିଲ୍ଲା ସମ୍ପାଦକ ତ୍ରିଲୋଚନ ଭୁଏ ଧନ୍ୟବାଦ ଦେଇଥିଲେ।

## ଉପଖଣ୍ଡସ୍ତରୀୟ ଆଦିବାସୀ ସମାଜ



ପାଇକମାଲ: ପାଇକମାଲସ୍ଥିତ ଶ୍ରୀଶ୍ରୀ ନୃସିଂହନାଥ ବିନ୍ଧ୍ୟବାସିନୀ ମଣ୍ଡପରେ ପଦ୍ମପୁର ଉପଖଣ୍ଡସ୍ତରୀୟ ଆଦିବାସୀ ସମାଜମାନଙ୍କୁ ନେଇ ବିଶ୍ୱ ଆଦିବାସୀ ଦିବସ ପାଳିତ ହୋଇଯାଇଛି। ନୃସିଂହନାଥ ମନ୍ଦିର ଗେଟ୍ ସମ୍ମୁଖରୁ ବିରାଟ ଶୋଭାଯାତ୍ରାରେ ଧନୁତୀର, ଖଣ୍ଡା ତଲୁଆର, ବର୍ଚ୍ଛା ତଥା ବିଭିନ୍ନ ପ୍ରକାର ଅସ୍ତ୍ରଶସ୍ତ୍ର ଧରି ବିନ୍ଧ୍ୟବାସିନୀ ମନ୍ଦିର ନିକଟରେ ପହଞ୍ଚିବା ପରେ ସଭା ଅନୁଷ୍ଠିତ ହୋଇଥିଲା। ସଭାର ସଭାପତି ରଣଜିତ ସିଂ ବରିହା ସଭାପତିତ୍ୱ କରିଥିଲେ। ସଭାରେ ଆଦିବାସୀ ସମାଜ ପ୍ରତି ହେଉଥିବା ଅନ୍ୟାୟ, ଅତ୍ୟାଚାର, ଶୋଷଣ ବିରୋଧରେ ମଞ୍ଚ ପକ୍ଷରୁ ଦୃଢ଼ ସଙ୍କଳ୍ପ ନିଆଯାଇଥିଲା। ସଭାକୁ କ୍ଷିତିରାଜ ଗଏଁତା ପରିଚାଳନା କରିଥିଲେ। ସଭାରେ ହୃଷୀକେଶ ବରିହା, ଗଜରାଜ ସିଂ ପୁଟା, ପରମେଶ୍ୱର ଡୁମନିଆ, କେଶବ ପାଣ୍ଡେ, ଭାଗବତିଆ ମଲ୍ଲିକ, ଜଗନ୍ନାଥ ପୁଟା, କୀର୍ତ୍ତନ ଭୋଇ, ଦେବରାଜ ବରିହା, ହୃଷୀକେଶ ବରିହା, ଆଶାରାମ ବରିହା, କରୁଣାକର ବରିହା, ଦେବାର୍ଚ୍ଚନ ଭୋଇ, ମାଧବ ବରିହା, ଜୟସିଂ ଦାଉ, ମାୟାରାମ ଜଗତ, ରୂପଧର ନାଏକ, ସୁକଲାଲ ଜାନି, ଗଜରାଜ ପାଣ୍ଡେ, ଚୈତୁ ସିଂ ଦାଉ, ଯୁଗଳ କିଶୋର ଭୋଇ, ଦୁର୍ଯୋଧନ ପୁଟା, ପ୍ରତାପ ସିଂ ମହାଲିଙ୍ଗ, ସୁଦର୍ଶନ ନେଗୀଙ୍କ ସମେତ ଆଦିବାସୀ ସମାଜର ବହୁ ବିଶିଷ୍ଟ ବ୍ୟକ୍ତି ଉପସ୍ଥିତ ଥିଲେ।

# ନୃସିଂହନାଥରେ ନୂଆଁଖାଇ ଲଗ୍ନ ଧାର୍ଯ୍ୟ

ପାଇକମାଲ, ୯।୮ (ସମିସ): ପଶ୍ଚିମ ଓଡ଼ିଶାର ପ୍ରସିଦ୍ଧ ଓ ପବିତ୍ର ତୀର୍ଥ କ୍ଷେତ୍ର ଶ୍ରୀ ଶ୍ରୀ ନୃସିଂହନାଥ ପୀଠରେ ବିରାଜମାନ ମହାପ୍ରଭୁ ମାର୍ଜାର କେଶରୀଙ୍କ ନିକଟରେ ନବାନ୍ନ ଭୋଗ ଅର୍ପଣ କରିବା ପାଇଁ ପଣ୍ଡିତ ମହାସଭା ଓ ନୃସିଂହନାଥ ପ୍ରଶାସନ ଦ୍ୱାରା ଲଗ୍ନ ଧାର୍ଯ୍ୟ କରାଯାଇଛି। କୁଳ ପୁରୋହିତ ସୁନୀଲ ପୁରୋହିତ ଓ ନୃସିଂହନାଥ ମନ୍ଦିର ଟ୍ରଷ୍ଟ ବୋର୍ଡର କାର୍ଯ୍ୟନିର୍ବାହୀ ଅଧିକାରୀ ପୁରୁଷୋତ୍ତମ ପ୍ରଧାନଙ୍କ ସୂଚନା ମୁତାବକ ନୂଆଁଖାଇ ପାଇଁ ଲଗ୍ନ ସ୍ଥିର ହୋଇଛି। ଅଗଷ୍ଟ ୨୮ ତାରିଖ ଗୁରୁବାର ଦିନ ଘ.୧୧.୫୧ ମିନିଟ ୭ ସେକେଣ୍ଡରୁ ଘ.୧୨.୨୧ ମିନିଟ ଭିତରେ ମହାପ୍ରଭୁ ମାର୍ଜାର କେଶରୀ



ଓ ପାଶ୍ୱର୍ ଦେବାଦେବୀ ମାନଙ୍କ ଠାରେ ରୀତିନୀତି ଅନୁସାରେ ନବାନ୍ନ ଲାଗି କରାଯିବ। ଆୟୋଜିତ ବୈଠକରେ ନୃସିଂହନାଥ ବ୍ରାହ୍ମଣ ସମାଜର ସଭାପତି ଗିରିଶ ଚନ୍ଦ୍ର ନାୟକ, ମାତୃ ପ୍ରସାଦ ରଥ, ସୁବଳ ପଣ୍ଡା, ରଙ୍କମଣି ଦେବତା, ପ୍ରେମାନନ୍ଦ ଦେବତା, ସତ୍ୟ ପୁରୋହିତ, ସନ୍ତୋଷ ପାଢ଼ି, ବିଶ୍ୱରଞ୍ଜନ ଦାସ, ରଘୁବିର ତ୍ରିପାଠୀ ପ୍ରମୁଖ ଉପସ୍ଥିତ ଥିଲେ।

# ଶିକ୍ଷକଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା

ଅତାବିରା, ୯।୮ (ସମିସ): ଅତାବିରା ବ୍ଲକ୍ ସ୍ଥିତ ଟାମ୍ପରସରା ହାଇସ୍କୁଲର ଶିକ୍ଷକ ଅକ୍ଷୟ ତ୍ରିପାଠୀଙ୍କ ଅବସରକାଳୀନ ବିଦାୟ ସମ୍ବର୍ଦ୍ଧନା ଉତ୍ସବ ପାଳିତ ହୋଇଯାଇଅଛି। ପ୍ରଧାନଶିକ୍ଷକ ମନୋହର ଦାଶଙ୍କ ସଭାପତିତ୍ୱରେ ମୁଖ୍ୟଅତିଥି ପୂର୍ବତନ ପ୍ରଧାନଶିକ୍ଷକ ରମେଶ ଚନ୍ଦ୍ର ଭୋଇ, ସମ୍ମାନିତ ଅତିଥି ଡୋଳାମଣି ମହାନନ୍ଦ, ପ୍ରେମରାଜ ନାଏକ, ମୋ ସ୍କୁଲ ଅଭିଯାନର ସଭାପତି ଧନମାଳୀ ଭୁଏ, ଅବସରପ୍ରାପ୍ତ ଶିକ୍ଷକ ନରେନ୍ଦ୍ର ପ୍ରଧାନ, କାଦୋବାହାଲ ସିଆରସିସି ତ୍ରିଲୋଚନ ସେଠ, ଛନ୍ଦପାଲି ସିଆରସିସି କେଶବ ଛନ୍ଦ ମଞ୍ଚାସୀନ ଥିଲେ। ସଭାରେ ଶ୍ରୀ ତ୍ରିପାଠୀଙ୍କୁ ଉପଢୌକନ ଓ ସମ୍ବର୍ଦ୍ଧନା ପତ୍ର ପ୍ରଦାନ କରାଯାଇଥିଲା। ଶିକ୍ଷକ ତ୍ରିନାଥ କୁମ୍ଭାର ସଭା ପରିଚାଳନା କରିଥିବା ବେଳେ ସଙ୍ଗୀତା ରାଉତରାୟ ଅତିଥି ପରିଚୟ ଓ ବିଜୁଳି ସାହୁ ଧନ୍ୟବାଦ ଅର୍ପଣ କରିଥିଲେ। ବିଦ୍ୟାଳୟର ଶିକ୍ଷକ ମୁକୁନ୍ଦ ବେହେରା, ଜୟନ୍ତ ଦେହେରୀ, ଅନୁପମା ତାଣ୍ଡି, ସୁଜାତା ମହାନନ୍ଦ, ଅଭିଷେକ ବାରିକ, କୁନାଲ କର୍ଣ୍ଣ, ଶୁଭ୍ରାଂଶୁ ଶେଖର ସାହୁ, ଲିପ୍ସା ଥପା ପ୍ରମୁଖ ସହଯୋଗ କରିଥିଲେ।

# ଚଣ୍ଡୀଭଟାରେ କଂଗ୍ରେସର କର୍ମୀ ସମ୍ମିଳନୀ

ବରଗଡ଼, ୯।୮ (ସମିସ): ଝାରବନ୍ଧ ବ୍ଲକ୍ ଚଣ୍ଡିଭଟା କଲ୍ୟାଣ ମଣ୍ଡପ ଠାରେ ବରଗଡ଼ ଜିଲ୍ଲା କଂଗ୍ରେସ କମିଟି ତରଫରୁ କର୍ମୀ ସମ୍ମିଳନୀ ଏବଂ ସଭାପତି ଚୟନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ରାଜ୍ୟ ଉପସଭାପତି ତଥା ପୂର୍ବତନ ବିଧାୟକ ସନ୍ତୋଷ ସିଂ ସାଲୁଜା, ବରଗଡ଼ ଜିଲ୍ଲା ସଭାପତି ହରଦୀପ ସିଂ, ପଦ୍ମପୁର ବିଧାୟକ ପ୍ରାର୍ଥୀ ଟଙ୍କଧର ସାହୁ ପ୍ରମୁଖ ଯୋଗ ଦେଇଥିଲେ। ଏହି ଅବସରରେ ଝାରବନ୍ଧ ବ୍ଲକ୍ ସଭାପତି ଚୟନ ପାଇଁ ସାଧାରଣ ବର୍ଗରୁ ହେମନ୍ତରାୟ, ପଛୁଆ ବର୍ଗରୁ ନରେନ୍ଦ୍ର ପ୍ରଧାନ, ମହିଳା ବର୍ଗରୁ ଜ୍ୟୋତିର୍ମୟୀ ସେଠ, ଅନୁସୂଚିତ ଜାତି ବର୍ଗରୁ ଡମ୍ବରୁ ଧର ବାରି, ଅନୁସୂଚିତ ଜନଜାତି ବର୍ଗରୁ ଗୋପାଳ ବରିହାଙ୍କ ନାମରାଜ୍ୟ ସ୍ତରକୁ ପ୍ରେରଣ ପାଇଁ ପ୍ରସ୍ତାବ ହୋଇଛି। କାର୍ଯ୍ୟକ୍ରମରେ ଝାରବନ୍ଧ ବ୍ଲକ୍ ସଭାପତି ମୁଜାଫର ହୁସେନ ସ୍ୱାଗତ ଭାଷଣ ପ୍ରଦାନ କରିଥିବା ବେଳେ ପୂର୍ବତନ ଯୁବ କଂଗ୍ରେସ ଝାରବନ୍ଧ ବ୍ଲକ୍ ସଭାପତି ନରେନ୍ଦ୍ର ପ୍ରଧାନ ଧନ୍ୟବାଦ ଜ୍ଞାପନ କରିଥିଲେ। ସମ୍ମିଳନୀରେ ପାଇକମାଳ ଯୁବ କଂଗ୍ରେସ ସଭାପତି ବିକାଶ ବହିଦାର, କଂଗ୍ରେସ କର୍ମୀ ଉଦ୍ଧବ ପ୍ରଧାନ, ଜଗଦୀଶ ସାହୁ, ଗୋବିନ୍ଦ ପଟେଲ, ଅଜିତ ପୋଡଙ୍କ ସମେତ ଶତାଧିକ କଂଗ୍ରେସ ଦଳର କର୍ମକର୍ତ୍ତା ଯୋଗ ଦେଇଥିଲେ।

# ମାହେଶ୍ୱରୀ ନର୍ସିଂ କଲେଜ ପକ୍ଷରୁ ଫ୍ରିଜର ପ୍ରଦାନ



ଅତାବିରା, ୯।୮ (ସମିସ): ପବିତ୍ର ରକ୍ଷା ବନ୍ଧନ ଅବସରରେ ଅତାବିରା ପ୍ରଜାପିତା ବ୍ରହ୍ମ କୁମାରୀ ଭଉଣୀମାନଙ୍କ ସେବା ପାଇଁ ବରଗଡ଼ ମାହେଶ୍ୱରୀ ନର୍ସିଂ କଲେଜ ପକ୍ଷରୁ ଶନିବାର ଥଣ୍ଡା ପାନୀୟ ଜଳ ଫ୍ରିଜର ପ୍ରଦାନ କରାଯାଇଛି। ଏହା ସମୟରେ ବରଗଡ଼ ନର୍ସିଂ କଲେଜ ଚେୟାରମ୍ୟାନ ଫକୀର କର୍ଣ୍ଣଙ୍କ ସହ ବ୍ରହ୍ମ କୁମାରୀର ସଦସ୍ୟା ବିଏନ ବନିତା ଉପସ୍ଥିତ ଥିଲେ। ଚେୟାରମ୍ୟାନ କର୍ଣ୍ଣଙ୍କ ଏଭଳି ସହଯୋଗକୁ ଅନୁଷ୍ଠାନ ପକ୍ଷରୁ ପ୍ରଶଂସା କରାଯାଇଛି। ମାହେଶ୍ୱରୀ ନର୍ସିଂ କଲେଜ ଚେୟାରମ୍ୟାନ ତଥା ପ୍ରତିଷ୍ଠାତା ଫକୀର କର୍ଣ୍ଣ ଗତ ମଙ୍ଗଳବାର ବରଗଡ଼ ବାପୁଜୀ ସ୍ୱତନ୍ତ୍ର ବିଦ୍ୟାଳୟର ଦିବ୍ୟାଙ୍ଗ ଛାତ୍ରୀଛାତ୍ରଙ୍କ ସୁବିଧା ସୁଯୋଗ ପାଇଁ ଏକ ଜେନେରେଟର କ୍ରୟ ସକାଶେ ମଧ୍ୟ ୧ଲକ୍ଷ ୫୦ହଜାର ଟଙ୍କା ସହାୟତା ରାଶି ପ୍ରଦାନ କରିଥିଲେ।

# ଜମନକିରା ବ୍ଲକ୍ କଂଗ୍ରେସ କମିଟିର ସାଂଗଠନିକ ବୈଠକ



ଜମନକିରା, ୯।୮ (ସମିସ): ଜମନକିରା ବ୍ଲକ୍ କଂଗ୍ରେସ କମିଟିର ସାଂଗଠନିକ ବୈଠକ ଅନୁଷ୍ଠିତ ହୋଇଯାଇଛି। ବ୍ଲକ ସଭାପତି କେଦାରନାଥ ବରିହାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ନେତୃବୃନ୍ଦଙ୍କ ନିର୍ମଳ ବ୍ୟକ୍ତିତ୍ୱ ପ୍ରତି ଆସ୍ଥା ପ୍ରକଟ, କର୍ମୀଙ୍କ ପ୍ରତି ନେତୃବୃନ୍ଦଙ୍କ ଆନୁଗତ୍ୟ ପ୍ରଦର୍ଶନ, ଦଳୀୟ ଶୃଙ୍ଖଳା ଭଙ୍ଗକାରୀଙ୍କ ପ୍ରତି ସଜାଗ ରହିବା ନେଇ ମତପ୍ରକାଶ ପାଇଥିଲା। ପୂର୍ବତନ ବ୍ଲକ୍ ଅଧ୍ୟକ୍ଷ ସରୋଜ ପଟ୍ଟନାୟକ ସଭା ପରିଚାଳନା କରି ଥିବାବେଳେ ପୂର୍ବତନ ଜିଲ୍ଲା ପରିଷଦ ସଭ୍ୟ ଗୁରୁଚରଣ ପଟେଲ, ଧନେଶ୍ୱର ପଧାନ, ଚକାନନ୍ଦ ସା, ଜଗଦାନନ୍ଦ ମହାପାତ୍ର, ସୁଧାଂଶୁ ଚୌଧୁରୀ, ଗୌରାଙ୍ଗ ନାଏକ, ଡମ୍ବରୁଧର ଜୟପୁରିଆ ପ୍ରମୁଖ ତୃଣମୂଳ ସ୍ତରରେ କଂଗ୍ରେସ ସଂଗଠନ ବୃଦ୍ଧି କିଭଳି ହେବ ସେନେଇ ନିଜ ବକ୍ତବ୍ୟରେ ଗୁରୁତ୍ୱାରୋପ କରିଥିଲେ। କଂଗ୍ରେସ ସଙ୍ଗଠନକୁ ଆହୁରି କ୍ରିୟାଶୀଳ କରିବା ପାଇଁ ଜନସାଧାରଣଙ୍କ ପାଖକୁ ଯିବାକୁ ପଡିବ ଓ କର୍ମୀ ଉପରେ ନେତାଙ୍କ ଅତୁଟ ବିଶ୍ୱାସ ଓ ଭରସା ରହିବା ଉଚିତ୍ ବୋଲି ବନବିହାରୀ ସାମନ୍ତ, ଅଶୋକ ଦାନୀ, କିଶୋର ନାଏକ, ଜିକୋ ସାମଲ, ଆଶିଷ ଶର୍ମା, ବିମଳ ମହାନ୍ତି, ଅନ୍ତ ଶବର, ନନ୍ଦଲାଲ ଜୟପୁରିଆ, ଭାସ୍କର ଧରୁଆ, ଗଣେଶ ଭୋଇ ପ୍ରମୁଖ କର୍ମୀ ଆଲୋଚନା ବେଳେ କହିଥିଲେ।

# ମାର୍କଣ୍ଡେଶ୍ୱର ମନ୍ଦିରରେ ଜଳାଭିଷେକ

ଭଟଲି, ୯।୮ (ସମିସ): ଭଟଲି ବ୍ଲକ୍ ଅଧୀନ କୁଶନପୁରୀ ଗାଁରେ ଥିବା ଫୁଲବନ୍ଧ ସ୍ଥିତ ମାର୍କଣ୍ଡେଶ୍ୱର ମନ୍ଦିରରେ ଶନିବାର ଗଙ୍ଗାରୁ ଆସିଥିବା ଗଙ୍ଗା ଜଳ ଅଭିଷେକ ହେବା ସହିତ ଶିବ ପୁରାଣ ପଠନର ଉଦ୍‌ଯାପନୀ ମହାସମାରୋହରେ ଅନୁଷ୍ଠିତ ହୋଇଯାଇଛି। ଏଥିପାଇଁ ମନ୍ଦିର ପରିସରରେ ଭଜନ ସଂକୀର୍ତ୍ତନ ହୋଇଥିଲା। ଭଟଲି କୁଶନପୁରୀରେ ଥିବା ପ୍ରସିଦ୍ଧ ଶ୍ରୀ ଶ୍ୟାମ ବିହାରୀ ମନ୍ଦିରର ପ୍ରତିଷ୍ଠାତା ମାଧୋ ପ୍ରସାଦ ଅଗ୍ରୱାଲ ତଥା ମାଧୋ ବାବାଙ୍କ ପ୍ରଥମ ଶିବମନ୍ଦିର ଭାବେ ଏହା ପରିଚିତ। ଅନୁଷ୍ଠିତ ଏହି ଜଳଶାୟୀରେ ଗଙ୍ଗାରୁ ଆସିଥିବା ଗଙ୍ଗା ଜଳରେ ଜଳଶାୟୀ ହୋଇଥିଲା। ଏଥିରେ ଗାଁର ତଥା ଆଖପାଖ ଅଞ୍ଚଳର ହଜାର ହଜାର ଜନସାଧାରଣ ତଥା ଭକ୍ତ ମାନେ ବହୁ ସଂଖ୍ୟାରେ ଯୋଗଦାନ କରିଥିଲେ। ଏଥିରେ ମାଧୋ ପରିବାର ପକ୍ଷରୁ ବଜରଙ୍ଗ ଅଗ୍ରୱାଲ କର୍ତ୍ତା ଭାବେ କର୍ତ୍ତା କାର୍ଯ୍ୟ ତୁଲାଇଥିବା ବେଳେ ମନ୍ଦିରର ପୂଜକ ରାଧେଶ୍ୟାମ ଦେହେରୀ, ସୀତାରାମ ଦେହେରୀ, ଗଙ୍ଗା ଦେହେରୀ ଓରାମ ଦେହେରୀ ପୂଜାର୍ଚ୍ଚନା କରିଥିଲେ।

# ମାନେଶ୍ୱର ବ୍ଲକ୍‌ରେ କଂଗ୍ରେସର ଘରକୁ ଚାଲ କାର୍ଯ୍ୟକ୍ରମ



ସମ୍ବଲପୁର, ୯।୮ (ସମିସ): ମାନେଶ୍ୱର ବ୍ଲକ୍ କଂଗ୍ରେସ କମିଟି ପକ୍ଷରୁ ଆଜି କର୍ମକର୍ତ୍ତାଙ୍କ ସ୍ୱତନ୍ତ୍ର ବୈଠକ ଅନୁଷ୍ଠିତ ହୋଇଯାଇଛି। ସମ୍ବଲପୁର ଜିଲ୍ଲା କଂଗ୍ରେସ କମିଟି ସଂଯୋଜକ ଦୁର୍ଗା ପାଢ଼ୀ ମୁଖ୍ୟ ଅତିଥି ରୂପେ ଯୋଗ ଦେଇ ଘରକୁ ଚାଲ ଅଭିଯାନର ଉଦ୍ଦେଶ୍ୟ ଓ ପିସିସି ସଭାପତିଙ୍କ ନିର୍ଦ୍ଦେଶ କ୍ରମେ ନୂତନ କର୍ମକର୍ତ୍ତା ଚୟନ ନେଇ ସୂଚନା ପ୍ରଦାନ କରିଥିଲେ। କର୍ମୀ କର୍ମକର୍ତ୍ତାଙ୍କ ଘରକୁ ଯାଇ ସେ ଅଞ୍ଚଳର ସ୍ଥାନୀୟ ସମସ୍ୟା ବୁଝି ଲୋକଙ୍କ ସେବା କିପରି ଅଧିକ କରାଯାଇ ପାରିବ ସେନେଇ କହିଥିଲେ। ଏହି ଅବସରରେ ବ୍ଲକର ବହୁ ବରିଷ୍ଠ ନେତାଙ୍କୁ ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା। ବରିଷ୍ଠ କଂଗ୍ରେସ ନେତା ପିସିସି ସଭ୍ୟ ଚନ୍ଦ୍ର ପୁରୋହିତ, ଉଜାଗର ବାରିକ, ନିରଞ୍ଜନ ଷଣ୍ଢ, ଜଗନ୍ନାଥ ଦୀକ୍ଷିତ, ଆଲୋକ ପଟ୍ଟନାୟକ, ରାଜ୍ୟ ଏସି ସେଲ ସମ୍ପାଦକ ତାପସ କୁମାର ଓ ସଞ୍ଜୟ ଛୁରିଆ ପ୍ରମୁଖଙ୍କୁ ସମ୍ମାନିତ କରାଯାଇଥିଲା। ମାନେଶ୍ୱର ବ୍ଲକ ସଭାପତି ଧରଣୀ ସାହୁ ସଭାରେ ଅଧ୍ୟକ୍ଷତା କରିଥିଲେ। ପିସିସି ସମ୍ପାଦକ ରେଙ୍ଗାଲି ବିଧାୟକ ପ୍ରାର୍ଥୀ ଦିଲୀପ ଦୂରିଆ ଦଳକୁ ଅଧିକ ସଂଗଠିତ କରିବା ପାଇଁ ମତ ରଖିଥିଲେ। କଂଗ୍ରେସ ନେତା କୈଳାଶ ମିର୍ଦ୍ଧା, ପ୍ରଦୀପ ତ୍ରିପାଠୀ, ମାନୁ ନାଥ, ଭିକାରି ରାଉତ, କିଶୋର ବାଗ, ନକୁଳ ବେହେରା, ତପନ ବେହେରା, ଦୀନେଶ ସାନବଡ଼, ସୁନୀଲ ପ୍ରଧାନ, କୃଷ୍ଣ ନାୟକ ସମେତ ଶତାଧିକ କର୍ମକର୍ତ୍ତା ଉପସ୍ଥିତ ଥିଲେ। ପରେ ଘରକୁ ଚାଲ କାର୍ଯ୍ୟକ୍ରମରେ ବରିଷ୍ଠ କର୍ମକର୍ତ୍ତାଙ୍କ ଘରକୁ ଯାଇ ସେମାନଙ୍କ ସହଯୋଗ କାମନା କରାଯାଇଥିଲା।

# ପୁରପଲ୍ଲୀରେ ରକ୍ଷା ବନ୍ଧନ ଉତ୍ସବ



ରେଢ଼ାଖୋଲ, ୯।୮ (ସମିସ): ସମ୍ବଲପୁର ଜିଲ୍ଲା ରେଢ଼ାଖୋଲ ପୁରପଲ୍ଲୀରେ ରକ୍ଷା ବନ୍ଧନ ଉତ୍ସବ ପାଳିତ ହୋଇଯାଇଛି। ରକ୍ଷାବନ୍ଧନ ବିଭିନ୍ନ ପ୍ରକାରରେ ପାଳନ କରାଯାଇଛି। ଗୋରୁମାତାଙ୍କ ସହ ବୃକ୍ଷମାନଙ୍କୁ ରାକ୍ଷୀ ବାନ୍ଧିବା, ନିଜ ନିଜ ଘରେ ଇଷ୍ଟ ଦେବତା ଦେବୀଙ୍କୁ ପୂଜାର୍ଚ୍ଚନା କରି ବିଭିନ୍ନ ପ୍ରକାର ବ୍ୟଞ୍ଜନ ଓ ପିଠା ପଣା ପ୍ରସ୍ତୁତ କରି ଭାଇମାନଙ୍କୁ ଭଉଣୀମାନେ ରାକ୍ଷୀବାନ୍ଧି ରକ୍ଷାବନ୍ଧନ ପାଳନ କରାଯାଇଛି। ଭାଇମାନେ ସେହ୍ନରେ ଭଉଣୀଙ୍କୁ ବିଭିନ୍ନ ଉପହାର ପ୍ରଦାନ କରିଥିବା ଦେଖିବାକୁ ମିଳିଛି।

# ଲୋକସେବା ପକ୍ଷରୁ ରକ୍ଷାବନ୍ଧନ ଉତ୍ସବ



ସମ୍ବଲପୁର, ୯।୮ (ସମିସ): ସମ୍ବଲପୁର "ଲୋକସେବା' ଟିମ୍ ପକ୍ଷରୁ ଗୋବିନ୍ଦଟୋଲା ଆନନ୍ଦମାର୍ଗ ଆଶ୍ରମ ଗୁରୁକୁଳ ଛାତ୍ରାବାସଠାରେ ରକ୍ଷାବନ୍ଧନ ଉତ୍ସବ ପାଳିତ ହୋଇଯାଇଛି। ଏହି ଛାତ୍ରାବାସରେ ଶିଶୁଙ୍କ ସହିତ ଭାଇ-ଭଉଣୀ ସ୍ନେହ ସମ୍ପର୍କକୁ ଉଜାଗର କରାଗଲା। ଆଶ୍ରମ ମୁଖ୍ୟ ଆଚାର୍ଯ୍ୟ ରୁଦ୍ରଦେବାନନ୍ଦ ଏହି କାର୍ଯ୍ୟକ୍ରମରେ ସ୍ୱାଗତ ଅଭିଭାଷଣ ରଖିଥିଲେ। ଟିମ୍ ସଦସ୍ୟ ବିଶ୍ୱଜିତ ମହାନ୍ତି, ମାସୁଦ ଆଲମ, ସାହିଲ ଦାସ, ସିଦ୍ଧାର୍ଥ ଜେନା, ଗୋପରଞ୍ଜନ କୁମ୍ଭାର, ବିକାଶ ରାଣା, ନୂରାନୀ ଗୁଲଜାର, କାଜଲ କୁମାରୀ, ପ୍ରିୟଦର୍ଶିନୀ ପ୍ରମୁଖ ଉପସ୍ଥିତ ଥିଲେ। ଶିଶୁମାନଙ୍କୁ ମିଷ୍ଟାନ୍ନ, ରାଖି ଓ ଶିକ୍ଷା ସାମଗ୍ରୀ ବଣ୍ଟନ କରାଗଲା।

# ବିପଦସଙ୍କୁଳ ଅବସ୍ଥାରେ ଜାମସେଠ ହାଇସ୍କୁଲ

ପାଇକମାଲ, ୯।୮ (ସମିସ):

ପାଇକମାଳ ବ୍ଲକ୍ ଜାମସେଠ ହାଇସ୍କୁଲ ମୁଖ୍ୟ ଫାଟକ ଉପରେ ବିପଦ ସଙ୍କୁଳ ଅବସ୍ଥାରେ ୩୩ କେଭି ମୁକୁଳା ତାର ଯାଇଛି। ଛାତ୍ରଛାତ୍ରୀ ସେହି ବାଟ ଦେଇ ଯିବା ଆସିବା କରୁଥିବା ବେଳେ ମୁଣ୍ଡ ଉପରେ ବିପଦ ଝୁଲି ରହୁଛି। ଖେଳ ପଡିଆ ମଧ୍ୟ ଦେଇ ଖୁମ୍ବ ଗୁଡିକ ପୋତା ଯାଇଛି। ନିରୀହ ଛୋଟ ପିଲାମାନଙ୍କ ଉପରେ ସବୁବେଳେ ବିପଦ ଘନେଇ ରହିଛି। କେତେବେଳେ କୌଣସି ଦୁର୍ଘଟଣା ଘଟିଲେ



ସେଥିପାଇଁ ବିଦ୍ୟୁତ ବିଭାଗ ଦାୟୀ ରହିବେ କି ବୋଲି ପ୍ରଶ୍ନ ଉଠୁଛି। ବିଦ୍ୟାଳୟକୁ ଯୋଗାଯୋଗ କରୁଥିବା ରାସ୍ତା ଜବରଦଖଲକାରୀଙ୍କ କବଜାରେ ରହିଛି। ବିଦ୍ୟାଳୟ ପରିସରରେ ପଡି ରହିଥିବା ଘରଗୁଡିକ ପରିତ୍ୟକ୍ତ ଅବସ୍ଥାରେ ସନ୍ତସନ୍ତିଆ ହୋଇ ରହୁଥିବାରୁ ମଶା, ବେଙ୍ଗ, ସାପ ତଥା ବିଭିନ୍ନ ଜନ୍ତୁଙ୍କ ଆଶ୍ରୟସ୍ଥଳୀ ପାଲଟିଛି। ସରକାର ଜମିଟିକୁ ହସ୍ତାନ୍ତର କରିସାରିଛନ୍ତି। ତେଣୁ ପରିତ୍ୟକ୍ତ ଘରଗୁଡିକୁ ଭାଙ୍ଗିବାକୁ ବିଭାଗୀୟ ଅଧିକାରୀଙ୍କୁ ବିଦ୍ୟାଳୟ ପରିଚାଳନା ପରିଷଦ ଅନୁରୋଧ କରିଛନ୍ତି। ସେହିପରି ସମ୍ମୁଖରେ ପଡିରହିଥିବା ବିଦ୍ୟୁତ ତାର ଖୁଣ୍ଟ ଓ ଜବରଦଖଲକୁ ହଟାଇବାକୁ କର୍ତ୍ତୃପକ୍ଷଙ୍କୁ ସରପଞ୍ଚ, ବିଦ୍ୟାଳୟ ପରିଚାଳନା ପରିଷଦ ତଥା ଛାତ୍ରଛାତ୍ରୀ ଦାବି ଜଣାଇଛନ୍ତି।

'ସୁଭଦ୍ରା' ତୃତୀୟ କିସ୍ତି ପ୍ରଦାନ

# ୩,୫୯,୯୧୨ ହିତାଧିକାରୀଙ୍କୁ ମିଳିଲା ଟଙ୍କା

ବରଗଡ଼, ୯।୮ (ସମିସ): ମହିଳା ସଶକ୍ତିକରଣ ନିମନ୍ତେ ଓଡ଼ିଶା ସରକାରଙ୍କ ଯୁଗାନ୍ତକାରୀ ସୁଭଦ୍ରା ଯୋଜନାର ତୃତୀୟ କିସ୍ତି ପ୍ରଦାନ ନିମନ୍ତେ କୋରାପୁଟ ଜିଲ୍ଲାର ଜୟପୁର ଠାରେ ରାଜ୍ୟସ୍ତରୀୟ କାର୍ଯ୍ୟକ୍ରମ ଆୟୋଜିତ ହୋଇଛି। ଏଥିରେ ମୁଖ୍ୟମନ୍ତ୍ରୀ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ରାଜ୍ୟର ଏକ କୋଟିରୁ ଊର୍ଦ୍ଧ୍ୱ ମହିଳା ହିତାଧିକାରୀଙ୍କ ବ୍ୟାଙ୍କ ଖାତାକୁ ୫୦୦୦ ଟଙ୍କା ଲେଖାଏଁ ସହାୟତା ରାଶି ପ୍ରଦାନ କରିଛନ୍ତି। ଏହି ଅବସରରେ ସ୍ଥାନୀୟ ଯଦୁମଣି ଅଡିଟୋରିୟମରେ ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ଜିଲ୍ଲା ପ୍ରଭାରୀ ତଥା ସ୍ୱାସ୍ଥ୍ୟମନ୍ତ୍ରୀ ଡ.ମୁକେଶ ମହାଲିଙ୍ଗ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଏହି ଅବସରରେ ଛାତ୍ରଛାତ୍ରୀଙ୍କୁ ପୁରସ୍କାର ପ୍ରଦାନ କରିଥିଲେ। 'ସୁଭଦ୍ରା ଯୋଜନା' ଅନେକ ମହିଳାଙ୍କ ଜୀବନରେ ପ୍ରଗତି ଓ ପରିବର୍ତ୍ତନର ନୂଆ ଅଧ୍ୟାୟ ସୃଷ୍ଟି କରି ସେମାନଙ୍କ ଜୀବନରେ ପ୍ରଗତି ଓ ପରିବର୍ତ୍ତନର ନୂଆ ଅଧ୍ୟାୟ ସୃଷ୍ଟି କରିବାରେ ସଫଳ ହୋଇଛି ବୋଲି ମନ୍ତ୍ରୀ ନିଜ ଅଭିଭାଷଣରେ କହିଥିଲେ। କାର୍ଯ୍ୟକ୍ରମରେ ବିଜେପୁର ବିଧାୟକ ସନତ ଗଡତିଆ, ଭଟଲି ବିଧାୟକ ଇରାଶିଷ



ଆଚାର୍ଯ୍ୟ, ଅତାବିରା ବିଧାୟକ ନିହାର ରଞ୍ଜନ ମହାନନ୍ଦ ଏବଂ ବରଗଡ଼ ବିଧାୟକ ଅଶ୍ୱିନୀ ଷଡଙ୍ଗୀ ସମ୍ମାନିତ ଅତିଥି ଭାବେ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମ ପ୍ରାରମ୍ଭରେ ସୁଭଦ୍ରା ଭଉଣୀମାନେ ମନ୍ତ୍ରୀ ଏବଂ ସମସ୍ତ ବିଧାୟକଙ୍କ ହାତରେ ସୁଭଦ୍ରା ରାକ୍ଷୀ ବାନ୍ଧି ସମାରୋହର ଶୁଭାରମ୍ଭ କରିଥିଲେ। ବିଦ୍ୟାଳୟ ଏବଂ ମହାବିଦ୍ୟାଳୟ ସ୍ତରରେ ସୁଭଦ୍ରା ଯୋଜନା ଆଧାରିତ ପ୍ରବନ୍ଧ ଲିଖନ, ଚିତ୍ରାଙ୍କନ ଏବଂ କୁଇଜ ପ୍ରତିଯୋଗିତାର ୩୨ ଜଣ କୃତୀ ଛାତ୍ରଛାତ୍ରୀଙ୍କ ସମେତ ସାଂସ୍କୃତିକ ବିଚିତ୍ରାରେ ଭାଗ ନେଇଥିବା କୁନି କଳାକାରଙ୍କୁ ମନ୍ତ୍ରୀ ପୁରସ୍କାର ପ୍ରଦାନ କରିଥିଲେ। ଆଭାସୀ ମାଧ୍ୟମରେ ସମସ୍ତେ ରାଜ୍ୟସ୍ତରୀୟ କାର୍ଯ୍ୟକ୍ରମରେ ଜଡିତ ଥିଲେ। କାର୍ଯ୍ୟକ୍ରମ ଅବସରରେ ଜିଲ୍ଲାର ସର୍ବୋମୋଟ ୩, ୫୯, ୯୧୨ ଜଣ ଯୋଗ୍ୟ ହିତାଧିକାରୀଙ୍କ ବ୍ୟାଙ୍କ ଖାତାକୁ ସିଧା ସଳଖ ସୁଭଦ୍ରା ଟଙ୍କା ଆସିଛି। ସେଥିମଧ୍ୟରୁ ଅମ୍ବାଭୋନା ବ୍ଲକ୍‌ର ୧୬,୮୮୦ ଜଣ ସୁଭଦ୍ରା ହିତାଧିକାରୀ ଥିବା ବେଳେ ଅତାବିରା ବ୍ଲକ୍‌ରୁ ୩୩,୧୮୧, ବରଗଡ଼ ବ୍ଲକ୍‌ରୁ ୩୯,୬୯୨ ଜଣ, ବରପାଲିରୁ ୨୬,୭୮୬ ଜଣ, ଭଟଲିରୁ ୨୩,୬୩୫, ଭେଡେନରୁ ୩୧,୩୬୫ ଜଣ, ବିଜେପୁରରୁ ୨୪,୭୪୮ ଜଣ, ଗାଇସିଲେଟ ବ୍ଲକ୍‌ରୁ ୨୨,୫୮୯ ଜଣ, ଝାରବନ୍ଧରୁ ୧୮,୯୫୩ ଜଣ, ପଦ୍ମପୁରରୁ ୨୯,୦୬୩ ଜଣ, ପାଇକମାଲରୁ ୨୯,୦୦୬ ଜଣ, ସୋହେଲା ବ୍ଲକ୍‌ରୁ ୩୫,୪୪୯ ଜଣ, ଅତାବିରା ଏନଏସିରୁ ୩୪୫୪ ଜଣ, ବରପାଲି ଏନଏସିରୁ ୪୪୯୫ ଜଣ, ବରଗଡ଼ ପୌରାଞ୍ଚଳରୁ ୧୪,୮୦୫ ଜଣ, ବିଜେପୁର ଏନଏସିରୁ ୨୫୫୧ ଜଣ ଏବଂ ପଦମପୁର ଏନଏସିରୁ ୩୨୬୧ ଜଣ ହିତାଧିକାରୀ ଅଛନ୍ତି। କାର୍ଯ୍ୟକ୍ରମରେ ଜିଲ୍ଲାପାଳ ଆଦିତ୍ୟ ଗୋୟଲ ସ୍ୱାଗତ ଭାଷଣ ଦେଇଥିଲେ। ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ଲଲାଟ ଲୁହା, ଅତିରିକ୍ତ ଜିଲ୍ଲାପାଳ ମଧୁଛନ୍ଦା ସାହୁ ପ୍ରମୁଖ ମଞ୍ଚାସୀନ ଥିଲେ। ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ସନ୍ଧ୍ୟାରାଣୀ ନେପାକ ଧନ୍ୟବାଦ ଦେଇଥିଲେ।

# ଭାଇ-ଭଉଣୀ 'ବନ୍ଧନ' ଆଗରେ ଫିକା ପଡ଼ିଲା ଜେଲ୍‌ର ବନ୍ଧନ

## ବ୍ରହ୍ମପୁର ଜେଲ୍‌ରେ ଭାଇ ହାତରେ ରାକ୍ଷୀ ବାନ୍ଧିଲେ ୭୨ ଭଉଣୀ

ବ୍ରହ୍ମପୁର, ୯ ।୮ (ସମିସ): ଝରକା ଆରପଟୁ ବଢ଼ାଇ ଦେଇଥିବା ହାତରେ ରାକ୍ଷୀ ବାନ୍ଧୁବାନ୍ଧୁ ଭଉଣୀ ଆଖିରୁ ଛଳଛଳ ହୋଇ ବୋହି ଆସୁଥିଲା ଅମାନିଆ ଲୁହ । ଭାଇର ମନ ବି କୋଉ ସମ୍ଭାଳ ପଡୁଥିଲା । ମନରେ ଅଜସ୍ର କୋହକୁ ଚାପି ଧରି ଭଉଣୀ ମୁଣ୍ଡରେ ଆଶୀର୍ବାଦଭରା ହାତ ବୁଲାଇ ଦେଉଥିଲା । ଆଜି ବ୍ରହ୍ମପୁର ମଣ୍ଡଳ କାରାଗାରର ଏ ଭାବବିହ୍ୱଳର ଦୃଶ୍ୟ ମୂକସାକ୍ଷୀ ଭଳି ଜେଲ୍ ଚାରିକାନ୍ଥ, ଲୁହାବାଡ଼ ଦେଖି ଚାଲିଥିଲେ । ହେଲେ, ଅନ୍ୟ ଦିନ ଭଳି ଭାଇ-ଭଉଣୀର ଅତୁଟ ସଂପର୍କରେ ସେମାନେ ବାଧା ସାଜି ନଥିଲେ ।

ଆଜି ହାତରେ ହଳଦୀ, ସିନ୍ଦୂର, ଚନ୍ଦନ ଓ ରାକ୍ଷୀ ଧରି କାରାଗାର ପରିସରକୁ ଆସିଥିଲେ ୭୨ଜଣ ଭଉଣୀ । କଏଦୀମାନେ ବିଭିନ୍ନ ମାମଲାରେ ଗିରଫ ହୋଇ ଜେଲରେ ସଜା କାଟୁଛନ୍ତି । ଭିତରେ ୬ଜଣ ଭଉଣୀ ସେମାନଙ୍କ ଭାଇଙ୍କୁ ରାକ୍ଷୀ ବାନ୍ଧିଥିବା ବେଳେ ବାହାରୁ ୭୨ଜଣ ଭଉଣୀ ଜେଲ ଭିତରେ ଥିବା ଭାଇଙ୍କୁ ରାକ୍ଷୀ ବାନ୍ଧିଥିଲେ । ଏଥିପାଇଁ ଶନିବାର ସକାଳୁସକାଳୁ ବ୍ରହ୍ମପୁର ମଣ୍ଡଳ କାରାଗାର ସମ୍ମୁଖରେ ଭଉଣୀମାନଙ୍କର ଭିଡ଼ ଜମିଥିଲା । ସେହିପରି ବିଭିନ୍ନ ସଂଗଠନର ସଦସ୍ୟମାନେ ବ୍ରହ୍ମପୁର ଜେଲକୁ ଯାଇ ଜେଲ ଅଧୀକ୍ଷକଙ୍କ ସମେତ କର୍ମଚାରୀଙ୍କୁ ରାକ୍ଷୀ ବାନ୍ଧିଥିଲେ । ଜେଲ୍‌ର ବରିଷ୍ଠ ଅଧୀକ୍ଷକ ଧୀରେନ୍ଦ୍ରନାଥ ବାରିକ, ଜେଲର୍ ଲକ୍ଷ୍ମୀକାନ୍ତ ଧାଙ୍ଗଡ଼ାମାଝୀଙ୍କ ସମେତ ବହୁ କର୍ମଚାରୀ ଉପସ୍ଥିତ ଥିଲେ ।

## ପଟ୍ଟାମୁଣ୍ଡାଇ ଛାତ୍ରୀ ଆତ୍ମଦାହ ଘଟଣା

# ବଢୁଛି ରହସ୍ୟ; ହଟୁନି ପରଦା

ପଟ୍ଟାମୁଣ୍ଡାଇ, ୯।୮ (ସମିସ): କେନ୍ଦ୍ରାପଡ଼ା ଜିଲ୍ଲା ପଟ୍ଟାମୁଣ୍ଡାଇ ବ୍ଲକ୍ ବଡ଼ପଡ଼ା ପଞ୍ଚାୟତ କାଠିଆପଡ଼ା ଗାଁରେ କଲେଜ ଛାତ୍ରୀଙ୍କ ଆତ୍ମଦାହ ଘଟଣା ସାରା ରାଜ୍ୟରେ ଆଲୋଡ଼ନ ସୃଷ୍ଟି କରିଛି । ଘଟଣାର ୪ ଦିନ ପରେ ଏହା ଉପରୁ ରହସ୍ୟ ଉନ୍ମୋଚନ ହୋଇପାରୁନାହିଁ । ପୁଲିସ ଟିମ୍ ଜୋର୍‌ଦାର ତନାଘନା ଚଳାଇଥିଲେ ମଧ୍ୟ

- ପୁଣି ଘଟଣାସ୍ଥଳରେ ଏସ୍‌ପି ଓ ସାଇଣ୍ଟିଫିକ ଟିମର ତନାଘନା
- ଆଉ ଏକ ଏତଲା ଦେଲେ ଛାତ୍ରୀଙ୍କ ବାପା
- ମୃତ ଛାତ୍ରୀଙ୍କ ବାପା-ଭାଇକୁ ପଚରାଉଚରା

ଆତ୍ମଦାହର କାରଣ ଏବେ ବି ରହସ୍ୟଘେରରେ ରହିଛି ।

ଦୁଇ ଦିନ ଧରି କେନ୍ଦ୍ରାପଡ଼ା ଏସପି ସିଦ୍ଧାର୍ଥ କଟାରିଆ ପୁଲିସ ଓ ସାଇଣ୍ଟିଫିକ ଟିମ ଧରି ଘଟଣାର ତନାଘନା କରୁଛନ୍ତି । ଛାତ୍ରୀ ପୋଡ଼ି ହୋଇଥିବା ଶିଢ଼ି ଘର, ଶିଢ଼ି ଘର ନିକଟ ରୋଷେଇଘର, ଛାତ ଉପର ଗ୍ରିଲ ଓ ଛାତ୍ରୀ





ମୃତ୍ୟୁବେଳେ ଭିତରୁ ବନ୍ଦ ଥିବା ଘରର ମୁଖ୍ୟ କବାଟ ଖୋଲି ଛାନଭିନ୍ କରିଛନ୍ତି । ଭିତରୁ କବାଟ ବନ୍ଦ ଥିବା ଓ ଏବଂ ବାପା ମା' ଶାବଳ ଦ୍ୱାରା ପ୍ରବେଶ ଦ୍ୱାର ମୁଖ୍ୟ କବାଟ ତାଡ଼ି ଘର ଭିତରେ ପଶିଥିଲେ ମଧ୍ୟ କବାଟରେ ଲାଗିଥିବା ଡମଣି ଓ ଲକର ଅକ୍ଷତ ରହିଛି । ନିଆଁରେ ପୋଡ଼ି ମୃତ୍ୟୁବରଣ କରିଥିବା ଛାତ୍ରୀଙ୍କ ମୃତ୍ୟୁସ୍ଥଳ ପୂର୍ବବତ୍ ପରିଷ୍କାର ରହିବା ପୁଲିସର ସନ୍ଦେହ ବଢ଼ାଇ ଦେଇଛି ।

ଆଜି ରାକ୍ଷୀ ପୂର୍ଣ୍ଣିମାରେ କାଠିଆପଡ଼ା ଗାଁ ଶୂନଶାନ ଥିବା ବେଳେ ମୃତ ଛାତ୍ରୀଙ୍କ ଘର ଆଗରେ ଭିଡ଼ ଲାଗି ରହିଥିଲା । ଉକ୍ତ ଛାତ୍ରୀଙ୍କ ପୁରୁଷ ବନ୍ଧୁଙ୍କ ବ୍ଲାକମେଲ ଓ ଅଶ୍ଳୀଳ ଭିଡିଓ ଭାଇରାଲ ଧମକ ଯୋଗୁଁ ଛାତ୍ରୀ ଓ ପରିବାର ଅତିଷ୍ଠ ହୋଇ ଗତ ୬ ମାସ ତଳେ ପଟ୍ଟାମୁଣ୍ଡାଇ ଗ୍ରାମାଞ୍ଚଳ ଥାନାରେ ଅଭିଯୋଗ କରିଥିଲେ । ଏବେ ପୁରୁଷ ବନ୍ଧୁଙ୍କୁ ଚେନାଇରୁ ଉଠାଇ ଆଣି ଜେରା କରାଯାଉଛି । ଏପଟେ, ମୃତ ଛାତ୍ରୀଙ୍କ ବାପା ବାରମ୍ବାର ବୟାନ ବଦଳାଇବା ଓ ପୂର୍ବ ଏତଲା ଅସ୍ପଷ୍ଟ ଥିବାରୁ ଶନିବାର ପୁଣି ଏକ ସାନି ଏତଲା ଦେଇଛନ୍ତି । ଆଜି ଆଇଜି ପ୍ରବୀଣ କୁମାରଙ୍କ ସହ ଏସପି ଭିନ୍ନ ଭିନ୍ନ ସ୍ଥାନରେ ପ୍ରତ୍ୟକ୍ଷ ଭାବେ ତନାଘନା କରିଥିଲେ । ସ୍ଥାନୀୟ ଲୋକଙ୍କ ସହ ଆଲୋଚନା ମଧ୍ୟ କରି ଘଟଣାର କିଛି ସୁରାକ ଖୋଜିବାକୁ ଚେଷ୍ଟା କରିଥିଲେ । ଏନେଇ ଆଇଜି ଏସ୍‌ପିଙ୍କ ସହ ଏକ ସମୀକ୍ଷା ବୈଠକ କରିଥିବା ଜଣାପଡ଼ିଛି । କିଛି ପ୍ରମାଣ ହସ୍ତଗତ ହୋଇଥିବା ଜଣାପଡିଛି । ପୁଲିସ ମୃତ ଛାତ୍ରୀଙ୍କ ମୋବାଇଲକୁ ଜବତ କରି ଗୁରୁତ୍ୱର ସହ ଯାଞ୍ଚ ଜାରି ରଖିଥିବା ବେଳେ ସିସିଟିଭି ଫୁଟେଜକୁ ମଧ୍ୟ ଯାଞ୍ଚ କରି ମୃତ୍ୟୁ ରହସ୍ୟ ଉନ୍ମୋଚନ କରିବାକୁ ଉଦ୍ୟମ ଜାରି ରଖିଛି ।

ତଦନ୍ତ ପ୍ରକ୍ରିୟାକୁ ଚୂଡ଼ାନ୍ତ କରିବା ପାଇଁ ଆଜି ସନ୍ଧ୍ୟାରେ ପୁଲିସ ଉକ୍ତ କଲେଜ ଛାତ୍ରୀ ପିଡି ସଂଗୀତାଙ୍କ ବାପା ଶଶିକାନ୍ତ ପରିଡ଼ା ଓ ଏକମାତ୍ର ଭାଇ ପିଡି ସାଗର ଓରଫ ସୋନୁଙ୍କୁ ପଟ୍ଟାମୁଣ୍ଡାଇ ଗ୍ରାମାଞ୍ଚଳ ଥାନାକୁ ଡାକି ଜେରା କରିଛି । ତଥାପି ପୋଷ୍ଟମର୍ଟମ ରିପୋର୍ଟ ଉପରେ ଏହି ତଦନ୍ତ ପ୍ରକ୍ରିୟା ନିର୍ଭର କରୁଥିବା ଏସପି ସୂଚନା ଦେଇଛନ୍ତି । ଖୁବଶୀଘ୍ର ମାମଲାର ଫର୍ଦ୍ଦାଫାସ ସହ ବଡ଼ କାର୍ଯ୍ୟାନୁଷ୍ଠାନ ହେବାର ସ୍ପଷ୍ଟ ସୂଚନା ମିଳୁଛି ।

## ଯବାନଙ୍କୁ ମହଙ୍ଗା ପଡ଼ିଲା ପ୍ରେମିକାକୁ ଚାପୁଡ଼ା

# ନିର୍ଘୁମ୍ ଛେଚିଲେ ମହିଳା କନଷ୍ଟେବଲ

ବ୍ରହ୍ମପୁର, ୯ ।୮ (ସମିସ): ମହିଳା ପୁଲିସ୍ ବାରାକ୍‌ରେ ପଶି ପ୍ରେମିକାକୁ ମାରପିଟ୍ କରିବା ଜଣେ ଯବାନଙ୍କୁ ମହଙ୍ଗା ପଡ଼ିଛି । ଏକାଧିକ ପୁଲିସ୍ କନେଷ୍ଟବଳ ତାଙ୍କୁ ନିର୍ଘୁମ୍ ମାଡ଼ ମାରିବା ସହ ପୁଲିସ୍ ଜିମା ଦେଇଛନ୍ତି । ଆମ୍ବପୁଆସ୍ଥିତ ପୁଲିସ ବାରାକ୍‌ରେ ଆଜି ଏହି ଘଟଣା ଘଟିଛି । ମାଡ଼ ଖାଇଥିବା ଯବାନଜଣଙ୍କ ହେଲେ, ପୁରୁଷୋତ୍ତମପୁର ଶାହାପୁର କେଉଟସାହିର ପ୍ରଭଞ୍ଜନ ବେହେରା । ପୁଲିସ ଏନେଇ ଏକ ମାମଲା ରୁଜୁ କରିବା ସହ ଯବାନଙ୍କୁ ଅଟକ ରଖି ପଚରାଉଚରା କରୁଛି ।

ସୂଚନାନୁଯାୟୀ, ପ୍ରଭଞ୍ଜନ ବିବାହିତ । କିଛି ବର୍ଷ ତଳେ ତାଙ୍କର ଛାଡ଼ପତ୍ର ହୋଇଛି । ସେ ବ୍ରହ୍ମପୁର ପୁଲିସ ଜିଲ୍ଲାର ୨୦୨୩ ବ୍ୟାଚ୍‌ର ଜଣେ ମହିଳା କନେଷ୍ଟବଳଙ୍କୁ ପ୍ରେମ କରୁଥିଲେ । କିଛି ଦିନ ତଳେ ପ୍ରେମିକା ଛୁଟିରେ ଗାଁକୁ ଯାଇଥିବା ବେଳେ ଗତକାଲି ଡ୍ୟୁଟିରେ ଯୋଗ ଦେଇଥିଲେ । ଆଜି ସକାଳୁ ବୁଲିବାକୁ ଯିବା ଲାଗି ଗତକାଲି ଉଭୟ ସ୍ଥିର କରିଥିଲେ । ପ୍ରଭଞ୍ଜନ ଆଜି ସକାଳେ ରିଜର୍ଭ ଅଫିସ ନିକଟରେ ଥିବା ଏକ ମନ୍ଦିରରେ ଅପେକ୍ଷା କରିଥିଲେ । ଦୀର୍ଘ ଦେଢ଼ଘଣ୍ଟାରୁ ଅଧିକ ଅପେକ୍ଷା କରିବା ପରେ ମଧ୍ୟ ପ୍ରେମିକା ଆସିନଥିଲେ । ଏଥିରେ



ରାଗିଯାଇ ପ୍ରଭଞ୍ଜନ ମଦ ପିଇ ମହିଳା ପୁଲିସ ବାରାକ୍‌ରେ ପଶି ଯାଇଥିଲେ । ସେଠାରେ ପ୍ରେମିକାଙ୍କୁ ପଛପଟୁ ଭିଡ଼ି ଧରିବା ସହ ଗାଳିଗୁଲଜ କରି ମାଡ଼ ମାରିଥିଲେ । ନିକଟରେ ଥିବା ଅନ୍ୟ ପୁଲିସ କର୍ମଚାରୀମାନେ ଏହା ଦେଖି ପ୍ରଭଞ୍ଜନଙ୍କୁ କାବୁ କରି ମାଡ଼ ମାରି ପୁଲିସରେ ଜିମା ଦେଇଥିଲେ । ଏନେଇ ଅସଦାଚରଣ ଶିକାର ହୋଇଥିବା ମହିଳା କନେଷ୍ଟବଳ ଥାନାରେ ଲିଖିତ ଅଭିଯୋଗ କରିଥିଲେ । ପୁଲିସ୍ ଏକ ମାମଲା ରୁଜୁ କରି ସମ୍ପୃକ୍ତ ଯବାନଙ୍କୁ ଥାନାରେ ଅଟକ ରଖି ପଚରାଉଚରା କରୁଛି ।

## ରାଜ୍ୟ ପୁଲିସର ପ୍ରଦର୍ଶନ ରିପୋର୍ଟ

# ପ୍ରଥମରେ ୪୨ ମୌଜା, ଦ୍ୱିତୀୟରେ ବଡ଼ଗଡ଼ ଥାନା

ଭୁବନେଶ୍ୱର, ୯ ।୮ (ସମିସ):ଗତ ୭ ମାସ ମଧ୍ୟରେ ରାଜ୍ୟ ପୁଲିସର ପ୍ରଦର୍ଶନ ରିପୋର୍ଟ ପ୍ରକାଶ ପାଇଛି । ରାଜ୍ୟ ଅପରାଧ ନଥି ସଂସ୍ଥା (ଏସସିଆରବି) ଓ ସିସିଟିଏନ୍‌ଏସ୍ ପକ୍ଷରୁ ସ୍ଥିର ହୋଇଥିବା ଉପୋରକ୍ତ ପରିମାପକ ଅନୁସାରେ ଗତ ୭ ମାସର ପ୍ରଦର୍ଶନ ରିପୋର୍ଟ ପ୍ରକାଶ ପାଇଛି । ଥାନା ଅଧିକାରୀମାନେ କରୁଥିବା ଏସ୍‌ଆର୍ କେସ୍, ନନ୍ ଏସ୍‌ଆର୍ କେସର ତଦନ୍ତ, ସୁପରଭିଜନ୍ ନୋଟ୍ ଓ ବିଭିନ୍ନ ମାମଲା ତଦାରଖ କାର୍ଯ୍ୟକୁ ନେଇ ଏହି ରିପୋର୍ଟ ପ୍ରକାଶ ପାଇଛି । କମିସନରେଟ ପୁଲିସ କଟକ ସହରାଞ୍ଚଳ ପୁଲିସ ଜିଲ୍ଲାର ୪୨ମୌଜା ଥାନା ରାଜ୍ୟରେ ଏକ ନମ୍ବର ସ୍ଥାନ ହାସଲ କରିଥିବାବେଳେ ଭୁବନେଶ୍ୱର ସହରାଞ୍ଚଳ ପୁଲିସ ଜିଲ୍ଲାର ବଡ଼ଗଡ଼ ଥାନା ଦ୍ୱିତୀୟ ସ୍ଥାନରେ ରହିଛି । ସେହିପରି ଶ୍ରୀ ଲିଙ୍ଗରାଜ ଥାନା ରାଜ୍ୟରେ ୮ମ ସ୍ଥାନ ହାସଲ କରିଛି । ସଫଳତା ପାଇଁ ପୁଲିସ କମିସନର ସୁରେଶ ଦେବଦତ୍ତ ସିଂ ୪୨ ମୌଜା ଥାନା ଅଧିକାରୀ ଗିରିଶ ଚନ୍ଦ୍ର ମହାରଣା ଓ ବଡ଼ଗଡ଼ ଥାନା ଅଧିକାରୀ ତୃପ୍ତି ରଞ୍ଜନ ନାୟକଙ୍କୁ ପ୍ରଶଂସା କରିବା ସହ ସମ୍ମାନିତ କରିଛନ୍ତି ।

# ବିଶ୍ୱ ବାଣିଜ୍ୟ

## ଆଇସିଆଇସିଆଇ ବ୍ୟାଙ୍କର ନୂଆ ନିୟମ

# ସଞ୍ଚୟ ଖାତାରେ ୫୦ ହଜାର ରଖିବା ଜରୁରୀ

ନୂଆଦିଲ୍ଲୀ, ୯।୮ (ଏଜେନ୍ସି): ଆଇଆଇସିଆଇ ବ୍ୟାଙ୍କର ଖାତାଧାରକଙ୍କୁ ନିଜ ଖାତାରେ ଏଥର ୫୦ ହଜାର ଟଙ୍କା ଲେଖାଏଁ ରଖିବାକୁ ପଡ଼ିବ । ଏହାଠାରୁ କମ୍ ଟଙ୍କା ରହିଲେ ଗ୍ରାହକଙ୍କୁ ଜୋରିମାନା ଦେବାକୁ ପଡ଼ିବ । ତେବେ ଏହି ନିୟମ କେବଳ ଚଳିତ ମାସ ୧ ତାରିଖ ପରଠାରୁ ଖୋଲା ଯାଇଥିବା ଖାତା ପାଇଁ କାର୍ଯ୍ୟକାରୀ ହେବ । ଖାତାରେ ସର୍ବନିମ୍ନ ବାଲାନ୍ସ ରଖିବାର ନିୟମ ସହର, ଗାଁ ଏବଂ ମେଟ୍ରୋ ସିଟି ଗୁଡିକ ପାଇଁ ଅଲଗା ଅଲଗା ରହିଛି । ବ୍ୟାଙ୍କୁ ସବୁ କ୍ଷେତ୍ରର ଜମା ସୀମା ବୃଦ୍ଧି କରିଛି । ଏବେ ମେଟ୍ରୋ ସହରଗୁଡିକରେ ଅତିକମରେ ୫୦ ହଜାର ଟଙ୍କା, ସେମି-ଅର୍ବାନ (ଅର୍ଦ୍ଧ-ସହରୀ) ଅଞ୍ଚଳରେ ୨୫ ହଜାର ଲେଖାଏଁ ଏବଂ ଗ୍ରାମାଞ୍ଚଳରେ ଖୋଲା ଯାଇଥିବା ଖାତାରେ ୧୦ ହଜାର ଟଙ୍କା ରଖିବାକୁ ହେବ । ଏହା ପୂର୍ବରୁ ମେଟ୍ରୋ ଏବଂ ସହରରେ ଅତିକମ୍‌ରେ ୧୦ ହଜାର ଟଙ୍କା, ସେମି-ଅର୍ବାନରେ ୫ ହଜାର ଟଙ୍କା, ଗାଁ ପାଇଁ ୨୫୦୦ ଟଙ୍କା ରଖିବାର ବ୍ୟବସ୍ଥା ଥିଲା । ଏହି ନିୟମ ସହିତ ଘରୋଇ ବ୍ୟାଙ୍କରେ ସର୍ବାଧିକ ଟଙ୍କା ରଖିବାର ସୀମା ଆଇସିଆଇସିଆଇ ବ୍ୟାଙ୍କ ନାମରେ ହୋଇଛି । ଏହି ବ୍ୟାଙ୍କ ୧୦ ବର୍ଷ ପରେ ସର୍ବନିମ୍ନ ଟଙ୍କା ରଖିବା ନିୟମ ପରିବର୍ତ୍ତନ କରିଛି ।

## ଦିନ ଦ୍ୱିପହରେ ଲୁଟ୍‌ର ଖେଳ; ନିୟମ ପ୍ରତି ନିଘା ନାହିଁ

# ନର୍ମାଲ ନାହିଁ, ସ୍ପିଡ୍ ପେଟ୍ରୋଲ ଦେଇ ୭ ଟଙ୍କା ଲୁଟ୍

ଭୁବନେଶ୍ୱର, ୯।୮ (ସମିସ)

ପ୍ରତ୍ୟେକ ଦିନ ଲୋକେ ତେଲ ଟାଙ୍କିକୁ ଯାଇ ପେଟ୍ରୋଲ ପକାଉଛନ୍ତି । କେଉଁ ପ୍ରକାରର ପେଟ୍ରୋଲ ଦିଆଯାଉଛି ତାହା ବି ଅନେକ ଦେଖନ୍ତି ନାହିଁ । ଜାଣିବାକୁ ବି ପ୍ରୟାସ କରନ୍ତି ନାହିଁ । ଲୋକଙ୍କ ଏହି ଅବହେଳା ସେମାନଙ୍କ ପକେଟକୁ ଖାଲି କରିଦେଉଛି । ଅଜାଣତରେ ଲୋକେ ପେଟ୍ରୋଲ ପିଛା ଅଧିକ ୭ ଟଙ୍କା ଦେଉଛନ୍ତି । ଆଉ ଏହା ଅସାଧୁ ମାଲିକ ତଥା କର୍ମଚାରୀଙ୍କୁ ସୁହାଉଛି । ସେମାନଙ୍କ ପକେଟ ଗରମ ହେଉଥିବାବେଳେ ଲୋକଙ୍କର ଖାଲି ହେବାରେ ଲାଗିଛି । ପେଟ୍ରୋଲ ଆଳରେ ଲୋକଙ୍କଠାରୁ ଲକ୍ଷାଧିକ ଟଙ୍କା ଲୁଟି ନିଆଯାଉଛି । ପ୍ଲାଷ୍ଟିକ ବୋତଲରେ ତେଲ ଦେବାକୁ ସରକାର ମନା କରିଦେଇଛନ୍ତି । ଏହି ଅଜବ ନିୟମକୁ ନେଇ ସଡ଼କଠାରୁ ସାମାଜିକ ଗଣମାଧ୍ୟମ ପର୍ଯ୍ୟନ୍ତ ଚର୍ଚ୍ଚା ଜାରି ରହିଥିବାବେଳେ ବଡ଼ ଠକେଇ ଦୃଷ୍ଟି ଆଢୁଆଳରେ ରହିଯାଉଛି । ଦିନେ ଅଧେ ପେଟ୍ରୋଲ ପକାଇବାକୁ ଟାଙ୍କି ଯାଉ ନ ଥିବା ଲୋକ ବି ଏବେ ଗାଡ଼ି ଲଦି ଧାଉଁଥିବା ଦେଖାଯାଉଛି । କିନ୍ତୁ ଏପରି ସମୟରେ ନିୟମ ବି ପାଳନ କରାଯାଉନାହିଁ ।

ଖୋଦ୍ ରାଜ୍ୟର ରାଜଧାନୀ ଭୁବନେଶ୍ୱରର ଏହି ଠକେଇର ଖେଳ ବେଶି ଚାଲିଛି । ପେଟ୍ରୋଲ ପମ୍ପକୁ ପେଟ୍ରୋଲ ପକାଇବାକୁ ଯାଉଥିବା ଲୋକଙ୍କୁ ସ୍ପିଡ୍ କି ନର୍ମାଲ ପକାଇବେ ନ କହି ସିଧା ସ୍ପିଡ୍ ପକାଇ ଦିଆଯାଉଛି । ଅନେକ ଲୋକେ ଏହି ଲୁଟ୍ ପ୍ରତି ଦୃଷ୍ଟି ଦେଉନାହାନ୍ତି । କିନ୍ତୁ ଯିଏ ଟିକେ ସଚେତନ ହୁଅନ୍ତି ସେ ଅନ୍ୟ ଟାଙ୍କିରେ ପେଟ୍ରୋଲ ପକାଇବାକୁ ପଳାନ୍ତି । ନର୍ମାଲ ପେଟ୍ରୋଲ କଥା ପଚାରିଲେ ସରି ଯାଇଛି ବୋଲି କହନ୍ତି । ଆଉ କିଛି ଲୋକେ ବାଧ୍ୟବାଧକତାରେ ଏହି ଲୁଟ୍‌ର ଖେଳର ଶିକାର ହେଉଛନ୍ତି । ଗାଡ଼ିରେ ପେଟ୍ରୋଲ ସରିଯିବା ସ୍ଥିତିରେ ଲୋକେ ସ୍ପିଡ୍ ପକାଉଛନ୍ତି । ଲୋକଙ୍କ ଏହି ପରିସ୍ଥିତିର ଫାଇଦା ନେଉଛନ୍ତି ପେଟ୍ରୋଲ ପମ୍ପ ମାଲିକମାନେ । ସିଧା ଲିଟର ପିଛା ୭ ଟଙ୍କା ଲେଖାଏଁ ଲୁଟି ନେଇଯାଉଛନ୍ତି । ଏବେ ଭୁବନେଶ୍ୱରରେ ନର୍ମାଲ ପେଟ୍ରୋଲ ଲିଟର ୧୦୧.୨୯ ଟଙ୍କା ଏବଂ ସ୍ପିଡ୍ ପେଟ୍ରୋଲ ୧୦୮.୩୦ ଟଙ୍କା ରହିଛି । ଏଭଳି ସ୍ଥିତିରେ ଜଣେ ବ୍ୟକ୍ତି ଗାଡ଼ିରେ ୧୦ ଲିଟର ସ୍ପିଡ୍ ପେଟ୍ରୋଲ ପକାଇଲେ ସିଧା ୭୦ ଟଙ୍କା କ୍ଷତି ସହୁଛି । ସେହିପରି ଭାବେ ଯଦି ଗୋଟିଏ ଦିନରେ




ଲକ୍ଷେ ଲିଟର ପେଟ୍ରୋଲ ବିକ୍ରି ହୁଏ ତେବେ ୭ ଲକ୍ଷ ଟଙ୍କା ଲୁଟ୍ ହେଲାଣି । ସରକାର ଯାଞ୍ଚକୁ ନେଇ ବଡ଼ ବଡ଼ କଥା କହୁଛନ୍ତି, କିନ୍ତୁ ଏଭଳି ଲୁଟ୍ ପ୍ରତି କାହାର ଦୃଷ୍ଟି ପଡୁନାହିଁ ତାହା ପ୍ରଶ୍ନବାଚୀ ପାଲିଟିଛି । ଭୁବନେଶ୍ୱରରେ ଥିବା ଅନେକ ପେଟ୍ରୋଲ ପମ୍ପରେ ଏଭଳି ଲୁଟ୍ ଖୁଲମ୍‌ଖୋଲା ଚାଲିଛି । ଗତ ୫ ତାରିଖରେ ଭୁବନେଶ୍ୱର ପାତ୍ରପଡ଼ା ସ୍ଥିତ ଏକ ପେଟ୍ରୋଲ ପମ୍ପରେ ଏଭଳି ସ୍ଥିତି ସୃଷ୍ଟି ହୋଇଥିଲା । କେହି କିଛି ନ ପଚାରିଲେ ସ୍ପିଡ୍ ପେଟ୍ରୋଲ ଦିଆଯାଉଥିଲା । ଆଉ ଯିଏ ନିଜ ଆଡୁ ପଚାରିଲା ନାହିଁ କହି ଦିଆଯାଉଥିଲା । ଯାହାର ଜରୁରୀ ହୋଇଥାଏ ସେ ଶେଷରେ ବାଧ୍ୟ ହୋଇ ସ୍ପିଡ୍ ପେଟ୍ରୋଲ ପକାଇ ଯାଇଥାନ୍ତି । ଏ ଦିଗରେ ପ୍ରଶାସନ ଏବଂ ପେଟ୍ରୋଲିୟମ ବିଭାଗ ଦୃଷ୍ଟି ଦେବ ବୋଲି ଆଶା ।

# ଓଡ଼ିଶାର ବିକାଶ ପାଇଁ ଶିଳ୍ପ-ସଂସଦ ଆଲୋଚନା




ନୂଆଦିଲ୍ଲୀ ୯।୮ (ସମିସ)

ଭାରତୀୟ ଶିଳ୍ପ ମହାସଂଘ (ସିଆଇଆଇ, ଓଡ଼ିଶା) ରାଜ୍ୟର ସାଂସଦଙ୍କ ସହିତ ଏକ ପାରସ୍ପରିକ ଆଲୋଚନା ଅଧିବେଶନ ଅନୁଷ୍ଠିତ ହୋଇଯାଇଛି । ଏଥିରେ ସିଆଇଆଇ ଓଡ଼ିଶା ରାଜ୍ୟ ପରିଷଦର ସଦସ୍ୟଙ୍କ ସହିତ ରାଜ୍ୟର ବିଭିନ୍ନ ନିର୍ବାଚନମଣ୍ଡଳୀରୁ ପ୍ରତିନିଧିତ୍ୱ କରୁଥିବା ୧୪ ସାଂସଦ ଅଂଶଗ୍ରହଣ କରିଥିଲେ । ଏହି ଅଧିବେଶନରେ ଶିଳ୍ପ ଏବଂ ସରକାରୀ ସହଯୋଗ ମାଧ୍ୟମରେ ଓଡ଼ିଶାର ସାମାଜିକ-ଆର୍ଥିକ ଅଭିବୃଦ୍ଧିକୁ ଆଗକୁ ବଢ଼ାଇବା ଉପରେ ଗୁରୁତ୍ୱାରୋପ କରାଯାଇଥିଲା । ଆଲୋଚନାରେ ଚାରୋଟି ପ୍ରମୁଖ ପ୍ରାଥମିକତା ଉପରେ ଆଲୋକପାତ କରାଯାଇଥିଲା । ଐତିହ୍ୟ ଏବଂ ପ୍ରାକୃତିକ ସମ୍ପତ୍ତିର ଉପଯୋଗ କରି ପର୍ଯ୍ୟଟନକୁ ବୃଦ୍ଧି, ମୂଲ୍ୟ ଯୁକ୍ତ ଅଭିବୃଦ୍ଧି ଏବଂ ଗ୍ରାମୀଣ ଆୟ ବୃଦ୍ଧି ପାଇଁ କୃଷିଭିତ୍ତିକ ଶିଳ୍ପକୁ ପ୍ରୋତ୍ସାହନ, ଅର୍ଥ ଏବଂ ପ୍ରଯୁକ୍ତିବିଦ୍ୟା ପ୍ରବେଶ ମାଧ୍ୟମରେ ଏମଏସଏମଇ ଗୁଡ଼ିକୁ ସମର୍ଥନ, ନିବେଶ ସୁଯୋଗ ସୃଷ୍ଟି କରିବା ଏବଂ ସନ୍ତୁଳିତ ଆଞ୍ଚଳିକ ଅଭିବୃଦ୍ଧିକୁ ଆଗେଇ ନେବା ପାଇଁ ଜିଲ୍ଲାଭିତ୍ତିକ ଶିଳ୍ପ ସମ୍ଭାବନାର ନକ୍ସା ପ୍ରସ୍ତୁତ କରିବା ।

ଆଲୋଚନାରେ ସରକାର, ଶିଳ୍ପ ଏବଂ ସ୍ଥାନୀୟ ସମ୍ପ୍ରଦାୟ ମଧ୍ୟରେ ସମନ୍ୱିତ ପ୍ରୟାସର ଆବଶ୍ୟକତା ଉପରେ ଗୁରୁତ୍ୱାରୋପ କରାଯାଇଥିଲା । ବୈଠକରେ ସାଂସଦ, ସିଆଇଆଇ ଓଡ଼ିଶା ରାଜ୍ୟ ପରିଷଦ ସଦସ୍ୟ ଏବଂ ବରିଷ୍ଠ ଶିଳ୍ପ ମୁଖ୍ୟଙ୍କ ସକ୍ରିୟ ଯୋଗଦାନ ଦେଖିବାକୁ ମିଳିଥିଲା ଏବଂ ଅଧିବେଶନକୁ ସିଆଇଆଇ ଓଡ଼ିଶା ରାଜ୍ୟ ପରିଷଦର ଅଧ୍ୟକ୍ଷ ସୁନୀଲ ଗୁପ୍ତା ପରିଚାଳନା କରିଥିଲେ । ଓଡ଼ିଶାର ଅର୍ଥନୈତିକ ପ୍ରାଥମିକତାକୁ ତ୍ୱରାନ୍ୱିତ କରିବା ଏବଂ ଏକ ସହାୟକ ନିବେଶ ପରିବେଶକୁ ପ୍ରୋତ୍ସାହନ ପାଇଁ ନୀତି ନିର୍ଦ୍ଧାରକମାନଙ୍କ ସହିତ ଘନିଷ୍ଠ ଭାବରେ କାର୍ଯ୍ୟ କରିବାକୁ ସିଆଇଆଇ ଏହାର ପ୍ରତିବଦ୍ଧତାକୁ ପୁନଃ ଦୋହରାଇଛି ।

## ପ୍ରତିରକ୍ଷା ଉତ୍ପାଦନରେ ଭାରତର ରେକର୍ଡ

# ୧.୫ ଲକ୍ଷ କୋଟିର ସାମଗ୍ରୀ ପ୍ରସ୍ତୁତ

ନୂଆଦିଲ୍ଲୀ, ୯ ।୮ (ଏଜେନ୍ସି): ପ୍ରତିରକ୍ଷା ଉତ୍ପାଦନରେ ଭାରତ କ୍ରମାଗତ ଭାବେ ରେକର୍ଡ ସୃଷ୍ଟି କରିଚାଲିଛି । ୨୦୨୪- ୨୫ ଆର୍ଥିକ ବର୍ଷରେ ଭାରତର ଉତ୍ପାଦନ ୧, ୫୦, ୫୯୦ କୋଟି ଟଙ୍କା ରହିଛି । ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂ ଶନିବାର ଏ ନେଇ ସୂଚନା ଦେଇଛନ୍ତି । ଗତ ଆର୍ଥିକ ବର୍ଷରେ ଏହା ୧.୨୭ ଲକ୍ଷ କୋଟି ଟଙ୍କା ଥିଲା । ଏବର୍ଷ ଏଥିରେ ୧୮ ପ୍ରତିଶତ ବୃଦ୍ଧି ହୋଇଛି । ୨୦୧୯-୨୦ରେ ଏହା ୭୯, ୦୭୧ କୋଟି ଟଙ୍କା ଥିଲା ଓ ଏଥର ୯୦ ପ୍ରତିଶତ ବୃଦ୍ଧି ହୋଇଛି । ସେହିପରି ପ୍ରତିରକ୍ଷା ରପ୍ତାନୀରେ ମଧ୍ୟ ଭାରତ ରେକର୍ଡ କରିଛି । ୨୦୨୪-୨୫ରେ ଏହା ରେକର୍ଡ ୨୩, ୬୨୨ କୋଟି ଟଙ୍କା ଥିଲା । କିନ୍ତୁ ଗତ ବର୍ଷ ଏହା ୨୧, ୦୮୩ କୋଟି ଟଙ୍କାରେ ପହଞ୍ଚିଛି । ଅର୍ଥାତ ଏଥିରେ ୧୨.୦୪ ପ୍ରତିଶତ ବୃଦ୍ଧି ହୋଇଛି । ପ୍ରତିରକ୍ଷା ରପ୍ତାନୀରେ ଭାରତ ସାରା ବିଶ୍ୱରେ ନୂଆ ସମ୍ଭାବନା ସୃଷ୍ଟି କରିଛି । ଏ କ୍ଷେତ୍ରରେ ଭାରତର ସ୍ଥିତି ଦିନକୁ ଦିନ ଦୃଢ ହେବାରେ ଲାଗିଛି । ଭାରତର ପ୍ରତିରକ୍ଷା ଉତ୍ପାଦନରେ ରେକର୍ଡ ବୃଦ୍ଧିକୁ ଦେଖି ଆମେରିକା ଓ ପାକିସ୍ତାନ ଭଳି ଦେଶ ଈର୍ଷାନ୍ୱିତ ହୋଇଛନ୍ତି । ଏବେ ବିଭିନ୍ନ ଦେଶ ଭାରତଠାରୁ ଅସ୍ତ୍ରଶସ୍ତ୍ର କ୍ରୟ କରୁଛନ୍ତି । ଏହା ନିଶ୍ଚିତ ଭାବେ ଭାରତ ପାଇଁ ଗର୍ବ ଓ ଗୌରବର ବିଷୟ ବୋଲି ଡିଆରଡିଓ ତରଫରୁ କୁହାଯାଇଛି ।

# ୧୩ ରେ କଟକରେ ଖୋଲିବ ଜୟଆଲୁକ୍କାସର ପ୍ରଥମ ଶୋ'ରୁମ୍

କଟକ, ୯।୮ (ସମିସ): ବିଶ୍ୱର ପ୍ରସିଦ୍ଧ ଅଳଙ୍କାର ବିକ୍ରେତା ଜୟଆଲୁକ୍କାସ୍ କଟକରେ ପ୍ରଥମ ଶୋ'ରୁମ୍ ଖୋଲିବାକୁ ଯାଉଛି । ଆସନ୍ତା ୧୩ ତାରିଖ ସନ୍ଧ୍ୟା ୫ଟାରେ ଶୁଭାରମ୍ଭ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ । ଏହା ସମଗ୍ର ଅଞ୍ଚଳର କ୍ରେତାଙ୍କୁ ଆକୃଷ୍ଟ କରିବା ବୋଲି ଆଶା । ଏହି ବିଶେଷ ଅବସରରେ ଜୟଆଲୁକ୍କାସ୍ ଡାଇମଣ୍ଡ ଏବଂ ଅନ୍‌କଟ୍ ଡାଇମଣ୍ଡ ଅଳଙ୍କାର ଉପରେ ୨୫% ରିହାତି ଏବଂ ଲକ୍ଷେ ଟଙ୍କା ଓ ତାଠାରୁ ଅଧିକ ମୂଲ୍ୟର ସୁନା ଏବଂ ମୂଲ୍ୟବାନ ଷ୍ଟୋନ୍‌ର ଅଳଙ୍କାର ଉପରେ ୫ ଗ୍ରାମ ରୂପା ବିସ୍କୁଟ (ବାର) ପ୍ରଦାନ କରାଯାଉଛି । କେବଳ ସେତିକି ନୁହେଁ, ପ୍ରତ୍ୟେକ କ୍ରେତା ଅଫର ଅବଧି ମଧ୍ୟରେ ପ୍ରତି କ୍ରୟ ସହିତ ଏକ ସୁନିଶ୍ଚିତ ମାଗଣା ଉପହାର ପାଇବେ । ନୂତନ ଜୟଆଲୁକାସ୍ ଶୋ'ରୁମ ମିଲେନିୟମ୍ ସିଟିରେ ଏକ ବିଶ୍ୱସ୍ତରୀୟ ଏବଂ ବିଳାସପୂର୍ଣ୍ଣ ସପିଂ ଅଭିଜ୍ଞତା ଆଣିଛି । ବିସ୍ତୃତ ଆଭ୍ୟନ୍ତରୀଣ ସାଜସଜ୍ଜା ଏକ ସମସାମୟିକ ଲେଆଉଟ ଏବଂ ଆମର ବିଶ୍ୱସ୍ତରୀୟ ଆତିଥ୍ୟ ସହିତ କ୍ରେତାମାନେ ପାରମ୍ପରିକ ସୁନା ଏବଂ ବିବାହ ଅଳଙ୍କାରଠାରୁ ଆରମ୍ଭ କରି ଚମତ୍କାର ଡାଇମଣ୍ଡ ଏବଂ ମୂଲ୍ୟବାନ ଷ୍ଟୋନ୍ ଖଣ୍ଡ ପର୍ଯ୍ୟନ୍ତ ଚକ୍ରମିକିଆ ସଂଗ୍ରହର ଏକ ବିସ୍ତୃତ ସମ୍ଭାର ରହିଛି । ଜୟଆଲୁକ୍କାସ୍ ଗ୍ରୁପ୍‌ର ଅଧ୍ୟକ୍ଷ ଡକ୍ଟର ଜୟ ଆଲୁକ୍କାସ୍ କହିଛନ୍ତି ଯେ ପରମ୍ପରାରେ ପରିପୂର୍ଣ୍ଣ, ସୂକ୍ଷ୍ମ କାରିଗରୀର ସହର କଟକରେ ନୂଆ ଶୋ'ରୁମ ଆଣି ଆମେ ବହୁତ ଖୁସି । ସମସ୍ତଙ୍କୁ ଜୟଆଲୁକ୍କାସକୁ ଆମେ ସ୍ୱାଗତ କରୁଛୁ ।

## ଖାଦ୍ୟରୁ ସାମଗ୍ରୀ, ସବୁ ମହଙ୍ଗା

# ଆମେରିକା ଭୋଗୁଛି 'ଟ୍ରମ୍ପ ଟାରିଫ୍'ର ପରିଣତି

ୱାସିଂଟନ, ୯।୮ (ଏଜେନ୍ସି): ବିଶ୍ୱରେ ଶୁଳ୍କ ଯୁଦ୍ଧ ଆରମ୍ଭ କରିଥିବା ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ ଅର୍ଥନୀତିଜ୍ଞମାନେ ଚେତାବନୀ ଦେଇଛନ୍ତି । ଟ୍ରମ୍ପ ନିଜେ ନିଜକୁ ଧ୍ୱଂସ କରୁଛନ୍ତି ବୋଲି ଆମେରିକା ଅର୍ଥଶାସ୍ତ୍ରୀ ତଥା ଜନ୍ ହପ୍‌କିନ୍ସ ୟୁନିଭର୍ସିଟିର ପ୍ରାଧ୍ୟାପକ ଷ୍ଟିଭେ ହାନ୍‌କେ କହିଛନ୍ତି । ତାଙ୍କ ମତରେ ଟ୍ରମ୍ପଙ୍କ ଶୁଳଅକ ନିଷ୍ପତ୍ତି ସବୁଠୁ ଖରାପ ଏବଂ ଏହା ସବୁ କିଛି ଧୂଳିସାତ କରିଦେବ । ଅର୍ଥନୀତି ହିଁ ଭୁଲ୍ ହୋଇଯାଇଛି । ଟ୍ରମ୍ପ ନିଜେ ନିଜକୁ ହିଁ ଧ୍ୱଂସ କରୁଛନ୍ତି । ନିଜେ ନିଜକୁ ଧ୍ୱଂସ କରୁଥିବା ଶତ୍ରୁର କାର୍ଯ୍ୟରେ ହସ୍ତକ୍ଷେପ କରିବା ଅନୁଚିତ । ଆମେରିକା ରାଷ୍ଟ୍ରପତି ଭାରତ ଉପରେ ୫୦ ପ୍ରତିଶତ ଶୁଳ୍କ ଲଗାଇଥିବାବେଳେ ହାନ୍‌କେ ଏଭଳି ମନ୍ତବ୍ୟ ଦେଇଛନ୍ତି । ହାନ୍‌କେ ଭାରତକୁ ନେଇ କହିଛନ୍ତି ଯେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏବଂ ବିଦେଶମନ୍ତ୍ରୀ ଏସ୍ ଜୟଶଙ୍କର ଶୁଳ୍କ ଉପରେ ତୀକ୍ଷଣ ଦୃଷ୍ଟି ରଖି କିଛି ସମୟ ଅପେକ୍ଷା କରିବେ । କାରଣ ଟ୍ରମ୍ପଙ୍କ ତାସର ଘର ଭୁଶୁଡ଼ି ପଡ଼ିବ । ଶୁଳ୍କ ପାଇଁ ହେଉଥିବା ଆର୍ଥିକ କମ୍ପନ ବାଲିଘର ଉପରେ ଛିଡ଼ା ହୋଇଛି । ହାନକେ କହିଛନ୍ତି ଯେ ଆମେରିକାର ବାଣିଜ୍ୟ କ୍ଷତି ବହୁତ ଅଧିକ ରହିଛି । କାରଣ ଆମେରିକୀୟଙ୍କ ବ୍ୟୟ ମୋଟ ଜାତୀୟ ଉତ୍ପାଦଠାରୁ ଅଧିକ । ଏଥିପାଇଁ ଅର୍ଥଶାସ୍ତ୍ର ସମ୍ପୂର୍ଣ୍ଣ ଭୁଲ୍ ହୋଇଯାଇଛି । ଅନ୍ୟପକ୍ଷରେ ଟ୍ରମ୍ପଙ୍କ ନୀତିର ଖରାପ ପ୍ରଭାବ ଦେଶ ଉପରେ ପଡ଼ିବା ଆରମ୍ଭ ହୋଇଯାଇଛି ।

ଦେଶରେ ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀର ମୂଲ୍ୟ ବୃଦ୍ଧି ପାଉଛି । ଏଥିରେ ବିଚଳିତ ହୋଇ ଆମେରିକୀୟ ଲୋକମାନେ ସେମାନଙ୍କର କିଣାକିଣି ଅଭ୍ୟାସ ପରିବର୍ତ୍ତନ କରୁଛନ୍ତି । ସେମାନେ ଏବେ ଅର୍ଥନୀତିକୁ ନେଇ ଚିନ୍ତିତ । ଟ୍ରମ୍ପଙ୍କ ଶୁଳ୍କର ପ୍ରଭାବ ସାରା ବିଶ୍ୱରେ ଦେଖିବାକୁ ମିଳୁଛି । ଏହା ସହିତ ସେମାନଙ୍କ ନିଜ ଘର ମଧ୍ୟ ତାପ ଅନୁଭବ କରୁଛି । ରିପୋର୍ଟ ଅନୁଯାୟୀ, ଏକ ସାମ୍ପ୍ରତିକ ସର୍ଭେରୁ ଜଣାପଡିଛି ଯେ ଅଧାରୁ ଅଧିକ ଆମେରିକୀୟ ଖାଦ୍ୟ ସାମଗ୍ରୀର ମୂଲ୍ୟକୁ ନେଇ ଚିନ୍ତିତ । ୫୩% ଲୋକ କହିଛନ୍ତି ଯେ ଦୈନନ୍ଦିନ ସାମଗ୍ରୀର ମୂଲ୍ୟ ସେମାନଙ୍କର ସବୁଠାରୁ ବଡ଼ ଚିନ୍ତା । ସର୍ଭେରୁ ଜଣାପଡ଼ିଛି ଯେ ଆମେରିକୀୟ ଲୋକମାନେ ଖାଦ୍ୟ ସାମଗ୍ରୀର ଉଚ୍ଚ ମୂଲ୍ୟ ଏବଂ ଅର୍ଥନୀତିର ଅବସ୍ଥାକୁ ନେଇ ଚିନ୍ତିତ । ବିଶେଷକରି ଅଣ୍ଡା, ମାଂସ, କମଳା ରସ ଏବଂ ଅନ୍ୟାନ୍ୟ ଜିନିଷର ମୂଲ୍ୟ ବହୁତ ବୃଦ୍ଧି ପାଇଛି । ଟ୍ରମ୍ପଙ୍କ ଶୁଳ୍କ ଯୋଗୁଁ ବିଦେଶରୁ ଆସୁଥିବା ଫଳ, କ୍ୟାନ ସାମଗ୍ରୀ, କଫି ଏବଂ ଅନ୍ୟାନ୍ୟ ଜିନିଷର ମୂଲ୍ୟ ବୃଦ୍ଧି ପାଉଛି । ଲୋକେ ବାହାରେ ଖାଇବାପିଇବା ମଧ୍ୟ ବନ୍ଦ କରିଦେଇଛନ୍ତି ।

# ପରିଚୟ ଦେଇଛି ଫୁଲକରୀ

ଆଧୁନିକତାର ଯୁଗରେ ଲୋକେ ଏବେ ହାତ ତିଆରି ଜିନିଷ ପିନ୍ଧିବାକୁ ପସନ୍ଦ କରୁଛନ୍ତି । ବିଶେଷ କରି ଫୁଲକରୀ ଡିଜାଇନ ପ୍ରତି ମହିଳାଙ୍କର ସଉକ୍ ରହିଥାଏ । ଏହା ପଞ୍ଜାବର ଏକ ପାରମ୍ପରିକ ଏମ୍ବ୍ରୋଡରି କଳା । ଅବଶ୍ୟ ମେସିନ୍ ନିର୍ମିତ ପୋଷାକ ପରିଧାନ ହେତୁ, ଫୁଲକରୀ ଧୀରେ ଧୀରେ ଲୁପ୍ତ ହେବାକୁ ବସିଲାଣି; କିନ୍ତୁ ଏହି କଳାକୁ ଜୀବନ୍ତ ରଖି, ଭଳିକି ଭଳି ଫୁଲକରୀ ସୁଟ୍, ଟପ୍ସ, ଜ୍ୟାକେଟ୍, ଓଢ଼ଣୀ ପ୍ରସ୍ତୁତ କରି ନିଜର ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିଛନ୍ତି, ପଞ୍ଜାବ ପଟିଆଲାର ଲାଜବନ୍ତୀ ଛାବଡ଼ା । ଏହାଦ୍ୱାରା ସେ ଫୁଲକରୀ କଳାକୁ ଦେଶ ବିଦେଶରେ ପ୍ରଚାର ପ୍ରସାର, କରିବା ସହ ଗାଁ ମହିଳାଙ୍କୁ ସଶକ୍ତ କରିବାରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରିଛନ୍ତି ।



୬୫ ବର୍ଷୀୟା ଲାଜବନ୍ତୀ ଫୁଲକରୀ କଳାକାର ଭାବେ ପ୍ରସିଦ୍ଧି ଲାଭ କରିଛନ୍ତି । ସେ ନିଜର କାରୁକାର୍ଯ୍ୟ ମାଧ୍ୟମରେ ଫୁଲକରୀକୁ ଏକ ସ୍ୱତନ୍ତ୍ର ପରିଚୟ ଦେଇଛନ୍ତି । ମାତ୍ର ଛଅବର୍ଷ ବୟସରେ ସେ ଫୁଲକରୀ ଏମ୍ବ୍ରୋଡରୀ ଆରମ୍ଭ କରିଥିଲେ । ୧୯୪୭ ମସିହା ବିଭାଜନ ସମୟରେ ଲାଜବନ୍ତୀଙ୍କ ପରିବାର ପାକିସ୍ତାନ ମୁଲତାନରୁ ଭାରତ ଆସିଥିଲେ । ସେବେଠୁ ଏହି ପାରମ୍ପରିକ ଫୁଲକରୀ କଳା ତାଙ୍କ ପରିବାରରେ ରହିଥିଲା । ଘରେ ସେ ଜେଜେ ମାଆଙ୍କୁ ଏହି କାର୍ଯ୍ୟ କରିବାର ଦେଖିଥିଲେ । ଧୀରେ ଧୀରେ ଏହି କଳା ଶିଖିଥିଲେ । ଏଥିପାଇଁ ସେ କୌଣସି ସ୍ଥାନରୁ ପ୍ରଶିକ୍ଷଣ ନେଇ ନଥିଲେ । ପ୍ରଥମେ ପରିବାରରେ ଏହାକୁ ସଉକ ଭାବେ ତିଆରି କରୁଥିଲେ, କିନ୍ତୁ ପରବର୍ତ୍ତୀ ସମୟରେ ଏହା ତାଙ୍କ ଜୀବିକା ପାଲଟିଥିଲା ।

ଫୁଲକରୀ ପଞ୍ଜାବର ଏକ ପ୍ରସିଦ୍ଧ ପାରମ୍ପରିକ ଏମ୍ବ୍ରୋଡରୀ କଳା । ଏହା ଦୁଇଟି ଶବ୍ଦରୁ ତିଆରି ହୋଇଛି । 'ଫୁଲ' ଏବଂ 'କରୀ' । ଏହାର ଅର୍ଥ 'ଫୁଲର କାର୍ଯ୍ୟ' । ଏଥିରେ ସୂତା କପଡ଼ାରେ ରଙ୍ଗିନ୍ ସୂତାକୁ ବ୍ୟବହାର କରି ଭଳିକି ଭଳି ଫୁଲ, ପତ୍ର, ସହ ଅନ୍ୟାନ୍ୟ ଆକର୍ଷଣୀୟ ଚିତ୍ର ଏମ୍ବ୍ରୋଡରୀ କରାଯାଇଥାଏ । ଏହି କଳା ପଞ୍ଜାବ ସାଂସ୍କୃତିକ ଐତିହ୍ୟର ପ୍ରତୀକ ଭାବେ ଜଣାଯାଏ । ପଞ୍ଜାବରେ ବିବାହରେ ଏହାକୁ ଉପହାର ସ୍ୱରୂପ ଝିଅକୁ ଦିଆଯାଏ ।



ସେ ଫୁଲକରୀରୁ ଭଳିକି ଭଳି ସୁଟ୍, ଶାଢ଼ି, ଓଢ଼ଣୀ ଆଦି ତିଆରି କରନ୍ତି । ଏହାକୁ ବିଭିନ୍ନ ହସ୍ତତନ୍ତ ପ୍ରଦର୍ଶନୀରେ ବିକ୍ରି କରିଥାନ୍ତି । ଏଥିସହ ଅନଲାଇନ ମାଧ୍ୟମରେ ମଧ୍ୟ ସେ ନିଜର ବ୍ୟବସାୟ ଜାରି ରଖିଛନ୍ତି । ତାଙ୍କ କହିବାନୁଯାୟୀ, ମହିଳାମାନେ ଫୁଲକରୀ ନିର୍ମିତ ସୁଟ୍ ଶାଢ଼ି ଆଦି ପିନ୍ଧିବାକୁ ବେଶି ପସନ୍ଦ କରନ୍ତି । କିନ୍ତୁ ଏଥିରୁ ନିର୍ମିତ ସାର୍ଟ, ଟପ୍ସ, କୁର୍ତ୍ତା ପିନ୍ଧିବାକୁ ପସନ୍ଦ କରନ୍ତି । ତେଣୁ ସେ ଫୁଲକରୀରୁ ଭଳିକି ଭଳି ଡିଜାଇନର ପୋଷାକ ତିଆରି କରନ୍ତି । ପ୍ରଥମେ କେବଳ ରେଶମ ସୂତାରେ ଏହି ଫୁଲକରୀ କଳାକୃତି ହେଉଥିଲା, କିନ୍ତୁ ସମୟ ଅନୁସାରେ ଏଥିରେ ପରିବର୍ତ୍ତନ ଦେଖାଯାଇଛି । ଏହି କଳାକୃତି ଦ୍ୱାରା ସେ ନିଜେ ସ୍ୱାବଲମ୍ବୀ ହେବା ସହ ଅନ୍ୟ ମହିଳାଙ୍କୁ ତାଲିମ ପ୍ରଦାନ କରୁଛନ୍ତି । ଏହାଦ୍ୱାରା ଗାଁର ମହିଳାମାନେ ରୋଜଗାରକ୍ଷମ ହେବା ସହ ସେମାନଙ୍କ ପରିବାର ପ୍ରତିପୋଷଣ କରୁଛନ୍ତି । ବିଦେଶୀ ମହିଳାମାନେ ମଧ୍ୟ ଏହି କଳାକୁ ପସନ୍ଦ କରୁଛନ୍ତି, ବୋଲି ଲାଜବନ୍ତୀ କୁହନ୍ତି । ସେହିପରି ବଲିଉଡ ଅଭିନେତ୍ରୀଙ୍କ ମଧ୍ୟରେ ଏହି ଫୁଲକରୀର ଚାହିଦା ରହିଛି । ଫୁଲକରୀ ଭାରତୀୟ ହସ୍ତତନ୍ତରେ ତାଙ୍କର ଗୁରୁତ୍ୱପୂର୍ଣ୍ଣ ଅବଦାନ ଯୋଗୁ ୨୦୨୧ ମସିହାରେ ସେ ଭାରତ ସରକାରଙ୍କ ଦ୍ୱାରା ପଦ୍ମଶ୍ରୀ ସମ୍ମାନରେ ସମ୍ମାନିତ ହୋଇଛନ୍ତି ।

# ବିନା ଫାଉଣ୍ଡେସନ୍‌ରେ ଚମକିବ ଚେହେରା



ମହିଳାମାନେ ସୁନ୍ଦର ଦେଖାଯିବା ପାଇଁ ଚାହାନ୍ତି । ଏଥିପାଇଁ ଫାଉଣ୍ଡେସନ, ସିରମ୍, ଆଦି ମେକ୍‌ଅପ୍ ପ୍ରସାଧନ ଲଗାଇଥାନ୍ତି । କିନ୍ତୁ ଅନେକ ସମୟରେ ବାହାରକୁ ଯିବାବେଳେ ଫାଉଣ୍ଡେସନ୍ ସରିଯାଏ । ଏପରିସ୍ଥଳେ, ଘରେ ଥିବା ଜିନିଷକୁ ଲଗାଇ ଏକ ଚମକଯୁକ୍ତ ଚେହେରା ପାଇପାରିବେ ।

- ମେକ୍‌ଅପ୍ ପୂର୍ବରୁ ତ୍ୱଚାକୁ ପରିଷ୍କାର କରି ଧୁଅନ୍ତୁ । ପରେ ଏକ ଟୋନର୍ କିମ୍ବା ଗୋଲାପଜଳ ଲଗାଇ ତ୍ୱଚାର ପିଏଚ୍ ସେଟ୍ କରନ୍ତୁ । ଏହାପରେ ଏକ ହାଲୁକା ମଏଶ୍ଚରାଇଜର୍ ଲଗାଇ ମୁହଁକୁ କୋମଳ କରନ୍ତୁ ।
- ଫାଉଣ୍ଡେସନ ଆବଶ୍ୟକତା ପୁରା କରିବା ପାଇଁ ତ୍ୱଚା ଅନୁଯାୟୀ, ଅଳ୍ପ କନସିଲର୍, ବିବି, ସିସି କ୍ରିମ୍ ଲଗାଇପାରିବେ । ଏହା ନଥିଲେ ଏକ କମ୍ପାକ୍ଟ ପାଉଡର୍‌ରେ ଅଳ୍ପ ମଏଶ୍ଚରାଇଜର୍ ମିଶାଇ ଏକ କ୍ରିମ୍ ପ୍ରସ୍ତୁତ କରନ୍ତୁ । ଏହାକୁ ତ୍ୱଚାରେ ଫାଉଣ୍ଡେସନ୍ ଭଳି ଲଗାନ୍ତୁ । ଏହି ଉପାୟ ମୁହଁରେ ଏକ ଉଜ୍ଜ୍ୱଳତା ଆଣିଥାଏ ।
- ଏଥିସହ ଚାହିଁଲେ, ଲିକୁଇଡ୍ ହାଇଲାଇଟର୍ କିମ୍ବା ଆଲୋଭେରା ଜେଲ୍‌ରେ ସାମାନ୍ୟ ହଳଦୀ ପକାଇ ଏହାକୁ ତ୍ୱଚାରେ ଲଗାଇପାରିବେ, ଏହାଦ୍ୱାରା ତ୍ୱଚାରେ ଏକ ପ୍ରାକୃତିକ ଚମକ ଆସିଥାଏ ।
- ସେହିପରି ଉଜ୍ଜ୍ୱଳ ତ୍ୱଚା ପାଇଁ ବ୍ଲଶ୍ ବ୍ୟବହାର କରିପାରିବେ । ବ୍ଲଶ୍ ନଥିଲେ, ଲିପ୍‌ଷ୍ଟିକ୍‌କୁ ହାଲୁକା ଗାଲରେ ଲଗାଇ ଏହାକୁ ବ୍ଲେଣ୍ଡ କରନ୍ତୁ । ଏହା ତ୍ୱଚାକୁ ଏକ ଫ୍ରେଶ୍ ଲୁକ୍ ଦେଇଥାଏ ।

ମୋ ହାଣ୍ଡିଶାଳରୁ...

# ପଣସମଞ୍ଜି ତରକାରି

### ଆବଶ୍ୟକ ସାମଗ୍ରୀ


ପଣସମଞ୍ଜି- ୨୦୦ ଗ୍ରାମ, ବେସନ – ଅଧା କପ୍, କାଜୁ-ପାଞ୍ଚ, ଛଅଟି, ରସୁଣ ବୁଦା - ଗୋଟିଏ, ଅଦା – ଖଣ୍ଡେ, କଟା ଟମାଟୋ- ଅଧା କପ୍, କଟା ପିଆଜ – ଏକ କପ୍, ତେଜପତ୍ର– ଦୁଇଟି, କଞ୍ଚାଲଙ୍କା – ଦୁଇଟି, ରାଶି – ଏକ ଚାମଚ, ଜିରା – ଅଧା ଚାମଚ, ଗରମ ମସଲା– ଏକ ଚାମଚ, ହଳଦୀଗୁଣ୍ଡ –ଅଧା ଚାମଚ, କସୁରୀ ମେଥି –ଅଳ୍ପ, ଦନିଆ ପତ୍ର – ଅଳ୍ପ, ଗୋଟା ଗରମ ମସଲା – ଅଳ୍ପ, ଲୁଣ – ସ୍ୱାଦାନୁସାରେ, ତେଲ – ଆବଶ୍ୟକତା ଅନୁସାରେ ।



### ପ୍ରସ୍ତୁତି ପ୍ରଣାଳି

ପ୍ରଥମେ ପଣସ ମଞ୍ଜିରୁ ଚୋପା ଚଡ଼ାଇ ଧୋଇ ରଖନ୍ତୁ । ଏହାକୁ ଏକ ଜାର୍‌ରେ ଦେଇ ସେଥିରେ ବେସନ, କାଜୁ, ରସୁଣ, ଅଦା, କଞ୍ଚାଲଙ୍କା, କସୁରୀମେଥି, ଗରମମସଲା, ଲୁଣ ଓ ଅଳ୍ପ ପାଣି ଦେଇ ଗ୍ରାଇଣ୍ଡିଂ କରି ଦିଅନ୍ତୁ । ଏହାପରେ ଗ୍ୟାସ୍ ଲଗାଇ କଡ଼େଇ ବସାନ୍ତୁ । କଡ଼େଇ ଗରମ ହୋଇଯିବା ପରେ ସେଥିରେ ପଣସମଞ୍ଜି ବଟାକୁ ଦେଇ ଅଳ୍ପ ସମୟ ଜନ୍ତନ୍ତୁ । ବହଳିଆ ହୋଇଗଲେ ଗ୍ୟାସ୍ ବନ୍ଦ କରି ଏହାକୁ ଥାଳିରେ କାଢ଼ିଦିଅନ୍ତୁ । ଥଣ୍ଡା ହୋଇଗଲେ ଛୋଟ, ଛୋଟ ଖଣ୍ଡରେ ଏହାକୁ କାଟନ୍ତୁ । ଆଉ ଗୋଟେ କଡ଼େଇରେ ତେଲ ଦେଇ କାଟି ରଖିଥିବା ପଣସମଞ୍ଜି ବଟାକୁ ପକାଇ ଛାଣନ୍ତୁ । ଏହାପରେ ଏକ ପ୍ୟାନରେ ଅଳ୍ପ ତେଲ ଦେଇ ସେଥିରେ ଜୀରା, ତେଜପତ୍ର, ଲବଙ୍ଗ ପିଆଜ ପକାଇ ଭାଜନ୍ତୁ । ଏହାପରେ ଟମାଟୋ, ଅଦା ରସୁଣ ପେଷ୍ଟ ଦେଇ କଷନ୍ତୁ । ଏଥିରେ ହଳଦୀଗୁଣ୍ଡ, ଲଙ୍କାଗୁଣ୍ଡ, ଧନିଆ ଗୁଣ୍ଡ, ଜୀରା ଗୁଣ୍ଡ ଦେଇ ପିଠାଖଡ଼ିକାରେ ଗୋଳାଇ ଦିଅନ୍ତୁ । ଏହାପରେ ଛାଣି ରଖିଥିବା ପଣସମଞ୍ଜିକୁ ଦେଇ ମସଲାରେ ମିଶାନ୍ତୁ । ପରେ ଏଥିରେ ଅଳ୍ପ ପାଣି ଦେଇ ପାଞ୍ଚମିନିଟ୍ ଫୁଟାନ୍ତୁ । ଫୁଟିଗଲା ପରେ ଗରମ ମସଲା, ଧନିଆ ପତ୍ର ପକାଇ ପରଷନ୍ତୁ 'ପଣସ ମଞ୍ଜି ତରକାରି' ।

# ବାଥରୁମ୍ ମିରର୍ ଡିଜାଇନ୍



ସାଧାରଣତଃ ଘର ସଜାଇବାକୁ ସମସ୍ତେ ଚାହାନ୍ତି । ଏଥିପାଇଁ ଲୋକେ ବିଭିନ୍ନ ଇଣ୍ଟେରିୟର ଡିଜାଇନ୍ କରିଥାନ୍ତି । ଘର ପରି ବାଥରୁମ୍ ସାଜସଜ୍ଜା ପ୍ରତି ଧ୍ୟାନ ଦେବା ଆବଶ୍ୟକ । ବାଥରୁମ୍‌ର ସୌନ୍ଦର୍ଯ୍ୟ ବୃଦ୍ଧି କରି ଆକର୍ଷୀୟ କରିବାକୁ ଚାହୁଁଥିଲେ, ବଜାରରେ ମିଳୁଥିବା ଡିଜାଇନର୍ ମିରର୍ ଲଗାଇପାରିବେ ।

### ବ୍ରାସ ମିରର୍

ବାଥ୍‌ରୁମ୍‌କୁ ରାଜକୀୟ ଲୁକ୍ ଦେବାକୁ ଚାହୁଁଥିଲେ, ବ୍ରାସ ମିରର୍ ଲଗାଇପାରିବେ । ଏହା ବାଥ୍‌ରୁମ୍‌କୁ ଗୋଲ୍‌ଡ ରୟାଲ୍ ଲୁକ୍ ଦେଇଥାଏ । ଏଥିସହ ଗାଢ଼ ରଙ୍ଗ ଟାଇଲ କିମ୍ବା ୱାଲ୍‌ପେପର୍ ମଧ୍ୟ ଲଗାଇପାରିବେ । ଏହା ବାଥ୍‌ରୁମ୍‌କୁ ସୁନ୍ଦର କରିଥାଏ ।

### ଛାଡ଼ନ୍ତୁ ଆକାରର ଚିନ୍ତା

ବାଥ୍‌ରୁମ୍ ଡିଜାଇନ୍‌କୁ ଭିନ୍ନ କରିବାକୁ ଚାହୁଁଥିଲେ, ଏହାକୁ କାନ୍‌ଭାସ ଷ୍ଟାଇଲ୍‌ରେ ସଜାନ୍ତୁ । ଏଥିରେ ଦୁଇ କିମ୍ବା ଅଧିକ ମିରର ବ୍ୟବହାର କରିପାରିବେ । ବାଥ୍‌ରୁମ୍ ଆକାର ଅନୁସାରେ ମିରର୍ ଚୟନ କରନ୍ତୁ । ଏଥିସହ ଚାହିଁଲେ, ବଲ୍‌ବ ଲଗାଇପାରିବେ ।

### ଭିନ୍‌ଟେଜ୍ ଲୁକ୍

ବାଥ୍‌ରୁମ୍‌କୁ ଅଧିକ ଆକର୍ଷଣୀୟ କରିବାକୁ ଚାହୁଁଥିଲେ, ଭିନ୍‌ଟେଜ୍ ମିରର ବ୍ୟବହାର କରିପାରିବେ । ବାଥ୍‌ରୁମ୍ ଟାଇଲ୍ସ ଗାଢ଼ ହେଉ କିମ୍ବା ଫିକା ଏହା ସବୁଥିରେ ସୁନ୍ଦର ଦିଶିଥାଏ । ବାଥରୁମ୍ ଆକାର ଅନୁସାରେ ମିରର୍ ଲଗାଇବା ଆବଶ୍ୟକ । ଅବଶ୍ୟ ବଡ଼ ମିରର ବାଥରୁମକୁ ସୁନ୍ଦର କରିଥାଏ ।

### ମଲ୍‌ଟିପଲ୍ ମିରର୍

ବାଥରୁମ୍ ଛୋଟ ଥିଲେ ଏହାକୁ ବଡ଼ ଆକାର ଦେବାପାଇଁ, ମଲ୍‌ଟିପୁଲ୍ ମିରର୍ ପାଟର୍ଣ୍ଣ ବ୍ୟବହାର କରିପାରିବେ । ଏଥିରେ ଏକା ସହିତ ଦୁଇ ବା ତାଠୁ ଅଧିକ ମିରର ଲଗାଯାଇଥାଏ । ଏଥିପାଇଁ ଛୋଟ ବାଥ୍‌ରୁମ୍ ବଡ଼ ଦେଖାଯାଏ । ଏହା ଷ୍ଟାଇଲିଶ୍ ସାଙ୍ଗକୁ ଏକ ମଡର୍ଣ୍ଣ ଲୁକ୍ ଦେଇଥାଏ ।

# ବୟସ ଅନୁସାରେ ଲଗାନ୍ତୁ ସନ୍‌ସ୍କ୍ରିନ୍


ତ୍ୱଚା ପାଇଁ ସନ୍‌ସ୍କ୍ରିନ୍ ବେଶ ଜରୁରୀ ହୋଇଥାଏ । ଏହାକୁ ସଭିଏଁ, ଘରେ ଓ ବାହାରକୁ ଯିବା ସମୟରେ ଲଗାଇଥାନ୍ତି । ସାଧାରଣତଃ ତେଲିଆ, ଶୁଷ୍କ, ତ୍ୱଚା ଅନୁସାରେ ମହିଳାମାନେ ଏହାକୁ ଲଗାଇଥାନ୍ତି । କିନ୍ତୁ ଏହା ତ୍ୱଚା ପାଇଁ ଯଥେଷ୍ଟ ହୋଇ ନଥାଏ । ବୟସ ବଢ଼ିବା ସହ ତ୍ୱଚାରେ ନାନା ପରିବର୍ତ୍ତନ ଦିଶିଥାଏ, ତେଣୁ ବୟସ ଅନୁସାରେ ସନ୍‌ସ୍କ୍ରିନ୍ ଲଗାଇବା ଆବଶ୍ୟକ ।

### ୧୩ ରୁ ୧୯ ବର୍ଷ

ସାଧାରଣତଃ କିଶୋରବସ୍ଥାରେ ପିଲାଙ୍କଠାରେ ହରମୋନ୍ ପରିବର୍ତ୍ତନ ହୋଇଥାଏ । ଏପରିସ୍ଥଳେ ତ୍ୱଚାର ଯତ୍ନ ପାଇଁ ଜେଲ୍ କିମ୍ବା ୱାଟର୍ ବେସ୍‌ଡ ସନ୍‌ସ୍କ୍ରିନ୍ ଲଗାଇବା ଆବଶ୍ୟକ । ବାହାରକୁ ଯିବାର ୨୦ ମିନିଟ୍ ପୂର୍ବରୁ ଏହାକୁ ଲଗାଇପାରିବେ । ଧ୍ୟାନ ରଖିବେ ସର୍ବଦା ଫେସ୍‌ୱାସ୍ ପରେ ସନ୍‌ସ୍କ୍ରିନ୍ ଲଗାଇବା ଆବଶ୍ୟକ ।

### ୨୦ ରୁ ୩୦ ବର୍ଷ

ଏହି ସମୟରେ ତ୍ୱଚାରେ ପିଗ୍‌ମେଣ୍ଟସନ୍, ଟ୍ୟାନିଂ, ଚର୍ମ କୁଞ୍ଚନ, ଆଦି ସମସ୍ୟା ରହିଥାଏ । ଏଥିପାଇଁ ହାଇଡ୍ରେଟିଙ୍ଗ୍ ସନ୍‌ସ୍କ୍ରିନ୍ ଲଗାଇପାରିବେ । ଏଥିରେ ଏସ୍‌ପିଏଫ୍ ୫୦ ଥିବା ଆବଶ୍ୟକ । ଏଥିସହ ସହ ଚାହିଁଲେ, କ୍ରିମ୍ କିମ୍ବା ଜେଲ୍ ସନ୍‌ସ୍କ୍ରିନ୍ ଲଗାଇପାରିବେ । ଏହାକୁ ଆଖି ତଳେ ଲଗାଇବା ଆବଶ୍ୟକ । ସେହିପରି ଏହାକୁ ଭିଟାମିନ୍ ସି ସିରମ ସହ ଲଗାଇଲେ ଦ୍ୱିଗୁଣା ଲାଭ ମିଳିଥାଏ ।



### ୪୦-୫୦ ବର୍ଷ

ଏହି ସମୟରେ ତ୍ୱଚାର ଇଲାଷ୍ଟିସିଟି କମିଯାଏ । କଳାଦାଗ ଆଦି ସମସ୍ୟା ବଢ଼ିଥାଏ । ତେଣୁ ଏହି ବୟସରେ ଆଣ୍ଟି ଏଜିଙ୍ଗ ଗୁଣଥିବା ମଏଶ୍ଚରାଇଜିଙ୍ଗ୍ ସନ୍‌ସ୍କ୍ରିନ୍ ଲଗାଇ ଭଲ ।

# ପାଦକୁ ସୁନ୍ଦର ସରୁ ପାଉଁଞ୍ଜି

ବ୍ୟସ୍ତବହୁଳ ଜୀବନ ମଧ୍ୟରେ ମହିଳାମାନେ ସାଧା ଓ ଆକର୍ଷଣୀୟ ଅଳଙ୍କାର ପିନ୍ଧିବାକୁ ପସନ୍ଦ କରୁଛନ୍ତି । ଏହାକୁ ଧ୍ୟାନ ଦେଇ ଏବେ ବଜାରରେ ମିନିମାଲିଷ୍ଟ ଡିଜାଇନର ପାଉଁଞ୍ଜି ଓ ଆଙ୍କ୍‌ଲେଟ୍ ମିଳୁଛି । ଏହା ଦେଖିବାକୁ ସିମ୍ପଲ ଓ ଆକର୍ଷଣୀୟ ହୋଇଥାଏ । କେବଳ ସେତିକି ନୁହେଁ, ଏହା ଫେଶନ ଷ୍ଟେଟ୍‌ମେଣ୍ଟ ହେବା ସହ ପିନ୍ଧିବାକୁ ଆରାମଦାୟକ ଲାଗିଥାଏ । ଏଥି ସହ ଏହା ବିଭିନ୍ନ ଆଉଟ୍‌ଫିଟ୍‌କୁ ମାନିଥାଏ ।



### ସାଧା ଚେନ୍

ସାଧା ସହ ପାଦକୁ ଏକ କ୍ଲାସି ଲୁକ୍ ଦେବାକୁ ଚାହୁଁଥିଲେ, ପତଳା ଚେନ୍ ପାଉଞ୍ଜି ପିନ୍ଧିପାରିବେ । ଏହାକୁ ଅଫିସ୍, ସ୍କୁଲ୍, ଯିବା ସହ ନିତିପିନ୍ଧା ମଧ୍ୟ କରିପାରିବେ । ଏହା ପାଦକୁ ସୁନ୍ଦର କରିଥାଏ ।

### ବିଡସ୍

ଷ୍ଟାଇଲିସ ସହ ରଙ୍ଗିନ ମାଳି ଚାହୁଁଥିଲେ, ବିଡ୍‌ସ ପାଉଞ୍ଜି କିଣିପାରିବେ । ଏଥିରେ ଚେନ୍ ସାଙ୍ଗକୁ ଛୋଟ ମାଳି ରହିଥାଏ । ଏହା ସିମ୍ପୁଲ ସହ ଅଧିକ ଷ୍ଟାଇଲିଶ୍ ଲାଗିଥାଏ । ଏଥ୍‌ନିକ୍‌ରୁ ନେଇ ୱେଷ୍ଟର୍ଣ୍ଣ ଏହା ସବୁ ଆଉଟ୍‌ଫିଟ୍‌କୁ ମାନିଥାଏ ।

### ଡବଲ୍ ଲେୟାର୍ଡ

ଏହି ପାଉଞ୍ଜି ଦେଖିବାକୁ ଖୁବ୍ ସୁନ୍ଦର ହୋଇଥାଏ । ଏଥିରେ ଦୁଇଟି ପତଳା ଚେନ୍ ଲାଗିଥାଏ । ଏହା ଚାଲିବା ସମୟରେ ପାଦରେ ଝୁଲି ରହିଥାଏ । ଏହା ପାଦ ସୌନ୍ଦର୍ଯ୍ୟକୁ ଦ୍ୱିଗୁଣିତ କରିଥାଏ । ପୂଜା ପର୍ବରେ ଏ ପ୍ରକାର ପାଉଞ୍ଜି ପିନ୍ଧିଲେ ଏହା ଖୁବ୍ ସୁନ୍ଦର ଦେଖାଯାଏ ।

■ ଭାରତରେ ଡୋପ୍ ଟେଷ୍ଟ

## ୨୦୨୪ରେ ଧରାପଡ଼ିଛନ୍ତି ୨୬୦

ନୂଆଦିଲ୍ଲୀ, ୯।୮ (ଏଜେନ୍ସି): ଭାରତରେ ଅନୁବନ୍ଧିତ ଡ୍ରଗ୍ସ ସେବନକାରୀ ଆଥ୍ଲେଟଙ୍କ ସଂଖ୍ୟା ବୃଦ୍ଧି ପାଇଛି। ଏହା ମଧ୍ୟରେ ୨୦୨୪ରେ ନ୍ୟାସନାଲ ଆଣ୍ଟି ଡୋପିଙ୍ଗ ଏଜେନ୍ସି (ନାଡା) ଦ୍ୱାରା କରାଯାଇଥିବା ୭,୪୬୬ଟି ଡୋପ୍ ଟେଷ୍ଟରୁ ୨୬୦ଟି କେସ ପଜିଟିଭ୍ ହୋଇଛନ୍ତି। ଭାରତରେ ଅନୁଷ୍ଠିତ ଡୋପ୍ ଟେଷ୍ଟରେ ଏହା ସର୍ବାଧିକ କେସ୍। ୨୦୧୯ରେ ଏହି ସଂଖ୍ୟା ୨୨୪ ଥିଲା। ଏ ସମ୍ପର୍କରେ କେନ୍ଦ୍ର କ୍ରୀଡ଼ା ମନ୍ତ୍ରଣାଳୟ ପକ୍ଷରୁ ରାଜ୍ୟସଭାରେ ଦିଆଯାଇଥିବା ତଥ୍ୟରୁ ଏହା ଜଣାଯାଇଛି। ଏ ସମ୍ପର୍କରେ କ୍ରୀଡ଼ା ବିଭାଗ ଅବଗତ ଅଛନ୍ତି ଓ କ୍ରୀଡ଼ାବିତ୍‌ଙ୍କୁ ଡ୍ରଗ୍ସମୁକ୍ତ କରିବାକୁ ବଦ୍ଧ ପରିକର ଅଛନ୍ତି ବୋଲି କ୍ରୀଡ଼ାମନ୍ତ୍ରୀ ମନସୁଖ ମାଣ୍ଡବ୍ୟ କହିଛନ୍ତି।

■ ଜାତୀୟ ଜୁନିଅର ମହିଳା ହକି

## ପୁଣି ଓଡ଼ିଶାକୁ କ୍ୱାର୍ଟର ଝଟ୍‌କା

ଭୁବନେଶ୍ୱର, ୯।୮ (ସମିସ): ଆନ୍ଧ୍ର ପ୍ରଦେଶରେ ଚାଲିଥିବା ଜାତୀୟ ଜୁନିଅର ମହିଳା ହକି (ଡିଭିଜନ-ଏ)ରେ ଓଡ଼ିଶା ଦଳ କ୍ୱାର୍ଟରରେ ନିରାଶ କରିଛି। ଶନିବାର ଅନୁଷ୍ଠିତ କ୍ୱାର୍ଟର ଫାଇନାଲରେ ଓଡ଼ିଶା ମହିଳା ଦଳ ୧-୪ ଗୋଲରେ ହରିୟାଣା ନିକଟରୁ ହାରି ଅଭିଯାନ ଶେଷ କରିଛି। ଓଡ଼ିଶା ପକ୍ଷରୁ ଅମିଶା ଏକ୍କା ୪୭ତମ ମିନିଟ୍‌ରେ ଏକମାତ୍ର ଗୋଲଟି ଦେଇଥିଲେ। ଅନ୍ୟ ୩ଟି କ୍ୱାର୍ଟର ଫାଇନାଲରେ ଝାଡ଼ଖଣ୍ଡ, ଚଣ୍ଡିଗଡ଼ ଓ ଉତ୍ତର ପ୍ରଦେଶ ବିଜୟୀ ହୋଇ ସେମିଫାଇନାଲକୁ ଉଠିଛନ୍ତି। ଉଲ୍ଲେଖଯୋଗ୍ୟ, ଏଥିପୂର୍ବରୁ ନିକଟରେ ତାମିଲନାଡୁରେ ଶେଷ ହୋଇଥିବା ୧୫ତମ ଜାତୀୟ ସବ୍‌ଜୁନିଅର ବାଳକ ହକିରେ ମଧ୍ୟ ଓଡ଼ିଶା କ୍ୱାର୍ଟରଫାଇନାଲରେ ହାରି ଅଟକି ଯାଇଥିଲା।

■ ଭାରତ-ଏ' ବିପକ୍ଷ ଟି-୨୦ ସିରିଜ୍

## ଅଷ୍ଟ୍ରେଲିଆ ଆଗୁଆ ବିଜୟୀ

ମ୍ୟାକୟ, ୯।୮ (ଏଜେନ୍ସି): ଅନ୍ତର୍ଜାତୀୟ ତାରକା ଅଲିଶା ହିଲି (୪୪ ବଲରେ ୭୦ ରନ୍)ଙ୍କ ଅର୍ଦ୍ଧଶତକ ଓ କିମ୍ ଗାର୍ଥ (୭ ରନ୍‌ରେ ୪ ୱିକେଟ୍)ଙ୍କ ଘାତକ ବୋଲିଂ ବଳରେ ଏଠାରେ ଶନିବାର ଅନୁଷ୍ଠିତ ଦ୍ୱିତୀୟ ଅନ୍‌ଅଫିସିଆଲ ମହିଳା ଟି-୨୦ରେ ଅଷ୍ଟ୍ରେଲିଆ-ଏ ୧୧୪ ରନ୍‌ର ବିଶାଳ ବ୍ୟବଧାନରେ ଭାରତ-ଏ'କୁ ପରାସ୍ତ କରିଛି। ଏହା ଫଳରେ ଦୁଇ ଦେଶ ମଧ୍ୟରେ ଚାଲିଥିବା ୩ ମ୍ୟାଚ୍ ବିଶିଷ୍ଟ ଟି-୨୦ ସିରିଜ୍‌ରେ ଆଉ ଗୋଟିଏ ମ୍ୟାଚ୍ ବାକିଥାଇ ଅଷ୍ଟ୍ରେଲିଆ ଆଗୁଆ ଜିତିନେଇଛି। ସିରିଜ୍‌ର ପ୍ରଥମ ମ୍ୟାଚ୍‌କୁ ଅଷ୍ଟ୍ରେଲିଆ-ଏ' ୧୩ ରନ୍‌ରେ ଜିତିଥିଲା। ସିରିଜ୍‌ର ତୃତୀୟ ତଥା ଶେଷ ମ୍ୟାଚ୍ ଆସନ୍ତାକାଲି ରବିବାର ଖେଳାଯିବ। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ଅଷ୍ଟ୍ରେଲିଆ-ଏ' ୪ ୱିକେଟରେ ୧୮୭ ରନ୍‌ର ବଡ଼ ସ୍କୋର କରିଥିଲା। ଜବାବରେ ଭାରତ-ଏ ୧୫.୧ ଓଭରରେ ମାତ୍ର ୭୩ ରନ୍ କରି ଅଲଆଉଟ ହୋଇଯାଇଥିଲା। ଦଳ ପକ୍ଷରୁ କେବଳ ଦୁଇଜଣ ବ୍ରିନ୍ଦା ଦିନେଶ ୨୧ ଓ ମିନୁ ମାନି ୨୦ ରନ୍ କରି ଦୁଇ ଅଙ୍କରେ ପହଞ୍ଚିଥିଲେ। ଅଧିନାୟିକା ରାଧା ଯାଦବଙ୍କୁ ପ୍ରତିପକ୍ଷ ଇନିଂସରେ ୨ଟି ୱିକେଟ ମିଳିଥିଲା।

## ପ୍ରଥମ ଦିନିକିଆରେ ପାକିସ୍ତାନ ବିଜୟୀ

ତାରୋବା, ୯।୮ (ଏଜେନ୍ସି): ଅଧିନାୟକ ମହମ୍ମଦ୍ ରିଜୱାନ୍ ଓ ହାସନ ନୱାଜ୍‌ଙ୍କ ଅର୍ଦ୍ଧଶତକ ବଳରେ ଏଠାରେ ଶୁକ୍ରବାର ରାତିରେ ଅନୁଷ୍ଠିତ ପ୍ରଥମ ଦିନିକିଆ ଅନ୍ତର୍ଜାତୀୟ ମ୍ୟାଚ୍‌ରେ ପାକିସ୍ତାନ ଘରୋଇ



ୱେଷ୍ଟଇଣ୍ଡିଜ୍‌କୁ ୫ ୱିକେଟରେ ପରାସ୍ତ କରିଛି। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ୱେଷ୍ଟଇଣ୍ଡିଜ୍ ୪୯ ଓଭରରେ ୨୮୦ ରନ୍ କରି ଅଲଆଉଟ ହୋଇଥିଲା। ଦଳ ପକ୍ଷରୁ ଏଭିନ ଲୁଇସ୍ ସର୍ବାଧିକ ୬୦, ଅଧିନାୟକ ସାଇ ହୋପ୍ ୫୫ ଓ ରୋଷ୍ଟୋନ ଚେଜ୍ ୫୩ ରନ୍ କରିଥିଲେ। ଭ୍ରମଣକାରୀ ଦଳ ପକ୍ଷରୁ ସାହିନ୍ ଆଫ୍ରିଦୀ ୪ଟି ଓ ନସୀମ ଶାହ ୩ଟି ୱିକେଟ ପାଇଥିଲେ। ଜବାବରେ ପାକିସ୍ତାନ ୪୮.୫ ଓଭରରେ ୫ ୱିକେଟ ହରାଇ ବିଜୟୀ ହୋଇଥିଲା। ନୱାଜ୍ ୫୪ ବଲ୍‌ରେ ଅପରାଜିତ ୬୩, ହୁସେନ ତଲତ ଅପରାଜିତ ୪୧, ଅଧିନାୟକ ରିଜୱାନ୍ ୫୩ ଓ ବାବର ଆଜମ ୪୭ ରନ୍ କରିଥିଲେ। ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍‌ରେ ପାକିସ୍ତାନ ୧-୦ରେ ଆଗୁଆ ରହିଛି। ସେହିପରି ପୂର୍ବରୁ ଖେଳାଯାଇଥିବା ଟି-୨୦ ସିରିଜ୍‌କୁ ପାକିସ୍ତାନ ୨-୧ ବ୍ୟବଧାନରେ ଜିତିନେଇଥିଲା।



ଆଜି ୱାର୍ଲ୍ଡ ଆଥଲେଟିକ୍ସ କଣ୍ଟିନେଣ୍ଟାଲ ଟୁର୍ ବ୍ରୋଞ୍ଜ୍

# କଳିଙ୍ଗରୁ ଟୋକିଓକୁ ଯୋଗ୍ୟତା ଲକ୍ଷ୍ୟ

ଭୁବନେଶ୍ୱର, ୯।୮ (ସମିସ):

ଭାରତୀୟ କ୍ରୀଡ଼ା ଇତିହାସରେ ରବିବାର ଆଉ ଏକ ନୂଆ ଅଧ୍ୟାୟ ଯୋଡ଼ି ହେବାକୁ ଯାଉଛି। ପ୍ରଥମଥର ଲାଗି ବିଶ୍ୱସ୍ତରୀୟ ଦୌଡ଼କୁଦ ପ୍ରତିଯୋଗିତା ୱାର୍ଲ୍ଡ ଆଥ୍ଲେଟିକ୍ସ କଣ୍ଟିନେଣ୍ଟାଲ ଟୁର୍ (ବ୍ରୋଞ୍ଜ ଲେଭଲ୍) ଭାରତରେ ଆୟୋଜିତ ହେବାକୁ ଯାଉଛି। ଆଇକନିକ କଳିଙ୍ଗ ଷ୍ଟାଡିୟମ ଏହି ମେଗା ଇଭେଣ୍ଟ ଆୟୋଜନ କରିବାର ସୌଭାଗ୍ୟ ଲାଭ କରିଛି। ପୂର୍ବରୁ ଦୁଇ ଦୁଇଥର ଏଫ୍‌ଆଇଏଚ୍ ହକି ବିଶ୍ୱକପ୍ (୨୦୧୮ ଓ ୨୦୨୩), ଏସିଆନ ଆଥ୍ଲେଟିକ୍ସ ଚାମ୍ପିଅନସିପ୍ (୨୦୧୭), ୧୭ ବର୍ଷରୁ କମ୍ ମହିଳା ଫିଫା ବିଶ୍ୱକପ୍ (୨୦୨୨) ଭଳି ବିଶ୍ୱସ୍ତରୀୟ ଇଭେଣ୍ଟ ଆୟୋଜନ କରିଥିବା କଳିଙ୍ଗ କ୍ରୀଡ଼ା ଇତିହାସରେ ମଧ୍ୟ ଆଉ ଏକ ନୂଆ ଫର୍ଦ୍ଦ ଯୋଡ଼ି ହେବ।

ରବିବାର ଅପରାହ୍ଣରେ ଆରମ୍ଭ ହେବାକୁ ଥିବା ୱାର୍ଲ୍ଡ ଆଥ୍ଲେଟିକ୍ସ କଣ୍ଟିନେଣ୍ଟାଲ ଟୁର୍‌କୁ ବିଶ୍ୱ ଆଥ୍ଲେଟିକ, ଭାରତୀୟ ଆଥଲେଟିକ ମହାସଂଘ ଓ ଓଡ଼ିଶା ସରକାର ମିଳିତ ଭାବେ ଆୟୋଜନ କରୁଛନ୍ତି। ସାଢ଼େ ୩ ଘଣ୍ଟାର ଏହି ଦୌଡ଼କୁଦ ପ୍ରତିଯୋଗିତାରେ ବିଶ୍ୱର ୧୭ ଦେଶର ୧୫୬ଜଣ ଆଥଲେଟ ଭାଗନେବେ। ଯେଉଁଥିରେ ଆୟୋଜକ ଭାରତରୁ ସର୍ବାଧିକ ୯୩ଜଣ ରହିଛନ୍ତି। ୧୯ଟି ମେଡାଲ ଇଭେଣ୍ଟରେ ପ୍ରତିଯୋଗିତା ହେବ। ପୁରୁଷ ଓ ମହିଳାରେ ୯ଟି ଲେଖାଏ କ୍ରୀଡ଼ା ଇଭେଣ୍ଟ ରହିଥିବାବେଳେ ଗୋଟିଏ ମିକ୍ସଡ ରିଲେ ରେସ୍ ରହିଛି। ଆଥ୍ଲେଟଙ୍କ ପାଇଁ ଏହା କେବଳ ଯେ ଏକ ପଦକ ପ୍ରତିଯୋଗିତା ନୁହେଁ, ବରଂ କଳିଙ୍ଗରେ ଭଲ ପ୍ରଦର୍ଶନ କରି ଆସନ୍ତା ମାସରେ ଜାପାନର ଟୋକିଓରେ ହେବାକୁ ଥିବା ବିଶ୍ୱ ଚାମ୍ପିଅନସିପକୁ ଯୋଗ୍ୟତା ଅର୍ଜନ କରିବାକୁ ଆଥଲେଟଙ୍କ ଲାଗି ଏକ ସୁବର୍ଣ୍ଣ ସୁଯୋଗ ସୃଷ୍ଟି କରିଛି। ଏହି ଯୋଗ୍ୟତା ସିଧାସଳଖ ଧାର୍ଯ୍ୟ ଟାଇମିଂ ମାଧ୍ୟମରେ ହୋଇପାରେ କିମ୍ବା ୱାର୍ଲ୍ଡ ର୍‌ୟାଙ୍କିଂ ପଏଣ୍ଟରେ ଉନ୍ନତି ଆଣି ବିଶ୍ୱ ଚାମ୍ପିଅନସିପ୍ ଟିକଟ୍ ହାସଲ କରିପାରିବେ।

### ଅନିମେଶଙ୍କ ଉପରେ ନଜର

ଦୁଇଥରର ଅଲିମ୍ପିକ ପଦକ ବିଜେତା ନୀରଜ ଚୋପ୍ରା ଏହି ଇଭେଣ୍ଟରୁ ଓହରିଯାଇଛନ୍ତି। ସେ ବିଶ୍ୱ ଚାମ୍ପିଅନସିପ୍‌କୁ ଆଗୁଆ ଯୋଗ୍ୟତା ଅର୍ଜନ କରିଥିବାରୁ ଏବେ ୟୁରୋପରେ ତାଙ୍କ ପ୍ରସ୍ତୁତି ଚଳାଇଛନ୍ତି। ନୀରଜ ଭାଗନେଉ ନ ଥିବାରୁ ଏବେ ସମସ୍ତଙ୍କ ଫୋକସରେ ରହିଛନ୍ତି ଦେଶ ତଥା ରାଜ୍ୟର ତାରକା ସ୍ପ୍ରିଣ୍ଟର



ଅନିମେଶ କୁଜୁର। ଭୁବନେଶ୍ୱରରେ ଦୀର୍ଘ ବର୍ଷ ଧରି ପ୍ରଶିକ୍ଷଣ ନେଉଥିବା ଅନିମେଶ ଘରୋଇ ପଡ଼ିଆ ଓ ଦର୍ଶକଙ୍କ ସାମ୍ନାରେ କିଭଳି ପ୍ରଦର୍ଶନ କରୁଛନ୍ତି ତାହା ଉପରେ ସମସ୍ତ ନଜର ରହିଛି। ଅନିମେଶ ବର୍ତ୍ତମାନ ଉଭୟ ୧୦୦ ଓ ୨୦୦ ମିଟରରେ ଜାତୀୟ ରେକର୍ଡର ଅଧିକାରୀ ରହିଛନ୍ତି। ଉଭୟ ରେକର୍ଡକୁ ସେ ଚଳିତ ବର୍ଷ ହାସଲ କରିଛନ୍ତି। ୧୦୦ ମିଟରକୁ ସେ ୧୦.୧୮ ସେକେଣ୍ଡରେ ଓ ୨୦୦ ମିଟରକୁ ୨୦.୩୨ ସେକେଣ୍ଡରେ ଫିନିଶ କରି ଶ୍ରେଷ୍ଠତ୍ୱ ଦେଇଛନ୍ତି। ଆଗାମୀ ଟୋକିଓ ବିଶ୍ୱ ଚାମ୍ପିଅନସିପ୍ ଲାଗି ୧୦୦ ମିଟରରେ ୧୦ ସେକେଣ୍ଡ ଓ ୨୦୦ ମିଟରରେ ୨୦.୧୬ ସେକେଣ୍ଡ ଯୋଗ୍ୟତା ଟାଇମିଂ ରହିଛି। ଅନିମେଶ ଏହାକୁ ଏଠାରେ ହାସଲ କରି ଟୋକିଓକୁ ଯୋଗ୍ୟତା ଅର୍ଜନ କରନ୍ତୁ ବୋଲି ଓଡ଼ିଶା କ୍ରୀଡ଼ାପ୍ରେମୀ ଆଶା ରଖିଛନ୍ତି। ଅନିମେଶଙ୍କ ବ୍ୟତୀତ ଓଡ଼ିଶାରୁ ଶ୍ରାବଣୀ ନନ୍ଦ, ଲାଲୁପ୍ରସାଦ ଭୋଇ, ପ୍ରଜ୍ଞା ପ୍ରଶାନ୍ତି ସାହୁ ମଧ୍ୟ ଏଥିରେ ଭାଗନେବେ।

### ଦର୍ଶକଙ୍କ ଲାଗି ୩ଟି ପ୍ରବେଶ ପଥ

ଏହି ମେଗା ଇଭେଣ୍ଟ ଲାଗି ଦର୍ଶକଙ୍କ ପାଇଁ ମାଗଣା ପ୍ରବେଶ ବ୍ୟବସ୍ଥା କରାଯାଇଛି। ୩ଟି ଫାଟକ ଦେଇ ଦର୍ଶକ କଳିଙ୍ଗ ଷ୍ଟାଡିୟମକୁ ଯାଇପାରିବେ। ଯେଉଁମାନେ ବିନା ଗାଡ଼ିରେ ଆସିଥିବେ ସେମାନେ ଫାଟକ ନଂ-୩, ଦୁଇ ଚକିଆ ଓ ଚାରି ଚକିଆରେ ଆସିଥିବା ଦର୍ଶକ ଯଥାକ୍ରମେ ଗେଟ୍ ନଂ-୪ ଓ ଗେଟ୍ ନଂ-୮ ବି'ରେ ପ୍ରବେଶ କରିବେ।

### ୱାର୍ଲ୍ଡ ଆଥଲେଟିକ କଣ୍ଟିନେଣ୍ଟାଲ ଟୁର୍ କ'ଣ

ୱାର୍ଲ୍ଡ ଆଥଲେଟିକ୍ସ ପକ୍ଷରୁ ୨୦୨୦ରେ ପ୍ରଥମେ 'ୱାର୍ଲ୍ଡ ଆଥଲେଟିକ୍ସ କଣ୍ଟିନେଣ୍ଟାଲ ଟୁର୍' ଆରମ୍ଭ କରାଯାଇଥିଲା। ଇଣ୍ଟରନ୍ୟାସନାଲ ଟ୍ରାକ୍ ଆଣ୍ଡ ଫିଲ୍ଡର ଏକାଧିକ ଇଭେଣ୍ଟକୁ ନେଇ ଏହା ଆୟୋଜିତ ହୋଇଥାଏ। ଏହା ଏକ ଏକଦିବସୀୟ ଇଭେଣ୍ଟ। ଡାଇମଣ୍ଡ ଲିଗରୁ ଏହାର ର୍‌ୟାଙ୍କ ନିମ୍ନ। କଣ୍ଟିନେଣ୍ଟାଲ ଟୁର୍ ୪ଟି ସ୍ତରରେ ଅନୁଷ୍ଠିତ ହୋଇଥାଏ। ଯଥା ଗୋଲ୍ଡ, ସିଲଭର, ବ୍ରୋଞ୍ଜ ଓ ଚ୍ୟାଲେଞ୍ଜର। ଭୁବନେଶ୍ୱରରେ ଅନୁଷ୍ଠିତ ହେଉଥିବା ବ୍ରୋଞ୍ଜ ଲେଭଲ୍‌ରେ ମୋଟ୍ ୨୫ ହଜାର ଡଲାର (ପାଖାପାଖି ୨୨ ଲକ୍ଷ ଟଙ୍କା) ପୁରସ୍କାର ରାଶି ରହିଛି। ପୋଡିୟମର ପ୍ରଥମ ୪ଟି ସ୍ଥାନରେ ରହିଥିବା ଖେଳାଳିଙ୍କୁ ଅର୍ଥରାଶି ପ୍ରଦାନ କରାଯିବ। ପ୍ରଥମ ସ୍ଥାନରେ ରହିଥିବା ଖେଳାଳି ୭୦ ହଜାର ଟଙ୍କା ପାଇବେ।

୧୩ ବର୍ଷରୁ କମ୍ ଚେସ୍

## ଓପନ୍‌ରେ ୩, ବାଳିକାରେ ୪ ଆଗୁଆ

ପୁରୀ, ୯।୮ (ସମିସ): ଓଡ଼ିଶା ରାଜ୍ୟ ଓ ପୁରୀ ଜିଲ୍ଲା ଚେସ ସଂଘର ମିଳିତ ଆନୁକୂଲ୍ୟରେ ପୁରୀ କ୍ରିକେଟ ଷ୍ଟାଡିୟମ୍ ପରିସରରେ ଚାଲିଥିବା ରାଜ୍ୟ ୧୩ ବର୍ଷରୁ କମ୍ ଚେସ୍‌ର ୪ର୍ଥ ରାଉଣ୍ଡ ଶନିବାର ଶେଷ ହୋଇଛି। ୪ର୍ଥ ରାଉଣ୍ଡ ଶେଷରେ ଓପନ ବିଭାଗରେ ୩ଜଣ ଖେଳାଳି ୪ ପଏଣ୍ଟ ସହ ପ୍ରଥମ ସ୍ଥାନରେ ରହିଛନ୍ତି। ଏହି ଖେଳାଳିମାନେ ହେଲେ ଶିୟାମ ସତ୍ୟାଂଶ, ଆର୍ଯ୍ୟନ ବେହେରା ଓ ସ୍ୱସ୍ତିକ ଶୁଭ ପଟ୍ଟନାୟକ। ଏମାନଙ୍କ ପଛକୁ ଆଦିତ୍ୟ ଜେନା, ଆଦର୍ଶ କୁମାର ବେରିହା, ବିନୀତ ନାୟକ ଓ ରାଘବ ବିଶ୍ୱାଳ ୩.୫ ପଏଣ୍ଟ ଲେଖାଏଁ ସଂଗ୍ରହ କରି ମିଳିତଭାବେ ଦ୍ୱିତୀୟ ସ୍ଥାନରେ ରହିଛନ୍ତି। ବାଳିକା



ବିଭାଗରେ ନିଭ୍ରିତା ପଟ୍ଟନାୟକ, ଲବ୍ଧି ସ୍ୱାଇଁ, ଶୁଭସ୍ମିତା ପ୍ରିୟଦର୍ଶିନୀ, ଅନିଶା ଆଚାର୍ଯ୍ୟ ଓ ନୟନିକା ସାହୁ ୩.୫ ପଏଣ୍ଟ ଲେଖାଏଁ ସଂଗ୍ରହ କରି ମିଳିତଭାବେ ପ୍ରଥମ ସ୍ଥାନରେ ରହିଛନ୍ତି। ଆର୍ତ୍ତିକା ଦାଶ, ଅଦିତି ମହାରଣା, ଇଶାନୀ ଦାସ ଓ ୟେଶସ୍ୱୀ ବିବେକ ବାରୱେ ୩ ପଏଣ୍ଟ ଲେଖାଏଁ ସଂଗ୍ରହ କରି ମିଳିତଭାବେ ଦ୍ୱିତୀୟ ସ୍ଥାନରେ ରହିଛନ୍ତି। ୮ ରାଉଣ୍ଡ ବିଶିଷ୍ଟ ଏହି ପ୍ରତିଯୋଗିତାରେ ୧୪ଟି ଜିଲ୍ଲାରୁ ମୋଟ ୧୨୮ ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରିଛନ୍ତି। ଓପନରେ ୮୮ ଓ ବାଳିକାରେ ୪୦ଜଣ ପ୍ରତିଯୋଗୀ ରହିଛନ୍ତି। ଏଥିରେ ମୋଟ ୫୨ଟି ଟ୍ରଫି ସହ ୨୦,୦୦୦ ଟଙ୍କାର ପୁରସ୍କାର ପ୍ରଦାନ କରାଯିବ।

## ୧୦ ବର୍ଷରୁ କମ୍ ଓପନ୍ ଚେସରେ ଆୟୁଷ ଚାମ୍ପିଅନ




ଭୁବନେଶ୍ୱର, ୯।୮ (ସମିସ): ଓଡ଼ିଶା ଷ୍ଟେଟ୍ ଚେସ୍ ଆସୋସିଏସନ ଆନୁକୂଲ୍ୟରେ ଏକଦିବସୀୟ ୧୦ ବର୍ଷରୁ କମ୍ ଓପନ ଚେସ୍ ଅନୁଷ୍ଠିତ ହୋଇଯାଇଛି। ବଡ଼ଗଡ଼ସ୍ଥିତ ଓମ୍ ଗୁରୁକୂଳ ପବ୍ଲିକ ସ୍କୁଲରେ ଆୟୋଜିତ ଏହି ୪ ରାଉଣ୍ଡ ବିଶିଷ୍ଟ ପ୍ରତିଯୋଗିତାରେ ଆୟୁଷ ଦାସ (ସେଣ୍ଟ ଜାଭିଅର ସ୍କୁଲ, ଭୁବନେଶ୍ୱର) ଚାମ୍ପିଅନ ହୋଇଛନ୍ତି। ସେହିଭଳି ଅର୍ନବ ଦାଶ, ସତଭିକ ମହାନ୍ତି, ସନ୍ଦୀପ ବେହେରା ଓ ଆୟୁଷମାନ ମହାନ୍ତି ଯଥାକ୍ରମେ ୨ୟରୁ ୫ମ ସ୍ଥାନ ମଧ୍ୟରେ ରହିଛନ୍ତି। ବିଭିନ୍ନ ବୟସବର୍ଗରେ ଭେଦିକା ସିଂ, ଆଦିତ୍ୟ ନାରାୟଣ ମହାପାତ୍ର, ପ୍ରଣତୀ ଦାସ, ସାଏଶ ସାହୁ ଓ ଶ୍ରାଗଭି ସାହୁ ପ୍ରଥମ ସ୍ଥାନ ହାସଲ କରିଛନ୍ତି।

## ଜାତୀୟ ମାଷ୍ଟର ଶକ୍ତିଉତ୍ତୋଳନରେ ଓଡ଼ିଶାକୁ ଆଉ ୩ ପଦକ



ଭୁବନେଶ୍ୱର, ୯।୮ (ସମିସ): କେରଳରେ ଚାଲିଥିବା ଜାତୀୟ ମାଷ୍ଟର ଶକ୍ତିଉତ୍ତୋଳନ ପ୍ରତିଯୋଗିତାରେ ଓଡ଼ିଶାକୁ ଆଉ ୩ଟି ପଦକ ମିଳିଛି। ଶନିବାର ଗୋଟିଏ ସ୍ୱର୍ଣ୍ଣ ଓ ୨ଟି କାଂସ୍ୟ ସହ ମୋଟ ୩ଟି ପଦକ ଜିତିଛି। ୯୩ କିଗ୍ରା ଓଜନବର୍ଗରେ ବାବୁଲା ସାମଲ ସ୍ୱର୍ଣ୍ଣ ପଦକ ଜିତିଥିଲେ। ସେହିଭଳି ୬୩ କିଗ୍ରାରେ ନିହତି ବର୍ମନ ନାୟକ ଓ ୭୬ କିଗ୍ରା ମୌସୁମୀ ତର୍କି କାଂସ୍ୟ ପଦକ ହାସଲ କରିଛନ୍ତି। ପୂର୍ବରୁ ଓଡ଼ିଶା ଗୋଟିଏ ସ୍ୱର୍ଣ୍ଣ ଓ ୪ଟି ରୌପ୍ୟ ପଦକ ବିଜୟୀ ହୋଇଥିଲା। ଫଳରେ ଏହି ପ୍ରତିଯୋଗିତାରେ ଓଡ଼ିଶାର ପଦକ ସଂଖ୍ୟା ୮ରେ ପହଞ୍ଚିଛି। ଏହି ପ୍ରତିଯୋଗିତାରେ ଓଡ଼ିଶାରୁ ୧୮ ଜଣ ଅଂଶଗ୍ରହଣ କରିଛନ୍ତି।

## ଓସିଏର ସ୍କୋରର୍ ପ୍ରଶିକ୍ଷଣ ଶିବିରରେ ଭାଗନେଲେ ୬୮

ଭୁବନେଶ୍ୱର, ୯।୮ (ସମିସ): ଓଡ଼ିଶା କ୍ରିକେଟ୍ ଆସୋସିଏସନ (ଓସିଏ) ଆନୁକୂଲ୍ୟରେ ବାରବାଟୀ ଷ୍ଟାଡିୟମ ପରିସରରେ ଏକ ସ୍କୋରର୍ ପ୍ରଶିକ୍ଷଣ କର୍ମଶାଳ ଅନୁଷ୍ଠିତ ହୋଇଯାଇଛି। ଏଥରେ ରାଜ୍ୟର ୬୮ଜଣ ସ୍କୋରର୍ ଅଂଶଗ୍ରହଣ କରିଥିଲେ। ସେମାନଙ୍କ ମଧ୍ୟରେ ୪୦ଜଣ ନବାଗତ ସ୍କୋରର୍ ରହିଥିଲେ। ଓସିଏର ଆଗାମୀ ଘରୋଇ ସିଜନରେ ଏମାନେ ସ୍କୋରିଂରେ ସହାୟତା କରିବେ। ବିସିସିଆଇ ସ୍ୱିକୃତୀପ୍ରାପ୍ତ ସ୍କୋରର୍ ସିଡି ସୁନିଲଙ୍କ ତତ୍ତ୍ୱାବଧାନରେ ଏହି କର୍ମଶାଳା ଅନୁଷ୍ଠିତ ହୋଇଥିଲା। ଓସିଏର ଡାଟା ମ୍ୟାନେଜମେଣ୍ଟ ମୁଖ୍ୟ ଗଣେଶ କର, ସିଇଓ ସୁବ୍ରତ ବେହେରା ପ୍ରମୁଖ ଏହି ଅବସରରେ ଉପସ୍ଥିତ ରହିଥିଲେ।

ଏସିଆନ୍ ସର୍ଫିଙ୍ଗ୍ ଚାମ୍ପିଅନସିପ୍

## ଫାଇନାଲରେ ରମେଶ ବୁଦ୍ଧିଲାଲ୍

ଚେନ୍ନଇ, ୯।୮ (ଏଜେନ୍ସି):

ସର୍ଫିଙ୍ଗ୍‌ରେ ବିରାଟ ଢେଉକୁ ସାମ୍ନା କରିବା ଓ ବିପୁଳ ଅର୍ଥବ୍ୟୟ କରିବା ଭାରତୀୟଙ୍କ ପକ୍ଷେ ସମ୍ଭବ ନୁହେଁ। କିନ୍ତୁ ଏହାକୁ ସଫଳତାର ସହ ମୁକାବିଲା କରିବାରେ ସମର୍ଥ ହୋଇଛନ୍ତି ଜଣେ ଭାରତୀୟ ରମେଶ ବୁଦ୍ଧିଲାଲ। ମହାବଳିପୁରମରେ ଚାଲିଥିବା ଏସିଆନ୍ ସର୍ଫିଙ୍ଗ୍ ଫାଇନାଲରେ ପ୍ରବେଶ କରି ରମେଶ ଭାରତୀୟମାନେ ଏଭଳି କରିପାରିବେ ବୋଲି ବିଶ୍ୱାସ ଜନ୍ମାଇବାରେ ସମର୍ଥ ହୋଇଛନ୍ତି। ଏହି ରେସ୍‌ରେ ଇଣ୍ଡୋନେସିଆର ପାଜାର ଆରିୟାନା ପ୍ରଥମ ସ୍ଥାନରେ ରହିଥିଲେ। ଏଥିରେ ଦ୍ୱିତୀୟ ସ୍ଥାନିତ ଖେଳାଳି ମଧ୍ୟ ଫାଇନାଲରେ ପ୍ରବେଶ କରିପାରିବେ। ଚୀନ୍‌ର ଶିଡୋଙ୍ଗ ଉ ଓ ଭାରତର କିଶୋର କୁମାରଙ୍କୁ ପଛରେ ପକାଇ ରମେଶ ଦ୍ୱିତୀୟ ସ୍ଥାନ ଅଧିକାର କରି ପାଜାରଙ୍କ ସହ ଫାଇନାଲରେ ପ୍ରବେଶ କରିଛନ୍ତି। କେରଳ କୋଭାଲାମ୍‌ରେ ଏକ ଗରିବ ପରିବାରରେ ଜନ୍ମଗ୍ରହଣ କରିଥିବା ରମେଶ କୋଭାଲାମ



ସର୍ଫିଙ୍ଗ କ୍ଲବ୍ ଓ ବେଲଜିୟମ ସରକାରଙ୍କ ଦ୍ୱାରା ପ୍ରତିଷ୍ଠା କରାଯାଇଥିବା ସେବାଷ୍ଟିଆନ୍ ଇଣ୍ଡିଆନ୍ ସୋସିଆଲ ପ୍ରୋଜେକ୍ଟରେ ସର୍ଫିଙ୍ଗ ଅଭ୍ୟାସ କରିଥିଲେ। ଭାରତରେ ସର୍ଫିଙ୍ଗ ଲାଗି ବିଶେଷ ପ୍ରାୟୋଜକ ନାହାନ୍ତି କିମ୍ବା କୌଣସି ବେସରକାରୀ ଓ ସରକାରୀ ସଂଗଠନ ସହାୟତା ଯୋଗାଇ ନ ଥାନ୍ତି। ଏଭଳି ସ୍ଥିତିରେ ସର୍ଫିଙ୍ଗ ଲାଗି ଆବଶ୍ୟକ ସର୍ଫବୋର୍ଡ, ୱେଟସୁଇଟ୍ସ ଓ ବିଭିନ୍ନ ସ୍ଥାନକୁ ଯାତ୍ରା କରିବା ଲାଗି ଆବଶ୍ୟକ ଅର୍ଥ ମିଳି ନ ଥାଏ। ଏହା ସତ୍ତ୍ୱେ ଅନେକ ବଦାନ୍ୟ ବ୍ୟକ୍ତିଙ୍କ ସହାୟତାରେ ଏହି କ୍ରୀଡ଼ା ଭାରତରେ ତିଷ୍ଠି ରହିଛି।

ରମେଶ ଫାଇନାଲରେ ପ୍ରବେଶ କରିବା ପରେ ଭାରତୀୟଙ୍କ ଲାଗି ଇତିହାସ ସୃଷ୍ଟି କରିଛନ୍ତି। ଜାପାନରେ ହେବାକୁ ଥିବା ପରବର୍ତ୍ତୀ ଏସିଆଡ୍‌ରେ ସର୍ଫିଙ୍ଗ କ୍ରୀଡ଼ା ଏକ ଇଭେଣ୍ଟ ଭାବେ ଖେଳାଯିବ। ଏଥିଲାଗି ଭାରତରୁ ୨ଟି କୋଟା ସଂରକ୍ଷିତ ରହିଛି। ଏସିଆଡ୍ ଗେମ୍ସ ଆରମ୍ଭ ହେଲାବେଳକୁ ଆହୁରି କିଛି ସ୍ଥାନ ଭାରତୀୟଙ୍କୁ ମିଳିବ। ଏଠାରେ କିନ୍ତୁ ରମେଶ ଇଣ୍ଡୋନେସିଆର ମେଗା ଆର୍ଟାନା, ଆରିଆନା, ଦକ୍ଷିଣ କୋରିଅରୀ କାନୋଆ ହିଜାଏଙ୍କ ବିପକ୍ଷରେ ପଦକ ଜିତିବା ଲାଗି ଜୋରଦାର ଲଢ଼େଇ କରିବାକୁ ହେବ। ସେ ପଦକ ଜିତନ୍ତୁ କି ନାହିଁ, ସର୍ଫିଙ୍ଗ ଇତିହାସରେ ଭାରତ ଯେ ଇତିହାସ ସୃଷ୍ଟି କରିବାକୁ ଯାଉଛି ଏଥିରେ ସନ୍ଦେହ ନାହିଁ।

## ୟୁପି ଟି-୨୦ ଲିଗ୍‌ରୁ ଦୟାଲ ବାସନ୍ଦ

ଲକ୍ଷ୍ନୌ, ୯।୮ (ଏଜେନ୍ସି): ଆଇପିଏଲ୍ ଟ୍ରଫି ବିଜୟୀ ରୟାଲ୍ସ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ ଦ୍ରୁତ ବୋଲର ୟଶ ଦୟାଲଙ୍କ ପାଇଁ ଅଡୁଆ ବଢ଼ିବାରେ



ଲାଗିଛି। ଦୁଷ୍କର୍ମ ମାମଲାରେ ଛନ୍ଦି ହୋଇପଡ଼ିଥିବା ଦୟାଲଙ୍କୁ ଆଗାମୀ ୟୁପି ଟି-୨୦ ଲିଗ୍‌ରେ ଖେଳିବାରୁ ବାସନ୍ଦ କରାଯାଇଛି। ଉତ୍ତର ପ୍ରଦେଶ କ୍ରିକେଟ ଆସୋସିଏସନ (ୟୁପିସିଏ) ଏହି ବାସନ୍ଦାଦେଶ ଲଗାଇଛି। ୟୁପି ଟି-୨୦ ଲିଗ୍‌ରେ ଗୋରଖପୁର ଲାୟନ୍ସ ଦଳ ଦୟାଲ୍‌ଙ୍କୁ ୭ ଲକ୍ଷ ଟଙ୍କାରେ କ୍ରୟ କରିଥିଲା। ଉଲ୍ଲେଖଯୋଗ୍ୟ, ଗତ ଜୁଲାଇରେ ଜଣେ ୧୭ ବର୍ଷୀୟା ନାବାଳିକା ଜୟପୁରର ସାଙ୍ଗନର ସଦର ପୁଲିସ ଷ୍ଟେସନରେ ଦୟାଲଙ୍କ ନାମରେ ଦୁଷ୍କର୍ମ ଅଭିଯୋଗ କରିଥିଲେ। ଏହି ମାମଲାର ଶୁଣାଣି ଅଗଷ୍ଟ ୨୨ରେ ହେବାର ରହିଛି।

ମ୍ୟାଚ୍‌ରେ କନୱେ, ସିରିଜ୍‌ରେ ହେନରୀ ଶ୍ରେଷ୍ଠ

## ନ୍ୟୁଜିଲାଣ୍ଡର ଟେଷ୍ଟ କ୍ଲିନ୍ ସ୍ୱିପ୍



ବୁଲାୱାୟୋ, ୯।୮ (ଏଜେନ୍ସି): ଘରୋଇ ଜିମ୍ବାୱେ ଦଳକୁ ଏକ ଇନିଂସ ଓ ୩୫୯ ରନ୍‌ରେ ପରାସ୍ତ କରି ଭ୍ରମଣକାରୀ ନ୍ୟୁଜିଲାଣ୍ଡ ଏଠାରେ ଶନିବାର ଶେଷ ହୋଇଥିବା ଦ୍ୱିତୀୟ ଟେଷ୍ଟରେ ବୃହତ୍ ବିଜୟ ହାସଲ କରିଛି। ଏହା ଫଳରେ ଦୁଇ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌କୁ ନ୍ୟୁଜିଲାଣ୍ଡ କ୍ଲିନ୍ ସ୍ୱିପ୍ କରିଛି। ପୂର୍ବରୁ ଏଠାରେ ଅନୁଷ୍ଠିତ ପ୍ରଥମ ଟେଷ୍ଟକୁ ନ୍ୟୁଜିଲାଣ୍ଡ ୯ ୱିକେଟରେ ଜିତିଥିଲା। ଦ୍ୱିତୀୟ ଟେଷ୍ଟରେ ୧୫୩ ରନ୍ କରିଥିବା ନ୍ୟୁଜିଲାଣ୍ଡ ଓପନର ଡେଭନ କନୱେଙ୍କୁ ମ୍ୟାନ୍ ଅଫ୍ ଦି ମ୍ୟାଚ୍ ଓ ୨ଟି ଟେଷ୍ଟରେ ୧୬ଟି ୱିକେଟ ନେଇଥିବା ଫାଷ୍ଟ ବୋଲର ମ୍ୟାଟ୍ ହେନରୀଙ୍କୁ ପ୍ଲେୟର ଅଫ୍ ଦି ସିରିଜ୍ ବିବେଚିତ କରାଯାଇଛି। ଦ୍ୱିତୀୟ ଟେଷ୍ଟରେ ପ୍ରଥମେ ବ୍ୟାଟିଂ କରି ଜିମ୍ବାୱେ ୧୨୫ ରନ୍ କରିଥିଲା। ଜବାବରେ ନ୍ୟୁଜିଲାଣ୍ଡ ୩ ୱିକେଟରେ ୬୦୧ ରନ୍ କରି ପାଳି ସମାପ୍ତି ଘୋଷଣା କରିଥିଲା। ୪୭୬ ରନ୍‌ରେ ପଛୁଆ ଥିବା ଜିମ୍ବାୱେ ଦ୍ୱିତୀୟ ଇନିଂସରେ ୧୧୭ ରନ୍ କରିଥିଲା। ନିକ୍ ୱେଲଚ ୪୭ ରନ୍ କରି ଶେଷଯାଏ ଅପରାଜିତ ରହିଥିଲେ। ନ୍ୟୁଜିଲାଣ୍ଡ ପେସ୍ ବୋଲରଙ୍କୁ ସମସ୍ତ ୧୦ଟି ଯାକ ୱିକେଟ ମିଳିଥିଲାବେଳେ ଡେବ୍ୟୁଟାଣ୍ଟ ଜାକାରି ଫୋଲ୍କସ ସର୍ବାଧିକ ୫ଟି ୱିକେଟ ପାଇଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS